


◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-140 ◆SUNDAY ◆16 NOVEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୪୦ ◆ରବିବାର ◆୧୬ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦ (ସିନ୍ଦୂରା ସହ)


**ବିସ୍ଫୋରକ ଯାଞ୍ଚ ବେଳେ ବିସ୍ଫୋରଣ**

# ଉଡ଼ିଗଲା ଥାନା; ୯ ମୃତ, ୩୨ ଆହତ

■ **ଶ୍ରୀନଗର, ୧୫ ।୧୧ (ଏଜେନ୍ସି):** ଜମ୍ମୁ-କଶ୍ମୀର ରାଜଧାନୀ ଶ୍ରୀନଗରର ଏକ ପୁଲିସ ଥାନାରେ ଭୟଙ୍କର ବିସ୍ଫୋରଣ ଯୋଗୁଁ ୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ଏବଂ ଅନ୍ୟ ୩୨ ଜଣ ଆହତ ହୋଇଛନ୍ତି । ଗତକାଲି ରାତିରେ ହୋଇଥିବା ଏହି ବିସ୍ଫୋରଣ ଏତେ ଶକ୍ତିଶାଳୀ ଥିଲା ଯେ ସଂପୃକ୍ତ ଥାନା ସଂପୂର୍ଣ୍ଣ ରୂପେ ଧ୍ୱଂସ ହୋଇଯାଇଥିବା ବେଳେ ଏହାର ଆଖପାଖ ଅଞ୍ଚଳରେ ଥିବା ଗାଡ଼ିଗୁଡ଼ିକରେ ନିଆଁ ଲାଗିଯାଇଛି । ଏହି ବିସ୍ଫୋରଣର ଶବ୍ଦ ୧୫ କିଲୋମିଟର ଦୂରରେ ମଧ୍ୟ ଶୁଣାଯାଇଥିଲା । ଫରିଦାବାଦରେ ସନ୍ଦିଗ୍ଧ ଆତଙ୍କବାଦୀଙ୍କ ଠାରୁ ଜବତ ହୋଇଥିବା ବିସ୍ଫୋରକ ସାମଗ୍ରୀର ଥାନା ଭିତରେ ଯାଞ୍ଚ ଚାଲିଥିବା ବେଳେ ଏହି ବିସ୍ଫୋରଣ ହୋଇଛି । ଏହାକୁ ଦୁର୍ଘଟଣା ବୋଲି କହିଛନ୍ତି ପୁଲିସ ଡିଜି । ଏହପଛରେ ଅନ୍ୟ କୌଣସି କାରଣ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି ।

ମିଳିଥିବା ସୂଚନା ଅନୁଯାୟୀ ଦିଲ୍ଲୀ ସମେତ ବିଭିନ୍ନ ଅଞ୍ଚଳରେ ଆତଙ୍କବାଦୀ ଆକ୍ରମଣ ପାଇଁ

### ଫରିଦାବାଦ୍‌ରୁ ଜବତ ବିସ୍ଫୋରକର ନମୁନା ସଂଗ୍ରହ ବେଳେ ଅଘଟଣ

ଯୋଜନା କରୁଥିବା ବେଳେ ୪ ଜଣ ଡାକ୍ତର ଧରାପଡ଼ିଥିଲେ । ସେମାନଙ୍କ ମଧ୍ୟରୁ ହରିଆଣାର ଫରିଦାବାଦରେ ଜଣେ ଡାକ୍ତରଙ୍କ ଭଡ଼ା ଘରୁ ବିପୁଳ ପରିମାଣର ବିସ୍ଫୋରକ ଜବତ ହୋଇଥିଲା । ଏହାକୁ ଶ୍ରୀନଗରର ନାଓଗାମ୍ ଥାନାକୁ ଆଣି ଗୋଦାମ ଘରେ



ରଖାଯାଇଥିଲା । ପୁଲିସ ସହିତ ଫରେନସିକ୍ ଟିମ୍ ଗତକାଲି ରାତିରେ ଥାନାରେ ପହଞ୍ଚି ବିସ୍ଫୋରକର ଯାଞ୍ଚ କରିବା ସହିତ ନମୁନା ସଂଗ୍ରହ କରୁଥିଲେ । ଏହି ସମୟରେ ଭୀଷଣ ବିସ୍ଫୋରଣ ହୋଇଥିଲା । ଏଥିରେ ଯେଉଁ ୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ସେମାନଙ୍କ ମଧ୍ୟରେ ଅଛନ୍ତି ଜଣେ ପୁଲିସ ଇନିସପେକ୍ଟର, ୩ ଜଣ ଫରେନସିକ୍ ଟିମ୍ ସଦସ୍ୟ, ୨ କ୍ରାଇମ୍ ବ୍ରାଞ୍ଚ୍ ଫଟୋଗ୍ରାଫର, ଜଣେ ତହସିଲଦାର ଓ ଦୁଇଜଣ ରାଜସ୍ୱ ଅଧିକାରୀ । ଆହତଙ୍କ ମଧ୍ୟରେ ଅଧିକାଂଶ ପୁଲିସ କର୍ମଚାରୀ ରହିଛନ୍ତି । ଆହତଙ୍କୁ ୯୨-ଆର୍ମି ବେସ୍ ଓ ଏସ୍‌କେଆଇଏମ୍‌ଏସ୍ ହସ୍ପିଟାଲରେ ଚିକିତ୍ସା ପାଇଁ ଭର୍ତ୍ତି କରାଯାଇଛି । ତେବେ ଏହି ବିସ୍ଫୋରଣରେ ଆଉ ଜଣେ ବ୍ୟକ୍ତିର ମଧ୍ୟ ମୃତ୍ୟୁ ▶ପୃଷ୍ଠା-୭

**କିଏ ହେବ ବିହାର ମୁଖ୍ୟମନ୍ତ୍ରୀ**

# ନୀତୀଶଙ୍କୁ ନେଇ ସସ୍‌ପେନ୍ସ ଜାରି

■ **ପାଟନା, ୧୫।୧୧ (ଏଜେନ୍ସି):** ବିହାର ବିଧାନସଭା ନିର୍ବାଚନରେ ଏନ୍‌ଡିଏର ଐତିହସିକ ସଫଳତା ପରେ ବିଚିତ୍ର ପରିସ୍ଥିତି ସୃଷ୍ଟି ହୋଇଛି । ଫଳାଫଳ ଘୋଷଣାକୁ ୩୬ ଘଣ୍ଟା ବିତିଯାଇଥିଲେ ମଧ୍ୟ କିଏ ହେବ ମୁଖ୍ୟମନ୍ତ୍ରୀ, ତାହା ଏପର୍ଯ୍ୟନ୍ତ ସ୍ପଷ୍ଟ ହୋଇପାରି ନାହିଁ । ନୀତୀଶ କୁମାରଙ୍କ ନେତୃତ୍ୱରେ ଏନଡିଏ ନିର୍ବାଚନ ଲଢ଼ିଥିବାରୁ ସେ ହିଁ ମୁଖ୍ୟମନ୍ତ୍ରୀ ହେବା ଉଚିତ ବୋଲି ତାଙ୍କର ଜେଡିୟୁ ଯୁକ୍ତି କରିଥିବା ବେଳେ ସହଯୋଗୀ ବିଜେପିର ଅସମ୍ଭବ ନିରବତା ରାଜ୍ୟ ରାଜନୀତିରେ ଅନିଶ୍ଚିତତା ସୃଷ୍ଟି କରିଛି । ଜେଡିୟୁ ଅପେକ୍ଷା ବିଜେପି ଅଧିକ ଆସନ ପାଇଥିବାରୁ ଏହାର ନେତା ମୁଖ୍ୟମନ୍ତ୍ରୀ ହୁଅନ୍ତୁ ବୋଲି ଦଳ ଭିତରେ ଦାବି ଉଠୁଥିବାରୁ ବିଜେପି ହାଇକମାଣ୍ଡ ତୁରନ୍ତ କିଛି ଘୋଷଣା କରିବାକୁ ଉଚିତ ମନେ କରୁ ନାହାନ୍ତି ।

**ବିଜେପି ନିରବ, ଜେଡିୟୁରେ ହଲ୍‌ଚଲ୍**

ଏନ୍‌ଡିଏର ଅନ୍ୟତମ ଅଂଶୀଦାର ଏଲ୍‌ଜେପି ନେତା ତଥା କେନ୍ଦ୍ର ମନ୍ତ୍ରୀ ଚିରାଗ ପାଶ୍ୱାନ ଆଜି ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କୁ ଭେଟିବା ପରେ କହିଛନ୍ତି ଯେ ନୀତୀଶ ହିଁ ମୁଖ୍ୟମନ୍ତ୍ରୀ ହୁଅନ୍ତୁ । ନୀତୀଶଙ୍କ ସହିତ ତାଙ୍କର କୌଣସି ମତଭେଦ ନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି । ଅନ୍ୟପଟେ ନୀତୀଶଙ୍କ ଜେଡିୟୁର ନେତାମାନେ ଗତକାଲି ଫଳାଫଳ ଘୋଷଣା ▶ପୃଷ୍ଠା-୭

# ଆଳୁ କେଜି ଲକ୍ଷେ



■ **ପ୍ୟାରିସ, ୧୫।୧୧ (ଏଜେନ୍ସି):** ଭାରତରେ ଆଳୁକୁ ପରିବା ମଧ୍ୟରେ ରାଜା କୁହାଯାଇଥାଏ । ପ୍ରାୟତଃ ସବୁ ବ୍ୟଞ୍ଜନରେ ଆଳୁ ବ୍ୟବହାର ହୋଇଥାଏ । ଆଉ ଏହି ପରିବା ଶସ୍ତାରେ ମଧ୍ୟ ଉପଲବ୍ଧ ହୋଇଥାଏ । କିନ୍ତୁ ବିଶ୍ୱରେ ଏଭଳି ଅନେକ ଦେଶ ରହିଛି, ଯେଉଁଠି ଆଳୁ ମୂଲ୍ୟ ଆକାଶଛୁଆଁ ରହିଛି । କୋରିଆରେ ଆଳୁ କେଜି ୪.୨୮ ଡଲାର ଅର୍ଥାତ ୩୮୦ ଟଙ୍କା ଥିବାବେଳେ ଫ୍ରାନ୍ସରେ ଏହାର ମୂଲ୍ୟ କଳନାଠାରୁ ବାହାରେ ରହିଛି । ଏହା ବିଶ୍ୱର ସବୁଠୁ ମହଙ୍ଗା ଆଳୁ ଭାବେ ମଧ୍ୟ ପ୍ରସିଦ୍ଧି ଅର୍ଜନ କରିଛି । 'ଲେ ବୋନୋଟେ' କିସମର ଏହି ଆଳୁର ମୂଲ୍ୟ କେଜି ପିଛା ଲକ୍ଷେ ଟଙ୍କା ରହିଛି । ଏତେ ମହଙ୍ଗା ହେବା ସତ୍ତ୍ୱେ ଲୋକେ ଧାଡ଼ିରେ ଆସି ଏହି ଆଳୁ କିଣି ନେଉଛନ୍ତି । ତେବେ ଏହି ଆଳୁର ଉତ୍ପାଦନ ବହୁତ କମ୍ ରହିଛି । ସେଥିପାଇଁ ଏହା ମହଙ୍ଗା ହେବାରେ ଲାଗିଛି । ▶ପୃଷ୍ଠା-୭

# ଜାଡ଼ରେ ଥରୁଛି ସାରା ଓଡ଼ିଶା

### ୧୨ ଡିଗ୍ରୀ ତଳେ ରାଜ୍ୟର ୧୦ ସହର

■ **ଭୁବନେଶ୍ୱର, ୧୫।୧୧ (ସମିସ):** ସାରା ରାଜ୍ୟରେ ଜାରି ରହିଛି ଶୀତର ଲହରୀ । ଶୁକ୍ରବାର ରାଜ୍ୟର ୧୦ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରେକର୍ଡ ହୋଇଛି । ସେମିଳିଗୁଡ଼ାରେ ଝାରସୁଗୁଡ଼ାରେ ୧୦.୩ ଡିଗ୍ରୀ, ଅନୁଗୋଳରେ ୧୦.୬ ଡିଗ୍ରୀ, ଚିପିଲିମାରେ ୧୦.୮ ଡିଗ୍ରୀ, କିରେଇ ଓ କୋରାପୁଟରେ ୧୧.୩ ଡିଗ୍ରୀ, ଭବାନୀପାଟଣାରେ ୧୧.୫ ଡିଗ୍ରୀ ଏବଂ କେନ୍ଦୁଝରରେ



### ଶିମିଳିପାଳ କୋର୍ ଅଞ୍ଚଳରେ ୩ ଡିଗ୍ରୀ ତଳେ ପାରଦ

୧୧.୬ ଡିଗ୍ରୀ ତାପମାତ୍ରା ରେକର୍ଡ କରାଯାଇଛି । ରାଜ୍ୟର ସର୍ବନିମ୍ନ ତାପମାତ୍ରା ୬.୫ଡିଗ୍ରୀ ରେକର୍ଡ ହୋଇଥିବା ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି ।

ପାଣିପାଗ କେନ୍ଦ୍ର ଅନୁଯାୟୀ, ଶୁକ୍ରବାର ରାତିରେ ଦାରିଙ୍ଗିବାଡ଼ି ଓ ଜି. ଉଦୟଗିରିରେ ତାପମାତ୍ରା ୮ ଡିଗ୍ରୀ ରେକର୍ଡ କରାଯାଇଥିବା ବେଳେ ଫୁଲବାଣୀରେ ତାପମାତ୍ରା ୯.୫ ଡିଗ୍ରୀ ରହିଥିଲା । ସେହିପରି ରାଉରକେଲାରେ ୧୦.୨ ଡିଗ୍ରୀ, ଉପକୂଳ ଓଡ଼ିଶାର ଅନେକ ସ୍ଥାନରେ ରାତି ତାପମାତ୍ରା ସ୍ୱାଭାବିକଠାରୁ ୩ରୁ ୪ ଡିଗ୍ରୀ ଯାଏଁ କମ୍ ଥିବା ବେଳେ ଆଭ୍ୟନ୍ତରୀଣ ଓଡ଼ିଶାରେ କିଛି ସ୍ଥାନରେ ତାପମାତ୍ରା ସ୍ୱାଭାବିକଠାରୁ ୩ରୁ ୬ ଡିଗ୍ରୀ ଯାଏଁ କମ ରହିଥିବା ଜଣାପଡ଼ିଛି । ସେହିପରି ଭୁବନେଶ୍ୱରର ତାପମାତ୍ରା ୧୪.୮ଡିଗ୍ରୀ ଥିବାବେଳେ କଟକର ରାତି ତାପମାତ୍ରା ୧୪.୪ ▶ପୃଷ୍ଠା-୭


**ଘାତକ ସାଜିଲା ଇଡେନ୍ ପିଚ୍**

# ଦୁଇ ଦିନରେ ୨୬ ୱିକେଟ୍

■ **କୋଲକାତା, ୧୫ ।୧୧ (ଏଜେନ୍ସି):** ପ୍ରାୟ ୯୦ ବର୍ଷର ଟେଷ୍ଟ କ୍ରିକେଟ ଇତିହାସରେ କୋଲକାତାର ଇଡେନ୍ ଗାର୍ଡେନ୍ସ ପିଚ୍ ବ୍ୟାଟ୍‌ସମ୍ୟାନ୍‌ଙ୍କ ପାଇଁ ଘାତକ ସାବ୍ୟସ୍ତ ହୋଇଛି । ଭାରତୀୟ କ୍ରିକେଟର ମକ୍କା କୁହାଯାଉଥିବା ଇଡେନ୍ କୌଣସି ଏକ ଟେଷ୍ଟରେ ଦୁଇ ଦିନରେ ୨୬ ଉଇକେଟ୍ ହରାଇ ନୂଆ ଇତିହାସ ଲେଖିଛି ।



ପ୍ରାୟତଃ ବ୍ୟାଟ୍‌ସମ୍ୟାନ୍‌ଙ୍କୁ ସୁହାଉଥିବା ଏହି ପିଚ୍‌ରେ ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ଓ ଭାରତ ମଧ୍ୟରେ ଖେଳାଯାଉଥିବା ପ୍ରଥମ ଟେଷ୍ଟରେ ବୋଲର୍‌ଙ୍କ ରାଜୁତି ଜାରି ରହିଛି । ଗତକାଲି ମ୍ୟାଚ୍‌ର ପ୍ରଥମ ଦିନରେ ଭାରତୀୟ ଦଳର ଯଶ୍‌ପ୍ରୀତ୍ ବୁମ୍‌ରାଙ୍କ ସମେତ ପେସ୍ ବୋଲର୍‌ମାନେ ଘାତକ ସାଜିଥିଲେ । ପ୍ରଥମ ଦିନରେ ଦୁଇ ଦଳର ୧୧ଟି ଉଇକେଟ୍ ଯାଇଥିବା ବେଳେ ଆଜି ଦ୍ୱିତୀୟ ଦିନରେ ଇଡେନ୍ ପିଚ୍‌ର ଆଶ୍ଚର୍ଯ୍ୟଜନକ ସ୍ୱଭାବ ପରିବର୍ତ୍ତନ ଦେଖିବାକୁ ମିଳିଥିଲା । ଆଜିର ପିଚ୍ ଅଚାନକ ସ୍ପିନର୍‌ମାନଙ୍କୁ ସୁହାଇଥିଲା । ଦ୍ୱିତୀୟ ଦିନରେ ଆଉଟ୍ ହୋଇଥିବା ୧୫ଜଣ ବ୍ୟାଟର୍‌ଙ୍କ ▶ପୃଷ୍ଠା-୭



# ଲାଲୁଙ୍କ ପରିବାରକୁ ନିର୍ବାଚନ ଝଟ୍‌କା

## ଝିଅ ରୋହିଣୀ ଛାଡ଼ିଲେ ରାଜନୀତି, ପରିବାର ସହ ସମ୍ପର୍କ ବି ତୁଟାଇଲେ

ପାଟନା, ୧୫ ।୧୧(ଏଜେନ୍ସି): ବିହାର ନିର୍ବାଚନରେ ଆରଜେଡିର ଶୋଚନୀୟ ପରାଜୟ ପରେ ସୁପ୍ରିମୋ ଲାଲୁ ପ୍ରସାଦ ଯାଦବଙ୍କ ପରିବାରକୁ ଲାଗିଛି ବଡ଼ ଧରଣର ଝଟକା । ପରାଜୟକୁ ନେଇ ଲାଲୁ ପରିବାର ଚିନ୍ତାରେ ବୁଡ଼ି ରହିଥିବା ବେଳେ ଝିଅ ରୋହିଣୀ ଆଚାର୍ଯ୍ୟ ଆଜି ହଠାତ୍ ଆଉ ଏକ ଝଟକା ଦେଇଛନ୍ତି । ପିତା ଲାଲୁଙ୍କୁ କିଡନୀ ଦାନ କରି ଚର୍ଚ୍ଚାରେ ଥିବା ରୋହିଣୀ ଆଜି ରାଜନୀତିରୁ ସନ୍ୟାସ ଘୋଷଣା କରିବା ସହିତ ପରିବାର ସହିତ ସଂପର୍କ ତୁଟାଇବାକୁ ମଧ୍ୟ ଘୋଷଣା କରିଛନ୍ତି । ତାଙ୍କର ଏଭଳି ନିଷ୍ପତ୍ତି କେବଳ ଲାଲୁ ପରିବାର ନୁହେଁ, ରାଷ୍ଟ୍ରୀୟ ଜନତା ଦଳ ବା ଆରଜେଡିରେ ମଧ୍ୟ କମ୍ପନ ସୃଷ୍ଟି କରିଛି । ସେ ଅଚାନକ ଏଭଳି ନିଷ୍ପତ୍ତି କାହିଁକି ନେଲେ, ତାହା ଜଣାପଡ଼ି ନାହିଁ । ତେବେ ସଂଜୟ ଯାଦବ ଏବଂ ରମିଜଙ୍କ ପରାମର୍ଶ କ୍ରମେ ସେ ଏହି ନିଷ୍ପତ୍ତି ନେଇଥିବା ସୂଚାଇଛନ୍ତି । ସୋସିଆଲ ମିଡିଆ 'ଏକ୍ସ'ରେ ଏହି ଘୋଷଣା କରିଛନ୍ତି ରୋହିଣୀ । ସଞ୍ଜୟ ଯାଦବ ଓ ରମିଜଙ୍କ ପରାମର୍ଶ କ୍ରମେ ଏହି ନିଷ୍ପତ୍ତି ନେଇଛି ବୋଲି ସେ କହିଛନ୍ତି । ସବୁ ଦୋଷ ନିଜ ମୁଣ୍ଡ ଉପରକୁ ନେଉଛି ବୋଲି ମଧ୍ୟ ସେ ଉଲ୍ଲେଖ କରିଛନ୍ତି । ତେବେ ସେ କେଉଁ ଦୋଷ କଥା କହିଛନ୍ତି, ତାହା ସ୍ପଷ୍ଟ କରି ନାହାନ୍ତି । ପରିବାରରେ ଚାଲିଥିବା ଅଶାନ୍ତି ନା ନିର୍ବାଚନରେ ଦଳର ପରାଜୟ? ନିର୍ବାଚନ ପୂର୍ବରୁ ଲାଲୁ ତାଙ୍କ ବଡ଼ ପୁଅ ତେଜ ପ୍ରତାପଙ୍କୁ ପରବିାରରୁ ବାହାର କରିଦେଇଥିଲେ । ପରିବାରର ଏହି ନିଷ୍ପତ୍ତିକୁ ନେଇ ରୋହିଣୀ ଅସନ୍ତୁଷ୍ଟ ଥିଲେ । ତେଜ ପ୍ରତାପ ଗତ ନିର୍ବାଚନରେ ପିତାଙ୍କ ପ୍ରାର୍ଥୀ ବିରୋଧରେ ପ୍ରାର୍ଥୀ ଦେଇଥିଲେ ।

ତେବେ ରୋହିଣୀ ତାଙ୍କର ନୋଟ୍‌ରେ ଯେଉଁ ସଞ୍ଜୟ ଓ ରମିଜଙ୍କ କଥା କହିଛନ୍ତି, ସେମାନେ କିଏ? ଏହାକୁ ନେଇ ଆଲୋଚନା ଆରମ୍ଭ ହୋଇଯାଇଛି । ସଞ୍ଜୟ ଆରଜେଡିର ରାଜ୍ୟସଭା ସାଂସଦ ଅଛନ୍ତି । ସେ ହେଉଛନ୍ତି ତେଜସ୍ୱୀଙ୍କ ରାଜନୈତିକ ପରାମର୍ଶଦାତା । ସେହିପରି ଉତ୍ତର ପ୍ରଦେଶର ବଳରାମପୁରରେ ରହୁଥିବା ରମିଜ ମଧ୍ୟ ତେଜସ୍ୱୀଙ୍କ ପୁରୁଣା ଓ ଘନିଷ୍ଠ ବନ୍ଧୁ ବୋଲି କହାଯାଉଛି । ସେ ହେଉଛନ୍ତି ଜେଲ୍‌ରେ ଥିବା ପୂର୍ବ ସାଂସଦ ରିଜୱାନ ଜାହିରଙ୍କ ଜ୍ୱାଇଁ । ସେ ଆରଜେଡିର ସୋସିଆଲ ମିଡିଆ ଓ ନିର୍ବାଚନ କାର୍ଯ୍ୟକ୍ରମ ଦାୟିତ୍ୱରେ ରହିଛନ୍ତି । ରମିଜଙ୍କ ପତ୍ନୀ ମଧ୍ୟ ନିର୍ବାଚନ ଲଢ଼ିଛନ୍ତି । ଉଲ୍ଲେଖଥାଉ କି ଗତ ମେ ୨୫ରେ ଲାଲୁ ତାଙ୍କର ବଡ଼ ପୁଅ ତେଜପ୍ରତାପ ଯାଦବଙ୍କୁ ପାର୍ଟି ଓ ପରିବାରରୁ ବହିଷ୍କାର କରିଥିଲେ । ଏଥିପାଇଁ ତେଜପ୍ରତାପ ସଞ୍ଜୟଙ୍କୁ ଦାୟୀ କରିଥିଲେ । ନିର୍ବାଚନରେ ତେଜପ୍ରତାପ ପରାସ୍ତ ହୋଇଥିବା ବେଳେ ତେଜସ୍ୱୀ ଯାଦବ ବିଜୟୀ ହୋଇଛନ୍ତି ।

# ନିଲମ୍ବନ ପରେ ବିଜେପି ଛାଡ଼ିଲେ ଆରକେ ସିଂହ

ପାଟଣା, ୧୫ ।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପରେ ବିଜେପି ପୂର୍ବତନ କେନ୍ଦ୍ରମନ୍ତ୍ରୀ ରାଜକୁମାର (ଆରକେ) ସିଂଙ୍କୁ ୬ ବର୍ଷ ପାଇଁ ଦଳରୁ ନିଲମ୍ବିତ କରିଛି । ଦଳ ବିରୋଧୀ କାର୍ଯ୍ୟକଳାପ ପାଇଁ ତାଙ୍କୁ ସସପେଣ୍ଡ କରାଯାଇଥିବା ଦଳ ପକ୍ଷରୁ କୁହାଯାଇଛି । ଏ ସଂପର୍କରେ ତାଙ୍କୁ ନୋଟିସ ଦିଆଯାଇଛି ଏବଂ



୭ ଦିନ ମଧ୍ୟରେ ଜବାବ ଦେବାକୁ ନିର୍ଦ୍ଦେଶ ଦିଆଯାଇଛି । ଏହି ନୋଟିସ ପାଇବା ପରେ ଶ୍ରୀ ସିଂହ ବିଜେପିରୁ ଇସ୍ତଫା ଦେଇଛନ୍ତି । ନିର୍ବାଚନ ପୂର୍ବରୁ ସେ ଏନ୍‌ଡିଏ ପ୍ରାର୍ଥୀଙ୍କୁ ନେଇ ବିଭିନ୍ନ ପ୍ରଶ୍ନ ଉଠାଇଥିଲେ । ବିହାରରେ ୬୦ ହଜାର କୋଟି ଟଙ୍କାର ବିଜୁଳୀ ଦୁର୍ନୀତିରେ ନୀତୀଶ କୁମାର ସରକାର ବିରୋଧରେ ସେ ଗୁରୁତର ଅଭିଯୋଗ ଆଣିଥିଲେ । ସେ ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀ, ଜେଡିୟୁ ପ୍ରାର୍ଥୀ ଆନନ୍ଦ ସିଂ, ଆରଜେଡିର ସୂରଜଭାନ ସିଂଙ୍କୁ ହତ୍ୟା ଅଭିଯୁକ୍ତ ବୋଲି କହିଥିଲେ । ଆରକେ ସିଂ ୧୯୭୫ ବ୍ୟାଚ୍‌ର ବିହାର କ୍ୟାଡରର ଆଇପିଏସ୍ ଅଧିକାରୀ ଥିଲେ ।

# ବିହାର ନିର୍ବାଚନ କାରଣ ଖୋଜୁଛନ୍ତି ବିରୋଧୀ ଦଳ

ନୂଆଦିଲ୍ଲୀ, ୧୫ ।୧୧(ଏଜେନ୍ସି): ବିହାର ନିର୍ବାଚନରେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏର ବିପୁଳ ବିଜୟ ନେଇ ରାଷ୍ଟ୍ରବାଦୀ କଂଗ୍ରେସ ପାର୍ଟି (ଏନ୍‌ସିପି) ସୁପ୍ରିମୋ ଶରଦ ପାୱାର ପ୍ରଶ୍ନ ଉଠାଇଛନ୍ତି । ନିର୍ବାଚନର କିଛିଦିନ ପୂର୍ବରୁ ବିହାରରେ ମହିଳାମାନଙ୍କ ବ୍ୟାଙ୍କ ଖାତାକୁ ୧୦-୧୦ ହଜାର ଲେଖାଏ ପଠାଯାଇଥିଲା । ଏହିକାରଣରୁ ଏନ୍‌ଡିଏ ବିପୁଳ ବିଜୟ ହାସଲ କରିଛି ବୋଲି ସେ କହିଛନ୍ତି । ନିର୍ବାଚନ ପୂର୍ବରୁ ଏହି ଟଙ୍କା ଖାତାକୁ ପଠାଯିବା ପ୍ରକ୍ରିୟା ଏକ ପ୍ରକାର ଦୁର୍ନୀତି । ରାଜ୍ୟ ସରକାର ଖୋଲାଖୋଲି ଭାବେ ଏହି କାର୍ଯ୍ୟ କରିବା ନିନ୍ଦନୀୟ ଓ ଚିନ୍ତାଜନକ ବୋଲି ସେ କହିଛନ୍ତି । ମହାରାଷ୍ଟ୍ର ନିର୍ବାଚନ ପୂର୍ବରୁ ମଧ୍ୟ ବିଜେପି ନେତୃତ୍ୱାଧୀନ ସରକାର ଏପରି କରିଥିଲା । 'ଲଡକି ବହନ ଯୋଜନା' ମାଧ୍ୟମରେ ମହିଳା ଓ ବାଳିକାମାନଙ୍କୁ ଟଙ୍କା ପ୍ରଦାନ କରାଯାଇଥିଲା । ସେହିପରି ନିର୍ବାଚନରେ ଅନିୟମିତତା ତଥା ଅସଙ୍ଗତି ହୋଇଥିବା କଥା କଂଗ୍ରେସ ନେତା ଅଜୟ ମାକେନ କହିଛନ୍ତି । ମହାମେଣ୍ଟର ନେତା ମାନେ ନିର୍ବାଚନ ଫଳକୁ ଅପ୍ରତ୍ୟାଶିତ ଓ ଏହାର ଯାଞ୍ଚ ହେବା ଉଚିତ ବୋଲି ମାକେନ କହିଛନ୍ତି । ଅନ୍ୟପଟେ ପ୍ରଶାନ୍ତ କିଶୋରଙ୍କ ଜନ ସୂରାଜ ପାର୍ଟି ମଧ୍ୟ ନିର୍ବାଚନ ଫଳାଫଳ ନେଇ ପ୍ରତିକ୍ରିୟା ଦେଇଛି । ପାର୍ଟିର ରାଜ୍ୟମୁଖ୍ୟ ମନୋଜ ଭାରତୀ କହିଛନ୍ତି ଯେ, ନିର୍ବାଚନରେ ବ୍ୟାପକ ଅନିୟମିତତା ହୋଇଛି । ଫଳାଫଳ ଆମ କଳ୍ପନା ବାହାରେ ଥିଲା । ମହିଳାଙ୍କ ଏକାଉଣ୍ଟକୁ ୧୦-୧୦ ହଜାର ଟଙ୍କା ପଠାଯିବା ଫଳାଫଳକୁ ପ୍ରଭାବିତ କରିଥିଲା ବୋଲି ସେ କହିଛନ୍ତି । ତେବେ ଏହି ସବୁ ଅଭିଯୋଗକୁ ବିଜେପି ପ୍ରତ୍ୟାଖାନ କରିଛି । ପରାଜୟ ପରେ



■ ଖାତାକୁ ୧୦-୧୦ ହଜାର ଟଙ୍କା ଟ୍ରାନ୍ସଫର ଜିତାଇଲା: ଶରଦ

■ ଜାଲିଆତି ହୋଇଛି; ୨ ସପ୍ତାହରେ ପ୍ରମାଣ ଦେବୁ: କଂଗ୍ରେସ

ଏହାକୁ ସ୍ୱୀକାର କରିବା ଆବଶ୍ୟକ । ନିଜ ତ୍ରୁଟି ଓ ଦୋଷ ସ୍ୱୀକାର କରାଯିବା ଉଚିତ । କିନ୍ତୁ ବିରୋଧୀ ଏପରି ନ କରି ଅଯଥା ଆକ୍ଷେପ କରୁଛନ୍ତି ବୋଲି ମହାରାଷ୍ଟ୍ର ମୁଖ୍ୟମନ୍ତ୍ରୀ ଦେବେନ୍ଦ୍ର ଫଡନାଭିସ ପାୱାରଙ୍କୁ ଜବାବ୍ ଦେଇ କହିଛନ୍ତି ।

ବିହାର ନିର୍ବାଚନରେ ପରାଜୟକୁ କଂଗ୍ରେସ ସହଜରେ ଗ୍ରହଣ କରିପାରୁନାହିଁ । ଏବେ ଦଳ ପରାଜୟର କାରଣ ଜାଣିବା ପାଇଁ ମାନସମନ୍ଥନ ଆରମ୍ଭ କରିଦେଇଛି । ଏହି କ୍ରମରେ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ୍‌ଗେଙ୍କ ଦିଲ୍ଲୀ ସ୍ଥିତ ବାସଭବନରେ ଦଳର ପ୍ରଥମ ସମୀକ୍ଷା ବୈଠକ ବସିଛି । ଏଥିରେ ଲୋକସଭା ବିରୋଧୀ ଦଳ ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ, କେସି ବେଣୁଗୋପାଳ ଏବଂ ଅଜୟ ମାକନ ପ୍ରମୁଖ ଉପସ୍ଥିତ ରହିଥିଲେ । କଂଗ୍ରେସ ନେତା ବେଣୁଗୋପାଳ କହିଲେ ଯେ ଦଳ ଏହି ଜାଲିଆତିର ପ୍ରମାଣ ସଂଗ୍ରହ କରୁଛି । ୨ ସପ୍ତାହ ମଧ୍ୟରେ ଦେଶ ସାମ୍ନାରେ ଏହାର ରଖାଯିବ । ବିହାର ନିର୍ବାଚନ ଫଳାଫଳ କେବଳ କଂଗ୍ରେସ ନୁହେଁ, ବରଂ ଜନତା ଏବଂ ମେଣ୍ଟ ସହଯୋଗୀଙ୍କୁ ମଧ୍ୟ ତାଜୁବ କରିଦେଇଛି । ଲୋକେ ଏହା ଉପରେ ଭରସା କରିପାରୁନାହାନ୍ତି । ଆମେ ସବୁ ତଥ୍ୟ ସଂଗ୍ରହ କରୁଛୁ । ଗମ୍ଭୀରତାର ସହ ଏହାକ ବିଶ୍ଳେଷଣ କରାଯିବ । ସପ୍ତାହେରୁ ଦୁଇ ସପ୍ତାହେ ଭିତରେ ଠୋସ୍ ପ୍ରମାଣ ସଂଗ୍ରହ କରି ସର୍ବସମ୍ମୁଖକୁ ଅଣାଯିବ । ସେହିପରି କଂଗ୍ରେସ ଅଧ୍ୟକ୍ଷଙ୍କୁ ଭେଟିବା ପରେ ଦଳର ବରିଷ୍ଠ ନେତାମାନେ ବିହାର ନିର୍ବାଚନ ଫଳାଫଳ ଉପରେ ଗମ୍ଭୀର ପ୍ରଶ୍ନ ଉଠାଇଛନ୍ତି । ଅଜୟ ମାକନ କହିଛନ୍ତି ଯେ ପ୍ରାରମ୍ଭରୁ ନିର୍ବାଚନ ପ୍ରକ୍ରିୟା ଉପରେ ପ୍ରଶ୍ନ ଉଠୁଛି । ଏଭଳି ଫଳାଫଳ ଚକିତ କରିଦେଇଛି । ୧୯୮୪ରେ ବି କଂଗ୍ରେସକୁ ଏଭଳି ଷ୍ଟ୍ରାଇକ ରେଟ୍ ମିଳି ନ ଥିଲା । ବିଜେପିକୁ ଯେଉଁ ଭଳି ଆସନ ମିଳିଛି ତାହା ସନ୍ଦେହ ସୃଷ୍ଟି କରୁଛି । କିଛି ତ ଜାଲିଆତି ହୋଇଛି । ଅନେକ ସ୍ଥାନରେ ଜାଲିଆତି ହୋଇଥିବା କଂଗ୍ରେସ କର୍ମୀ କହିଛନ୍ତି । ମହାମେଣ୍ଟର ସବୁ ଦଳ ଫଳାଫଳକୁ ଅପ୍ରତ୍ୟାଶିତ କହିଛନ୍ତି ।

# ଅର୍ଦ୍ଧାଧିକଙ୍କ ବିରୋଧରେ ଆପରାଧିକ ମାମଲା

ପାଟନା, ୧୫ ।୧୧(ଏଜେନ୍ସି): ବିହାର ବିଧାନସଭା ନିର୍ବାଚନର ଫଳାଫଳ ବାହାରିବା ପରେ ନୂଆ ତଥ୍ୟ ସାମ୍ନାକୁ ଆସିଛି । ଅର୍ଦ୍ଧାଧିକ ଅର୍ଥାତ ୫୩ ପ୍ରତିଶତ ନିବ- ନିର୍ବାଚିତ ବିଧାୟକଙ୍କ ବିରୋଧରେ ଆପରାଧିକ ମାମଲା ରହିଛି ବୋଲି ଆସୋସିଏସନ ଫର ଡେମୋକ୍ରାଟିକ ରିଫର୍ମ୍ସ (ଏଡିଆର) ଦ୍ୱାରା ପ୍ରକାଶିତ ନୂଆ ରିପୋର୍ଟରେ ଉଲ୍ଲେଖ କରାଯାଇଛି । ନିର୍ବାଚିତ ୨୪୩ ବିଧାୟକଙ୍କ ମଧ୍ୟରୁ ୧୩୦ ଜଣଙ୍କ ଆପରାଧିକ ମାମଲା ଥିବା କଥା ନିଜ ସତ୍ୟପାଠରେ ଉଲ୍ଲେଖ କରିଛନ୍ତି । ତେବେ ଏହି ସଂଖ୍ୟା ଗତ ନିର୍ବାଚନ ତୁଳନାରେ ଅପେକ୍ଷାକୃତ କମ୍ ବୋଲି କୁହାଯାଇଛି । ଗତ ୨୦୨୦ ନିର୍ବାଚନରେ ୨୪୧ ଜଣ ବିଧାୟକଙ୍କ ମଧ୍ୟରୁ ୧୬୩ ଜଣ ଅର୍ଥାତ ୬୮ ପ୍ରତିଶତ ସଦସ୍ୟଙ୍କ ବିରୋଧରେ ଆପରାଧିକ ମାମଲା ଥିଲା । ଏଥର ୧୦୨ ଅର୍ଥାତ ୪୨ ପ୍ରତିଶତ ବିଧାୟକଙ୍କ ବିରୋଧରେ ଗୁରୁତର ମାମଲା ରହିଛି ।୨୦୨୦ରେ ଏହା ୫୧ ପ୍ରତିଶତ ଥିଲା ।ଏଥର ବିଜେପିର ୮୯ ବିଧାୟକଙ୍କ ମଧ୍ୟରୁ ୪୩ ଜଣ (୪୮%), ଜେଡିୟୁର ୮୫ରୁ ୨୩ ଜଣ (୨୭%), ଆରଜେଡିର ୨୫ରୁ ୧୪ ଜଣ (୫୬%), ଏଲ୍‌ଜେପିର ୧୯ରୁ ୧୦ ଜଣ (୫୩%), କଂଗ୍ରେସର ୬ରୁ ୩ ଜଣ (୫୦%), ଏଆଇଏମ୍‌ଆଇଏମ୍‌ର ୫ରୁ ୪ ଜଣ (୮୦%)ଙ୍କ ବିରୋଧରେ ଆପରାଧିକ ମାମଲା ରହିଛି ।

# ଖେଳ ବିଗାଡ଼ିଲା କିଏ? ବିହାର ରାଜନୀତିରେ ତନାଘନା

ପାଟନା, ୧୫।୧୧ (ଏଜେନ୍ସି): ବିହାର ନିର୍ବାଚନ ଫଳାଫଳ ମହାମେଣ୍ଟ ପାଇଁ ବଡ଼ ଝଟ୍‌କା ହୋଇଥିବାବେଳେ କ୍ଷମତାସୀନ ଏନ୍‌ଡିଏ ପାଇଁ ଡବଲ୍ ଖୁସି ଆଣି ଦେଇଛି । ଉଭୟ ମେଣ୍ଟ ପାଇଁ ଏହି ଫଳାଫଳ ଅପ୍ରତ୍ୟାଶିତ ରହିଛି । ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ୨୦୨ ଆସନ ପାଇଥିବାବେଳେ ମହାମେଣ୍ଟ ୩୫ ଆସନରେ ସୀମିତ ରହିଛି । ତେବେ ଏହି ନିର୍ବାଚନରେ କ୍ଷୁଦ୍ର ଦଳଗୁଡ଼ିକ ଚର୍ଚ୍ଚାରେ ଅଛନ୍ତି । କ୍ଷୁଦ୍ର ହୋଇଥିଲେ ମଧ୍ୟ ନିର୍ବାଚନରେ ବଡ଼ ପ୍ରଭାବ ପକାଇଛନ୍ତି । ଏହି ଦଳଗୁଡ଼ିକ ପାଇଁ ଏନ୍‌ଡିଏ ବିଜୟୀ ହୋଇଥିବାବେଳେ ମହାମେଣ୍ଟ ଇଣ୍ଡିଆ ପରାଜୟର ସମ୍ମୁଖୀନ ହେଲା ବୋଲି କୁହାଯାଉଛି । ଏହି ଦଳ ମଧ୍ୟରେ ପ୍ରଶାନ୍ତ କିଶୋରଙ୍କ ଜନସୁରାଜ ପାର୍ଟି, ଅସଦୁଦ୍ଦିନ ଓୱେସୀଙ୍କ ଏଆଇଏମଆଇଏମ ଏବଂ ମାୟାବତୀଙ୍କ ବିଏସପି ରହିଛି । ଗତ ନିର୍ବାଚନରେ ଚିରାଗ ପାଶ୍ୱାନଙ୍କ ଏଲଜେପିଆର ପାଇଁ ନୀତୀଶଙ୍କ ଦଳ ଜେଡିୟୁର କ୍ଷତି ହୋଇଥିଲା । ମାତ୍ର ଚଳିତ ଥର ଜନସୁରାଜ, ଏଆଇଏମଆଇଏମ ଏବଂ ବିଏସପି ଲାଗି ମହାମେଣ୍ଟର ଅପୂରଣୀୟ କ୍ଷତି ହୋଇଛି ।

**ଛୋଟ ଦଳ, ପ୍ରଭାବ ବଡ଼**



ନିର୍ବାଚନ ରଣନୀତିକାରରୁ ରାଜନେତା ପାଲଟିଥିବା ପ୍ରଶାନ୍ତଙ୍କ ଦଳ ପ୍ରଥମ ଥର ପାଇଁ ବିହାରର ୨୩୮ ଆସନରେ ନିର୍ବାଚନ ଲଢ଼ି ଗୋଟିଏ ହେଲେ ବି ଆସନରେ ଜିତିପାରି ନାହିଁ । ତେବେ ଏହି ଦଳ ୩.୪ ପ୍ରତିଶତ ଭୋଟ ହାତେଇଛି । ଏହା ବଡ଼ ବିଭାଜନକାରୀ ଭାବେ ଉଭା ହୋଇଛି । ଖାତା ଖୋଲି ନ ଥିବା ଏହି ଦଳ ଉଭୟ ମେଣ୍ଟର ଭୋଟ ହ୍ରାସ କରିଛି । ଜନସୁରାଜ ଗୋଟିଏ ଆସନରେ ଦ୍ୱିତୀୟ, ୧୨୯ଟିରେ ତୃତୀୟ, ୭୩ଟିରେ ଚତୁର୍ଥ, ୨୪ଟିରେ ୫ମ ଏବଂ ୧୨ଟିରେ ୬ରୁ ୯ତମ ସ୍ଥାନରେ ରହିଥିଲା । ୩୩ ବିଧାନସଭା କ୍ଷେତ୍ରରେ ଜନସୁରାଜ ପାଇଥିବା ଭୋଟ ବିଜୟ ବ୍ୟବଧାନଠାରୁ ଅଧିକ ଥିଲା । ଏଥିରୁ ୧୮ଟିରେ ଏନ୍‌ଡିଏ ଏବଂ ୧୩ଟିରେ ମହାମେଣ୍ଟ ଜିତିଥିଲା । ନିର୍ବାଚନ ପ୍ରଚାର ସମୟରେ ଦଳ ଉଭୟ ମେଣ୍ଟର ଭୋଟ ନେବ ବୋଲି ପ୍ରଶାନ୍ତ କହିଥିଲେ । ଏହାର ଝଲକ ଫଳାଫଳରେ ଦେଖିବାକୁ ମିଳିଛି ।

୧୮୧ ସିଟ୍‌ରେ ପ୍ରତିଦ୍ୱନ୍ଦ୍ୱିତା କରିଥିବା ମାୟାବତୀଙ୍କ ବିଏସ୍‌ପି ଗୋଟିଏ ଆସନରେ ଜିତିଥିବାବେଳେ ଆଉ ଗୋଟିଏର ଦ୍ୱିତୀୟ ସ୍ଥାନରେ ରହିଥିଲା । ଦୀର୍ଘ ବର୍ଷ ହେଲା ବିରୋଧୀ ଦଳଗୁଡ଼ିକ ବିଏସ୍‌ପିକୁ ବିଜେପିର ବି-ଟିମ୍ କହି ଆସୁଥିଲେ । ଉତ୍ତର ପ୍ରଦେଶ ଲୋକସଭା ଏବଂ ବିଧାନସଭା ନିର୍ବାଚନ ପରେ ଏହି ଅଭିଯୋଗ ଲାଗିଥିଲା । ଏହି ନିର୍ବାଚନରେ ବିଏସ୍‌ପି ମହାମେଣ୍ଟର ଅଶେଷ କ୍ଷତି କରିଛି । ୨୦ ଆସନରେ ବିଏସ୍‌ପି ପାଇଥିବା ଭୋଟ ବିଜୟ ବ୍ୟବଧାନଠୁ ଅଧିକ ରହିଛି । ଏଥିରୁ ଏନ୍‌ଡିଏ ୧୮ଟି ଏବଂ ମହାମେଣ୍ଟ ୨ଟି ଆସନ ଜିତିଥିଲା । ୯୦ ପ୍ରତିଶତ ଲାଭ ଏନ୍‌ଡିଏକୁ ମିଳିଥିଲା । ସେହିପରି ଏଆଇଏମଆଇଏମ ୫ଟି ଆସନରେ ଜିତିଥିଲେ ମଧ୍ୟ ୯ଟିରେ ବିଜୟ ବ୍ୟବଧାନଠୁ ଅଧିକ ଭୋଟ ପାଇଥିଲା । ଏଥିରୁ ୬୭ ପ୍ରତିଶତ ଆସନ ଏନ୍‌ଡିଏ ଜିତିଥିବାବେଳେ ୩୩ ପ୍ରତିଶତ ମହାମେଣ୍ଟ ଖାତାକୁ ଯାଇଥିଲା ।

ସାମଗ୍ରିକ ଭାବେ ଦେଖିଲେ ଏହି ତିନି ପାଖିଆ ଲଢ଼େଇ ଏନ୍‌ଡିଏକୁ ଲାଭ ଦେଇଥିଲା । ୨୩.୪ ପ୍ରତିଶତ ଭୋଟ ପାଇଥିଲେ ବି ଆରଜେଡି ୨୫ଟିରେ ସୀମିତ ରହିଥିଲା । କିନ୍ତୁ ୨୦.୪ ପ୍ରତିଶତ ଭୋଟ ପାଇଁ ବିଜେପି ଏବଂ ୧୯.୬ ପ୍ରତିଶତର ସହ ଜେଡିୟୁ ତିନି ଗୁଣ ଅଧିକ ଆସନ ହାତେଇ ଥିଲା । ଏନ୍‌ଡିଏ ନିଜ ଭୋଟକୁ ମଜବୁତ କରି ରଖିଥିବାବେଳେ ମହାମେଣ୍ଟର ଭାଗ ଭାଗ ହୋଇ ଯାଇଥିଲା । ୨୪୩ରୁ ୬୩ଟିରେ ଜନ ସୁରାଜ, ବିଏସପି ଏବଂ ଏଆଇଏମଆଇଏମର ପ୍ରତ୍ୟକ୍ଷ ପ୍ରଭାବ ପଡ଼ିଥିଲା । ଏଥିରୁ ୪୪ଟି (୭୦%) ଏନ୍‌ଡିଏ ଏବଂ ମହାମେଣ୍ଟ ୧୯ଟି ଜିତିଥିଲା । ମୁଖ୍ୟତଃ ଏନ୍‌ଡିଏ ବିରୋଧୀ ଭୋଟ ଉପରେ ମହାମେଣ୍ଟ ନିର୍ଭରଶୀଳ । କିନ୍ତୁ ଚଳିତ ଥର ନିର୍ବାଚନ ତିନିପାଖିଆ ହୋଇଥିଲା । ବିଏସ୍‌ପି ଦଳିତ ଭୋଟ, ଏଆଇଏମଆଇଏମ ମୁସଲିମ ଭୋଟ ଏବଂ ଜନସୁରାଜ ଯୁବଗୋଷ୍ଠୀ ଓ ବିକାଶ ଚାହୁଁଥିବା ଲୋକଙ୍କ ଭୋଟ ହାତେଇ ନେଇଥିଲା । ଏହା ଫଳରେ କଡ଼ା ପ୍ରତିଦ୍ୱନ୍ଦ୍ୱିତା ବଦଳରେ ଏନ୍‌ଡିଏ ବୃହତ ବିଜୟ ହାସଲ କରିଥିଲା ।

# ଦିଲ୍ଲୀ ବିସ୍ଫୋରଣ: ଆଉ ୫ ଡାକ୍ତର ଗିରଫ, ୨୨ ଡାକ୍ତର ଫେରାର

ନୂଆଦିଲ୍ଲୀ, ୧୫।୧୧ (ଏଜେନ୍ସି): ଦିଲ୍ଲୀର ଲାଲକିଲ୍ଲା ନିକଟରେ ହୋଇଥିବା ବିସ୍ଫୋରଣକୁ ନେଇ ନୂଆ ନୂଆ ତଥ୍ୟ ସାମ୍ନାକୁ ଆସିବାରେ ଲାଗିଛି । ଆତଙ୍କବାଦୀଙ୍କ କାରଖାନା ପାଲଟିଥିବା ଫରିଦାବାଦର ଧୌଜ ଗ୍ରାମ ସ୍ଥିତ ଅଲ-ଫଲାହ ବିଶ୍ୱବିଦ୍ୟାଳୟ ଚର୍ଚ୍ଚାର କେନ୍ଦ୍ରରେ ରହିଛି । ଜୀବନ ବଞ୍ଚାଇବାକୁ ଡାକ୍ତର ଗଢୁଥିବା ଏହି ବିଶ୍ୱବିଦ୍ୟାଳୟରେ ନିରୀହଙ୍କ ଜୀବନ ନେବା ପାଇଁ କେମିତି ଆତଙ୍କୀ ଗଢ଼ା ଯାଉଥିଲା ତାହାର ଗୁମର ଫିଟିବାରେ ଲାଗିଛି । ଏହି ବିଶ୍ୱବିଦ୍ୟାଳୟର ୪ ଡାକ୍ତରଙ୍କୁ ପୂର୍ବରୁ ଗିରଫ କରାଯାଇଛି । ଆଜି ଦିଲ୍ଲୀ ପୁଲିସର କ୍ରାଇମବ୍ରାଞ୍ଚ ଏହି ଅଲ-ଫଲାହ ବିଶ୍ୱବିଦ୍ୟାଳୟ ବିରୋଧରେ ଦୁଇଟି ଏତଲା ରୁଜୁ କରିଛି । ଜାଲିଆତି ଏବଂ ଠକେଇ ମାମଲାକୁ ନେଇ ଏହି ପଦକ୍ଷେପ ଗ୍ରହଣ କରାଯାଇଛି । ଅନିୟମିତତାକୁ ନେଇ ୟୁଜିସି ଏବଂ ନାକ୍‌ର ଅଭିଯୋଗ କ୍ରମେ ଦିଲ୍ଲୀ ପୁଲିସ ନୋଟିସ ଜାରି କରିଛି ଓ ନିର୍ଦ୍ଦିଷ୍ଟ ପ୍ରମାଣପତ୍ର ମାଗି ତଦନ୍ତ ଆରମ୍ଭ କରିଛି । ଏହା ମଧ୍ୟରେ ଆତଙ୍କବାଦୀ ଲିଙ୍କ୍‌କୁ ନେଇ ଆଜି ୫ ଡାକ୍ତରଙ୍କୁ ଗିରଫ କରାଯାଇଛି । ସେମାନଙ୍କ ମଧ୍ୟରେ ହରିୟାଣା ନୁହର ୩ ଜଣ, ପଶ୍ଚିମବଙ୍ଗ ଏବଂ ପଞ୍ଜାବରୁ ଜଣେ ଲେଖାଏଁ ଡାକ୍ତର ସାମିଲ ଅଛନ୍ତି ।

ଅନ୍ୟପଟେ ଏନ୍‌ଆଇଏ, ଦିଲ୍ଲୀ, ଜମ୍ମୁ-କଶ୍ମୀର, ହରିୟାଣା, ୟୁପି ପୁଲିସ ଅଲ-ଫଲାହରେ ଶନିବାର ପହଞ୍ଚି ଯାଞ୍ଚ କରିଛି । ଅନେକ ଘଣ୍ଟା ପର୍ଯ୍ୟନ୍ତ ଏହି ଯାଞ୍ଚ ଜାରି ରହିଥିଲା । ଇମାମଙ୍କୁ ପଚରାଉଚୁରା ମଧ୍ୟ କରାଯାଇଥିଲା । ଏଠାରେ

■ ୟୁଜିସି ଓ ନାକ ପକ୍ଷରୁ ଅନିୟମିତତା ଅଭିଯୋଗ

■ ଅଲ-ଫଲାହରେ ଚଢ଼ଉ, ଦିଲ୍ଲୀ ପୁଲିସର ଏତଲା ରୁଜୁ

■ 'ଡେଡ୍ ଡ୍ରପ' ଇମେଲରେ କଥା ହେଉଥିଲେ ଆତଙ୍କବାଦୀ

ରହୁଥିବା କଶ୍ମୀର ନାଗରିକଙ୍କ ତାଲିକା ପ୍ରସ୍ତୁତ କରି ଘର ଯାଞ୍ଚ କରାଯାଇଥିଲା । ଆତଙ୍କବାଦୀ ଲିଙ୍କ୍ ସାମ୍ନାକୁ ଆସିବା ପରେ ଏହି ବିଶ୍ୱବିଦ୍ୟାଳୟର ୨୨ ଡାକ୍ତର ଫେରାର ଅଛନ୍ତି । ସେମାନଙ୍କ ମୋବାଇଲ ଫୋନ୍ ସ୍ୱିଚଅଫ୍ ରହିଛି । ବିସ୍ଫୋରଣ ମାମଲାରେ ଗିରଫ ଡ. ମୁଜାମିଲ ସହ ଏହି ଡାକ୍ତରଙ୍କ ସମ୍ପର୍କ ଥିଲା । ସେହିପରି ଏହି ବିଶ୍ୱବିଦ୍ୟାଳୟରେ ପଢୁଥିବା ୪୦ ପ୍ରତିଶତ ଡାକ୍ତର କଶ୍ମୀର ବାସିନ୍ଦା ବୋଲି ଜଣାପଡ଼ିଛି । ୨୦୨୧ ମହିଳା ଆତଙ୍କବାଦୀ ଡ. ସାହିନ ପ୍ରାଧ୍ୟାପିକା ଭାବେ ଏଠାରେ ଯୋଗ ଦେଇଥିଲେ । ତାଙ୍କୁ କଲେଜର ୬ ସଦସ୍ୟ ବିଶିଷ୍ଟ ଫାର୍ମାକୋ ଭିଜିଲାନ୍ସ କମିଟିରେ ଗୁରୁତ୍ୱପୂର୍ଣ୍ଣ ପଦ ଦିଆଯାଇଥିଲା । ସେ ହିଁ ୨୦୨୨ରେ ପୁଲୱାମା ଡ. ମଜାମିଲ ଗନି, ଡ. ଉମର ନବି, ଡ.ସଜାଦ ଅହମ୍ମଦକୁ ଚାକିରି ଦେଇଥିଲା । ଅଲ-ଫଲାହରେ ସାହିନ ଏବଂ ସଜ୍ଜାଦର ବହୁତ ପ୍ରଭାବ ଥିଲା । ସେହିପରି ଅଭିଯୁକ୍ତ ମୁଜାମିଲ ଏବଂ ଉମର ସହ ସମ୍ପର୍କ ରଖିଥିବା ଡ. ମୁସ୍ତକିମକୁ ଧରିବା ପାଇଁ ତଲାସୀ ଅଭିଯାନ ଜାରି ରହିଛି ।

ଦିଲ୍ଲୀ ବିସ୍ଫୋରଣରେ ସାମିଲ ଏହି ଆତଙ୍କବାଦୀ ପରସ୍ପର ମଧ୍ୟରେ କଥା ହେବାକୁ ଏବଂ ଷଡ଼ଯନ୍ତ୍ର ପାଇଁ 'ଡେଡ୍ ଡ୍ରପ୍' ଇ-ମେଲ ବ୍ୟବହାର କରୁଥିଲେ । ଏଥିରେ ଇମେଲର ଡ୍ରାଫ୍ଟ ଫୋଲ୍ଡରକୁ ସେଭ କରିଦିଆଯାଇଥାଏ । ପରେ ଏହାକୁ ପଢିବା ପାଇଁ ଅନ୍ୟ ଜଣେ ଲଗ୍ ଇନ କରିଥାଏ । ଏହାର ଡିଜିଟାଲ ଫୁଟପ୍ରିଣ୍ଟର ସନ୍ଧାନ କରିବା ଅତ୍ୟନ୍ତ କଷ୍ଟସାଧ୍ୟ । ତଦନ୍ତରୁ ଜଣାପଡ଼ିଛି ଯେ ଟେରର ମଡ୍ୟୁଲୋରେ ସାମିଲ ଡାକ୍ତର ପରସ୍ପରକୁ ଇ-ମେଲ ପଠାଉ ନ ଥିଲେ । ଅନ୍ୟପକ୍ଷରେ ମହିଳା ଆତଙ୍କବାଦୀ ଡ. ସାହିନ ବିସ୍ଫୋରଣ ପରେ ଦେଶ ଛାଡ଼ି ପଳାଇବାକୁ ଯୋଜନା କରିଥିଲା । ସେ ଦିଲ୍ଲୀ ବିସ୍ଫୋରଣର ସାତ ଦିନ ପୂର୍ବରୁ ପାସ୍‌ପୋର୍ଟ ଯାଞ୍ଚ କରାଇ ଥିଲା ।ସାହିନର କୋଡନେମ 'ମ୍ୟାଡାମ ସର୍ଜନ' ଥିଲା ।

# ଶିଶୁକୁ ହତ୍ୟା କଲେ ୪ ଜଣ ମାଉସୀ


ଯୋଧପୁର, ୧୫ ।୧୧(ଏଜେନ୍ସି): ରାଜସ୍ଥାନର ଯୋଧପୁରରେ ଏକ ୧୭ ଦିନର ନୀରିହ ଶିଶୁକୁ ନିର୍ମମ ଭାବେ ହତ୍ୟା କରାଯାଇଛି । ଶିଶୁର ୪ ଜଣ ମାଉସୀ ହତ୍ୟା କରିଛନ୍ତି ବୋଲି ଅଭିଯୋଗ ହୋଇଛି । ୪ ଜଣଙ୍କୁ ଗିରଫ କରାଯାଇ ପଚରା ଉଚରା କରାଯାଉଛି । ପ୍ରଥମେ ହାତଗୋଡ ଭାଙ୍ଗିବା ପରେ ଶିଶୁର ତଣ୍ଟି ଚିପି ହତ୍ୟା କରାଯାଇଛି ବୋଲି ତା'ର ପିତା ଅଭିଯୋଗ କରିଛନ୍ତି । ଶିଶୁଟିର ଚୁଟି ମଧ୍ୟ ଟଣା ଯାଇଥିଲା । ଗୁଣିଗାରେଡ଼ି କାରଣରୁ ଶିଶୁକୁ ହତ୍ୟା କରାଯାଇଛି ବୋଲି ପୁଲିସ ସନ୍ଦେହ କରୁଛି । ନେହରୁ ନଗର କଲୋନୀରେ ଏହି ଘଟଣା ଘଟିଛି । ପତି ପୁନାରାମ ଓ ପତ୍ନୀ ସୁମନ ୧୭ ଦିନ ତଳେ ପିତାମାତା ହେବାର ସୌଭାଗ୍ୟ ଲାଭ କରିଥିଲେ । ଶୁକ୍ରବାର ରାତିରେ ସୁମନ ଗାଧୁଆଘର ଯାଇଥିବା ବେଳେ ତାଙ୍କର ୪ ଭଉଣୀ ପୁଅ ପ୍ରତ୍ୟୁଷକୁ ହତ୍ୟା କରିଥିଲେ । ମୋର ଶ୍ୱଶୁର ଘର ଲୋକେ ଅନ୍ଧବିଶ୍ୱାସି ରହିଆସିଛନ୍ତି । ଏହି କାରଣରୁ ୪ ଜଣ ମାଉସୀ ସାଥି ହୋଇ ପୁଅକୁ ହତ୍ୟା କରିଛନ୍ତି ବୋଲି ପୁନାରାମ ଅଭିଯୋଗ କରିଛନ୍ତି । ପୁନାରାମଙ୍କ ଶ୍ୱଶୁର ତଥା ସୁମନଙ୍କ ପିତା ଦିଲ୍ଲୀରେ ବାୟୁସେନାରେ କାର୍ଯ୍ୟକରନ୍ତି । ତାଙ୍କ ୭ ଝିଅ ଓ ଗୋଟିଏ ପୁଅ ରହିଛନ୍ତି । ସୁମନ ତାଙ୍କର ଦ୍ୱିତୀୟ ଝିଅ । ଶିଶୁର ୪ ମାଉସୀଙ୍କ ବିରୋଧରେ ପୁଲିସ ମାମଲା ରୁଜୁ କରିଛି । ନ୍ୟାସନାଲ ଫ୍ୟାମିଲ ହେଲଥ ସର୍ଭେ ଅନୁସାରେ ୨୦୨୨ରେ ଶିଶୁ ମୃତ୍ୟୁହାର ୩୯ ପ୍ରତିଶତ ରହିଛି । କିନ୍ତୁ ୨୦୨୩ରେ ଏଥିରେ ସୁଧାର ହୋଇଛି ଓ ହାର ୨୯ ପ୍ରତିଶତ ରହିଛି ।

# ଜିଅନ୍ତା ଜଳିଗଲେ ପରିବାରର ୫ ସଭ୍ୟ

ମୁଜାଫରପୁର, ୧୫ ।୧୧(ଏଜେନ୍ସି): ବିହାରର ମୁଜାଫରପୁରରେ ଗୋଟିଏ ପରିବାରର ୫ ସଦସ୍ୟ ଜିଅନ୍ତା ଜଳିଯିବା ସହ ମୃତ୍ୟୁବରଣ କରିଛନ୍ତି । ମୃତକଙ୍କ ମଧ୍ୟରେ ସ୍ୱାମୀ-ସ୍ତ୍ରୀ, ସେମାନଙ୍କ ଦୁଇ ପିଲା ଓ ମା ସାମିଲ ରହିଛନ୍ତି । ଏହି ଘଟଣାରେ ଅନ୍ୟ ୫ ଜଣ ମଧ୍ୟ ଜଳିଯାଇଛନ୍ତି । ଏମାନଙ୍କ ମଧ୍ୟରୁ ୪ ଜଣଙ୍କ ଅବସ୍ଥା ଗୁରୁତର ରହିଛି ଓ ଏମାନଙ୍କୁ ଚିକିତ୍ସା ପାଇଁ ଶ୍ରୀ କୃଷ୍ଣା ମେଡିକାଲ କଲେଜ (ଏସ୍‌କେଏମ୍‌ସି)ରେ ଭର୍ତ୍ତି କରାଯାଇଛି । ଆହତଙ୍କ ଶରୀରର ୯୮ ପ୍ରତିଶତ ଜଳିଯାଇଛି । ସେହିପରି ଜଣେ ଯୁବକ ମାମୁଲି ଭାବେ ଆହତ ହୋଇଛନ୍ତି ଓ ମୋତିପୁର ପିଏଚ୍‌ସିରେ ତାଙ୍କୁ ଚିକିତ୍ସା କରାଯାଉଛି । ମୋତିପୁରର ୧୩ ନଂ ୱାର୍ଡରେ ଶୁକ୍ରବାର ବିଳମ୍ବିତ ରାତିରେ ଏକ ଘରେ ନିଆଁ ଲାଗିଥିଲା । ସେତେବେଳେ ପରିବାର ଲୋକେ ଶୋଇ ରହିଥିଲେ । ଫଳରେ ସେମାନେ ନିଜକୁ ରକ୍ଷା କରିବାର ସୁଯୋଗ ପାଇ ନଥିଲେ । ତୃତୀୟ ମହଲାରେ ନିଆଁ ଲାଗିଥିଲା । ଏଥିରେ ୫ ଜଣ ମୃତ୍ୟୁବରଣ କରିଥିବା ବେଳେ ୫ ଜଣ ଆହତ ହୋଇଛନ୍ତି ବୋଲି ସ୍ଥାନୀୟ ଡିଏସ୍‌ପି ସୁଚିତ୍ରା କୁମାରୀ କହିଛନ୍ତି । ଏହି ଘଟଣା ଯାଞ୍ଚ୍ କରାଯାଉଛି । ସର୍ଟ ସର୍କିଟ କାରଣରୁ ଏହି ନିଆଁ ଲାଗିଥିଲା ବୋଲି ଆଶଙ୍କା କରାଯାଉଛି ।

# ଗାଜା ଦୁଇ ଭାଗ କରିବାକୁ ଆମେରିକାର ଯୋଜନା

ୱାସିଂଟନ, ୧୫ ।୧୧(ଏଜେନ୍ସି): ଆମେରିକା ଗାଜାକୁ ଦୁଇ ଭାଗରେ ବିଭକ୍ତ କରିବାକୁ ପ୍ରସ୍ତୁତି କରୁଛି । ଏଥିପାଇଁ ଏକ ଦୀର୍ଘକାଳୀନ ଯୋଜନା ପ୍ରସ୍ତୁତ କରାଯାଉଛି । ଗୋଟିଏ ଭାଗ ଇଣ୍ଟରନ୍ୟାସନାଲ ଫୋର୍ସ (ଆଇଏସ୍‌ଏଫ୍) ଓ ଇସ୍ରାଏଲ ସେନାର ନିୟନ୍ତ୍ରଣରେ ରହିବ ଓ ଏହାକୁ ଗ୍ରୀନ୍ ଜୋନ କୁହାଯିବ । ଅନ୍ୟପଟେ ପାଲେଷ୍ଟାଇନ ନାଗରିକ ରହୁଥିବା ଅଞ୍ଚଳକୁ ଭଗ୍ନାବଶେଷ ସ୍ଥଳି ଭାବେ ରହିବାକୁ ଦିଆଯିବ ଓ ଏହାକୁ ରେଡ୍ ଜୋନ ବୋଲି କୁହାଯିବ । ପାଖାପାଖି ସବୁ ପାଲେଷ୍ଟାଇନ ନାଗରିକ ରେଡ୍ ଜୋନକୁ ବିସ୍ଥାପିତ ହୋଇଛନ୍ତି । ବ୍ରିଟେନ ଜଣାଶୁଣା ଖବର କାଗଜ 'ଦି ଗାର୍ଡିଆନ୍' ଦ୍ୱାରା ପ୍ରକାଶିତ ଏକ ରିପୋର୍ଟରେ ଏହା ଉଲ୍ଲେଖ କରାଯାଇଛି । ଆମେରିକୀୟ ସେନାର ଗୁଇଦା କାଗଜପତ୍ର ଓ ଅଧିକାରୀମାନଙ୍କ ବ୍ୟକ୍ତିଗତ ମନ୍ତବ୍ୟକୁ ଆଧାର କରି ଏହି ରିପୋର୍ଟ ପ୍ରସ୍ତୁତ କରାଯାଇଛି । ରିପୋର୍ଟ ଅନୁସାରେ ଏହି ଯୋଜନାକୁ ଲାଗୁ କରିବାର ପ୍ରକ୍ରିୟା ଆରମ୍ଭ ହୋଇସାରିଛି ବୋଲି କୁହାଯାଇଛି ।



■ ଗ୍ରୀନ ଜୋନ୍‌ରେ ଇସ୍ରାଏଲ୍‌ର ନିୟନ୍ତ୍ରଣ

■ ପାଲେଷ୍ଟାଇନ୍ ନାଗରିକଙ୍କୁ ରେଡ୍ ଜୋନ୍

ଗାଜାର ପୂର୍ବ ଅଂଶକୁ ଗ୍ରୀନ୍ ଓ ପଶ୍ଚିମ ପଟକୁ ରେଡ୍ ଜୋନ୍‌ରେ ବିଭକ୍ତ କରାଯିବ । ଗ୍ରୀନ୍ ଜୋନରେ ଇସ୍ରାଏଲ ସମେତ ବିଦେଶୀ ସୈନିକ ମଧ୍ୟ ନିୟୋଜିତ ହେବେ । ପ୍ରଥମେ କେତେଶହ ସୈନିକଙ୍କୁ ଓ ପରେ ଏହି ସଂଖ୍ୟାକୁ ୨୦ ହଜାରକୁ ବୃଦ୍ଧି କରାଯିବ । କୌଣସି ବିଦେଶୀ ସୈନିକଙ୍କୁ ଗ୍ରୀନ୍ ଜୋନ ବାହରକୁ ଯିବା ପାଇଁ ଅନୁମତି ଦିଆଯିବ ନାହିଁ । ଅନ୍ୟପଟେ ରେଡ୍ ଜୋନ୍ ଯୁଦ୍ଧ ଯୋଗୁଁ ବହୁତ କ୍ଷତିଗ୍ରସ୍ତ ହୋଇ ଧ୍ୱଂସସ୍ତୁପରେ ପରିଣତ ହୋଇଛି । ଏଠାରେ କୌଣସି ପୁନଃନିର୍ମାଣ କାର୍ଯ୍ୟ କରାଯିବ ନାହିଁ । ଏହି ଜୋନରେ ୨୦ ଲକ୍ଷ ପାଲେଷ୍ଟାଇନ୍ ନାଗରିକ ଫସି ରହିଛନ୍ତି । ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱାରା ହୋଇଥିବା ଅସ୍ତ୍ରବିରତି ଚୁକ୍ତିକୁ ନେଇ ଏହି ଯୋଜନା ପ୍ରଶ୍ନବାଚୀ ସୃଷ୍ଟି କରିଛି । ତେବେ ଗାଜାକୁ ଏକାଠି କରି ପାଲେଷ୍ଟାଇନ୍ ଶାସନ ଲାଗୁ କରାଯିବ ବୋଲି ଟ୍ରମ୍ପ ପ୍ରଶାସନ ତରଫରୁ କୁହାଯାଇଛି ।

## ରାଜ୍ୟରେ ଚିନ୍ତାଜନକ ସ୍ଥିତିରେ ଦୁର୍ଘଟଣା

# ଦିନକୁ ଗଡ଼ୁଛି ୧୬ ମୁଣ୍ଡ

ଭୁବନେଶ୍ୱର,୧୫ ।୧୧(ସମିସ): ରାଜ୍ୟରେ ସଡ଼କ ଦୁର୍ଘଟଣା ଏବେ ସମସ୍ତଙ୍କ ପାଇଁ ମୁଣ୍ଡବିନ୍ଧାର କାରଣ ପାଲଟିଛି । ପରିବହନ ବିଭାଗଠାରୁ ଆରମ୍ଭ କରି ଟ୍ରାଫିକ୍ ପୁଲିସ ପର୍ଯ୍ୟନ୍ତ, ସବୁ ସ୍ତରରେ କଡ଼ାକଡ଼ି ଯାଞ୍ଚ ହେଉଥିଲେ ବି ଦୁର୍ଘଟଣା ଓ ଦୁର୍ଘଟଣାଜନିତ ମୃତ୍ୟୁ ହାରରେ ରୋକ୍

■ ଗତବର୍ଷ ତୁଳନାରେ ବଢ଼ିଛି ୬.୭୫ ପ୍ରତିଶତ
■ ୧୦ ବର୍ଷରେ ମଲେଣି ୪୮ ହଜାର
■ ଫାଶ ବସାଇଛି ପର୍ଯ୍ୟଟନ ଋତୁ
■ ରାଜ୍ୟରେ ୧୯୫ ବ୍ଲାକସ୍ପଟ୍ ଚିହ୍ନଟ

ଲାଗିପାରୁନି । ଯେତିକି ମରୁଛନ୍ତି, ତା'ଠାରୁ ଢେର୍ ଅଧିକ ସବୁଦିନ ପାଇଁ ପଙ୍ଗୁ ହୋଇଯାଉଛନ୍ତି । ସରକାରୀ ତଥ୍ୟ ମୁତାବକ, ପ୍ରତିବର୍ଷ ଦେଶରେ ଦେଢ଼ଲକ୍ଷ ଲକ୍ଷ ଦୁର୍ଘଟଣାରେ ପ୍ରାଣ ହରାଉଛନ୍ତି । ଏ ଅଲୋଡ଼ା ରେକର୍ଡରେ ଓଡ଼ିଶାର ଭାଗ ଅଧିକ । ଦୁର୍ଘଟଣା ରାଜ୍ୟରେ ପ୍ରତିବର୍ଷ ୫ ହଜାର ଜୀବନ ନେଉଛି । ଗତ ୧୦ ବର୍ଷର ତଥ୍ୟ ଉପରେ ଆଖି ପକାଇଲେ, ରାଜ୍ୟରେ ଏହା(ଦୁର୍ଘଟଣା) ମହାମାରୀଠାରୁ ବି ଭୟଙ୍କର ବୋଲି ଜଣାଯାଇଛି । ଏହି ଅବଧି ମଧ୍ୟରେ ଓଡ଼ିଶାରେ ୪୮ ହଜାରରୁ ଅଧିକ ଲୋକଙ୍କ ଜୀବନ ନେଇଛି ଦୁର୍ଘଟଣା । ଖାଲି ସେତିକି ନୁହେଁ, ଏକ ଲକ୍ଷରୁ ଅଧିକ ଲୋକେ ଗୁରୁତର ଆହତ ହୋଇଛନ୍ତି । ଏହି ଆଧାରରେ ଦେଖିବାକୁ ଗଲେ, ଦୁର୍ଘଟଣାରେ ରାଜ୍ୟରେ ଦିନକୁ ହାରାହାରି ୧୬ ଜଣଙ୍କ ମୁଣ୍ଡ ଗଡ଼ୁଛି ।

୨୦୨୩ ମସିହାରେ ରାଜ୍ୟରେ ମୋଟ ୧୧ହଜାର




୯୯୨ଟି ସଡ଼କ ଦୁର୍ଘଟଣା ଘଟିଥିବା ବେଳେ ଏଥିରେ ୫ହଜାର ୭୩୯ଟି ଅମୂଲ୍ୟ ଜୀବନ ଯାଇଛି । ସେହିପରି ଗତବର୍ଷ ରାଜ୍ୟରେ ୧୨ ହଜାର ୩୭୫ଟି ସଡ଼କ ଦୁର୍ଘଟଣା ଘଟିଥିବା ବେଳେ ୬ ହଜାର ୧୪୨ଜଣ ପ୍ରାଣ ହରାଇଛନ୍ତି । ଚଳିତବର୍ଷ ଅର୍ଥାତ୍ ୨୦୨୫ ଜୁଲାଇ ମଧ୍ୟରେ ୭୫୩୬ଟି ସଡ଼କ ଦୁର୍ଘଟଣାରେ ୩ ହଜାର ୮ ୯୧ ଲୋକ ମୃତ୍ୟୁବରଣ କରିଛନ୍ତି । ୨୦୨୪ ଓ ୨୦୨୫ର ଜାନୁୟାରୀରୁ ଜୁଲାଇ ମାସ ମଧ୍ୟରେ ହୋଇଥିବା ଦୁର୍ଘଟଣା ତଥ୍ୟ ତୁଳନା କରିବା ପରେ ସାଙ୍ଘାତିକ କଥା ପଦାକୁ ଆସିଛି । ଗତବର୍ଷ ତୁଳନାରେ ଚଳିତବର୍ଷ ରାଜ୍ୟରେ ଦୁର୍ଘଟଣା ହାର ୬.୭୫ ପ୍ରତିଶତ ବୃଦ୍ଧି ପାଇଛି । ଦୁର୍ଘଟଣା ହାର ବୃଦ୍ଧି ପାଇବା ରାଜ୍ୟରେ ସଡ଼କ ଦୁର୍ଘଟଣାର ଚିନ୍ତାଜନକ ସ୍ଥିତି ସାମ୍ନାକୁ ଆସିଛି ।

ସେପଟେ ୨୦୨୩ ମସିହା ତଥ୍ୟକୁ ଦେଖିଲେ, ସମୁଦାୟ ଦୁର୍ଘଟଣାର ୩୭ ପ୍ରତିଶତ ଦୁର୍ଘଟଣା ଜାତୀୟ ରାଜପଥରେ ଘଟିଛି । ଆଉ ୩୭ ପ୍ରତିଶତ ବା ପ୍ରାୟ ୨୧୦୦ ଜଣ ଜାତୀୟ ରାଜପଥରେ ହିଁ ପ୍ରାଣ ହରାଇଛନ୍ତି । ସେହିବର୍ଷ ଅକ୍ଟୋବରରୁ ଫେବୃୟାରୀ ମଧ୍ୟରେ ସର୍ବାଧିକ ଦୁର୍ଘଟଣା ଓ ତଦ୍‌ଜନିତ ମୃତ୍ୟୁ ହୋଇଥିବା ତଥ୍ୟରୁ ଜଣାପଡ଼ିଛି । ଏଭଳି ହେବାର କାରଣ ମଧ୍ୟ ଆଶ୍ଚର୍ଯ୍ୟଜନକ । ଅକ୍ଟୋବରରୁ ଫେବୃୟାରୀ ମଧ୍ୟରେ ପର୍ଯ୍ୟଟନ ଋତୁ ହୋଇଥିବାରୁ ଜାତୀୟ ରାଜପଥରେ ଅଧିକ ଗାଡ଼ି ଚଳାଚଳ କରୁଛି । ଲୋକମାନେ ବଣଭୋଜି ଓ ତୀର୍ଥସ୍ଥଳୀ ସ୍ଥଳକୁ ଯାଉଥିବା ବେଳେ କୁହୁଡ଼ି ଯୋଗୁଁ ରାସ୍ତା ଠିକ୍‌ରେ ଦୃଶ୍ୟମାନ ହେଉନାହିଁ । ଫଳରେ ଦୁର୍ଘଟଣା ଘଟି ଧନଜୀବନ ହାନି ହେଉଛି । ସେହିପରି ରାଜପଥରେ ବେଆଇନ ପାର୍କିଂ ଓ ମଦ୍ୟପାନ ଜନିତ ଗାଡ଼ି ଚାଳନା ଏହାର ଅନ୍ୟତମ କାରଣ । ରାଜ୍ୟରେ ୧୯୫ଟି ବ୍ଲାକସ୍ପଟ୍ ଚିହ୍ନଟ ହୋଇଥିବା ବେଳେ ସେଠାରେ ଯେପରି ଭାବେ ସତର୍କତା ଅବଲମ୍ବନ କରିବା କଥା, ତାହା କରାନଯିବା ମଧ୍ୟ ଆଉ ଏକ କାରଣ ବୋଲି କୁହାଯାଉଛି ।

### ଆଜିଠୁ ଶୂନ୍ୟ ମୃତାହତ ପକ୍ଷ

ଭୁବନେଶ୍ୱର, ୧୫ ।୧୧(ସମିସ): ଆସନ୍ତା ୧୬ରୁ ୩୦ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ଶୂନ୍ୟ ମୃତାହତ ପକ୍ଷ ପାଳନ ହେବ । ବାଣିଜ୍ୟ ଓ ପରିବହନ ବିଭାଗ ପକ୍ଷରୁ ଏନେଇ ସାରା ରାଜ୍ୟରେ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ । ଏହି ସମୟରେ, ୪ଟି 'ଇ' ଯଥା- ଏନଫୋର୍ସମେଣ୍ଟ, ଇଂଜିନିୟରିଂ, ଏଜୁକେସନ୍ ଓ ଏମର୍ଜେନ୍ସି କେୟାର୍‌କୁ ପ୍ରାଧାନ୍ୟ ଦିଆଯିବ । ବିଭାଗୀୟ ମନ୍ତ୍ରୀ ବିଭୂତି ଭୂଷଣ ଜେନା ଆଜି ଏହି ସୂଚନା ଦେଇଛନ୍ତି । ଆଜି ଏ ସମ୍ପର୍କରେ ଅନୁଷ୍ଠିତ ଏକ ବୈଠକରେ ମନ୍ତ୍ରୀ ଶ୍ରୀ ଜେନା ବିଭାଗୀୟ ପ୍ରମୁଖ ଶାସନ ସଚିବ ଉଷା ପାଢ଼ୀ ଏବଂ ପରିବହନ କମିଶନର ଅମିତାଭ ଠାକୁରଙ୍କ ସହ ଆଲୋଚନା କରିଛନ୍ତି । ଶୂନ୍ୟ ମୃତାହତ ପକ୍ଷ ପାଳନକୁ ସଫଳ କରିବା ନେଇ ମନ୍ତ୍ରୀ ଶ୍ରୀ ଜେନା ବିଭିନ୍ନ ପରାମର୍ଶ ଦେଇଛନ୍ତି । ସୂଚନାନୁଯାୟୀ, ଏହି ଅବଧି ମଧ୍ୟରେ ସଡ଼କ ନିୟମ ଉଲ୍ଲଙ୍ଘନକାରୀଙ୍କ ବିରୋଧରେ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରାଯିବ । ସାରା ରାଜ୍ୟରେ ଯାଞ୍ଚ ପ୍ରକ୍ରିୟାକୁ କଡ଼ାକଡ଼ି କରାଯିବ । ଏଥିପାଇଁ ସମସ୍ତ ଜିଲ୍ଲା ପ୍ରଶାସନକୁ ବିଭାଗ ପକ୍ଷରୁ ଏକ ମାର୍ଗଦର୍ଶିକା ପ୍ରଦାନ କରାଯାଇଛି ।

## ବାଇକ୍‌କୁ ଧକ୍କା ଦେଲା ଟ୍ରକ୍; ୩ ମୃତ

ପରଜଙ୍ଗ,୧୫ ।୧୧(ସମିସ): ୫୯ ନମ୍ବର ଜାତୀୟ ରାଜପଥର ପରଜଙ୍ଗ ଥାନା ଦଦରାଘାଟି ଫାଣ୍ଡି ଅନ୍ତର୍ଗତ ଜିଏମ୍ ଆଇରନ କାରଖାନା ସମ୍ମୁଖରେ ଅଜଣା ଟ୍ରକ୍ ଧକ୍କାରେ ୩ ଯୁବକଙ୍କ ଶୋଚନୀୟ ମୃତ୍ୟୁ ଘଟିଛି । ୩ ଜଣଯାକ ଏକ ବାଇକ୍ ଯୋଗେ ଯାଉଥିବା ବେଳେ ଏକ ଟ୍ରକ୍ ଦ୍ରୁତଗତିରେ ଆସି ସେମାନଙ୍କୁ ଧକ୍କା ଦେଇଥିଲା । ଫଳରେ ଘଟଣାସ୍ଥଳରେ ସମସ୍ତଙ୍କ ମୃତ୍ୟୁ ହୋଇଯାଇଥିଲା । ମୃତକମାନଙ୍କ ପରିଚୟ ମିଳିନାହିଁ । ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି ।

## ଯୁବକଙ୍କ ଯୌନାଙ୍ଗ କାଟି ମାରିଦେଲେ

ବୀରମହାରାଜପୁର, ୧୫।୧୧ (ସମିସ): ଯୁବକଙ୍କ ଯୌନାଙ୍ଗ କାଟି ହତ୍ୟା । ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଥାନା ଅଞ୍ଚଳରେ ଆଜି ଏପରି ଏକ ଘଟଣା ଘଟିଛି । ମୃତକ ହେଲେ, ଭଜବଲପୁର ଗାଁର ରାକେଶ ବରିହା (୨୫) । ରଥପୁର ଛକ ନିକଟସ୍ଥ ରୁଗୁଡ଼ିମୁଣ୍ଡା ବନ୍ଧହିଡ଼ରୁ ତାଙ୍କ ମୃତଦେହ ଉଦ୍ଧାର ହୋଇଛି । ସୂଚନାନୁଯାୟୀ, ସକାଳୁ ବନ୍ଧହିଡରେ ରାକେଶଙ୍କ ମୃତଦେହ ପଡ଼ିଥିବା ରାସ୍ତାରେ ଯାଉଥିବା କିଛି ଲୋକ ଦେଖି ପୁଲିସକୁ ଖବର ଦେଇଥିଲେ । ବୀରମହାରାଜପୁର ପୁଲିସ ଘଟଣାସ୍ଥଳରେ ପହଞ୍ଚି ତନାଘନା କରିଥିଲା । ରାକେଶଙ୍କ ମୁଣ୍ଡ ଓ ବାମ ଆଖିରେ ଆଘାତ ଲାଗିଥିବା ବେଳେ ତାଙ୍କ ଯୌନାଙ୍ଗକୁ କାଟି ଦିଆଯାଇଥିଲା । ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି । ବ୍ୟବଚ୍ଛେଦ ପରେ ଅପରାହ୍ଣରେ ରାକେଶଙ୍କ ଶବକୁ ତାଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି । ପୁଲିସ ଏହି ହତ୍ୟାକାଣ୍ଡର ସବୁ ଦିଗକୁ ନେଇ ତଦନ୍ତ ଚଳାଇଛି । କିଛି ସ୍ଥାନୀୟ ଲୋକଙ୍କ କହିବାନୁଯାୟୀ, ସକାଳ ସାଢ଼େ ୪ଟାରେ ମର୍ଣ୍ଣିଂୱାକ୍‌ରେ ଗଲା ବେଳେ ସେମାନେ ବନ୍ଧ ପାଖରେ ଏକ ବଲୋରୋ ଗାଡ଼ି ଛିଡ଼ା ହୋଇଥିବା ଦେଖିବାକୁ ପାଇଥିଲେ । ଦୁର୍ବୃତ୍ତମାନେ ରାକେଶଙ୍କୁ ଅନ୍ୟତ୍ର ହତ୍ୟା କରିବା ପରେ ଉକ୍ତ ଗାଡ଼ିରେ ଏଠାରେ ଫିଙ୍ଗି ଦେଇଥିବା ପୁଲିସ ସନ୍ଦେହ କରୁଛି । ତେଣୁ ପୁଲିସ ଉକ୍ତ ଗାଡ଼ିକୁ ଠାବ କରିବା ପାଇଁ ଚେଷ୍ଟା ଚଳାଇଛି । ସେହିପରି ରାକେଶଙ୍କ ସହ କାହାର ଶତ୍ରୁତା ଥିଲା, ସେନେଇ ତାଙ୍କ ପରିବାରଲୋକଙ୍କୁ ମଧ୍ୟ ପୁଲିସ ପଚରାଉଚରା କରିଛି । ଘଟଣାର ଅଧିକ ତଦନ୍ତ ଜାରି ରହିଛି ଏବଂ ଖୁବ୍‌ଶୀଘ୍ର ଅଭିଯୁକ୍ତମାନେ ଧରାପଡ଼ିବେ ବୋଲି ବୀରମହାରାଜପୁର ଥାନା ଅଧିକାରୀ କହିଛନ୍ତି ।

## ରାଜ୍ୟସ୍ତରୀୟ ଜନଜାତୀୟ ଗୌରବ ଦିବସ

# ସ୍ୱାଧୀନତା ସଂଗ୍ରାମରେ ବିର୍ସା ମୁଣ୍ଡା ଏକ ସ୍ୱତନ୍ତ୍ର ଫର୍ଦ୍ଦ ଯୋଡ଼ିଥିଲେ: ମୁଖ୍ୟମନ୍ତ୍ରୀ

ରାଉରକେଲା, ୧୫ ।୧୧ (ସମିସ): ଜଣେ ଦେଶପ୍ରେମୀ ସଂଗ୍ରାମୀ ଭାବେ ବିର୍ସା ମୁଣ୍ଡା ଭାରତ ଇତିହାସରେ ସବୁଦିନ ପାଇଁ ଅମର ହୋଇ ରହିଛନ୍ତି । ବ୍ରିଟିଶ୍ ସରକାରର ଅନ୍ୟାୟ, ଅତ୍ୟାଚାରକୁ ସେ ଦୃଢ଼ ବିରୋଧ କରୁଥିଲେ । ବିହାର, ଝାଡ଼ଖଣ୍ଡ ଅଞ୍ଚଳର ସଂଗ୍ରାମୀମାନଙ୍କୁ ନେଇ ଏକ ବଡ଼ଧରଣର ବିପ୍ଳବ କରି ସେ ଦେଶର ସ୍ୱାଧୀନତା ସଂଗ୍ରାମ ଇତିହାସରେ ଏକ ସ୍ୱତନ୍ତ୍ର ଫର୍ଦ୍ଦ ଯୋଡ଼ିଥିଲେ । ସହିଦ ବିର୍ସା ମୁଣ୍ଡାଙ୍କ ୧୫୧ତମ ଜୟନ୍ତୀ ଅବସରରେ ରାଉରକେଲାଠାରେ ଆୟୋଜିତ ରାଜ୍ୟସ୍ତରୀୟ 'ଜନଜାତୀୟ ଗୌରବ ଦିବସ'ରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଏହା କହିଛନ୍ତି ।



■ ୧୩୪୫ କୋଟିର ପ୍ରକଳ୍ପ ଉଦ୍‌ଘାଟନ
■ ହନୁମାନ ବାଟିକା-ପାୱାର ହାଉସ୍ ରାସ୍ତା ଭଗବାନ ବିର୍ସା ମୁଣ୍ଡାଙ୍କ ନାମରେ ନାମିତ

ଭଗବାନ ବିର୍ସା ମୁଣ୍ଡାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଜଣାଇ ମୁଖ୍ୟମନ୍ତ୍ରୀ ଆହୁରି କହିଥିଲେ ଯେ କିଶୋର ବୟସରୁ ବିର୍ସା ଉପନିବେଶବାଦୀ ଶୋଷଣ ବିରୋଧୀ ଜନପ୍ରତିରୋଧର ନେତୃତ୍ୱ ନେଇଥିଲେ । ବ୍ରିଟିଶ୍ ଶାସନ ଓ ସ୍ଥାନୀୟ ଜମିଦାରଙ୍କ ଶୋଷଣ ଓ ଅତ୍ୟାଚାରରେ ନିଷ୍ପେସିତମାନଙ୍କ ସାମାଜିକ ଓ ଆର୍ଥିକ ଅଧିକାର ପାଇଁ ଲଢ଼େଇ ଜାରି ରଖିଥିଲେ । ବିର୍ସାଙ୍କ ବିଦ୍ରୋହ ଝାଡ଼ଖଣ୍ଡ, ଓଡ଼ିଶା, ବିହାର, ପଶ୍ଚିମବଙ୍ଗ ଏବଂ ମଧ୍ୟପ୍ରଦେଶ ପର୍ଯ୍ୟନ୍ତ ବ୍ୟାପ୍ତ ଥିଲା । ଇଂରେଜ ସରକାର ବିରୋଧରେ ତାହା ଏକ ବିରାଟ ଆଦିବାସୀ ଆନ୍ଦୋଳନର ରୂପ ନେଇଥିଲା ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ସୁନ୍ଦରଗଡ଼ ଜିଲ୍ଲା ପାଇଁ ୧୩୪୫ କୋଟି ଟଙ୍କା ମୂଲ୍ୟର ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଉଦ୍‌ଘାଟନ କରିବା ସହ ୬୦୯ କୋଟି ଟଙ୍କା ମୂଲ୍ୟର ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହାସହ ରାଉରକେଲା ସହରର ହନୁମାନ ବାଟିକା ଛକରୁ ପାୱାର ହାଉସ୍ ଛକ ପର୍ଯ୍ୟନ୍ତ ରାସ୍ତାକୁ ଭଗବାନ ବିର୍ସା ମୁଣ୍ଡା ରାସ୍ତା ଭାବେ ନାମିତ କରିଛନ୍ତି ।

କାର୍ଯ୍ୟକ୍ରମରେ ଓଡ଼ିଶା ବିଧାନସଭାର ଉପବାଚସ୍ପତି ଭବାନୀ ଶଙ୍କର ଭୋଇ, ରାଉରକେଲା ବିଧାୟକ ସାରଦା ପ୍ରସାଦ ନାୟକ, ରଘୁନାଥପାଲି ବିଧାୟକ ଦୁର୍ଗାଚରଣ ତନ୍ତୀ ପ୍ରମୁଖ ଉପସ୍ଥିତ ଥିଲେ । ଅନୁସୂଚିତ ଜନଜାତି ଓ ଜାତି ଉନ୍ନୟନ ବିଭାଗର କମିଶନର ତଥା ଶାସନ ସଚିବ ବି. ପରମେଶ୍ୱରନ୍ ସ୍ୱାଗତ ଭାଷଣ ଦେଇଥିଲେ । ସୁନ୍ଦରଗଡ଼ ଜିଲ୍ଲାପାଳ ଡ. ଶୁଭଙ୍କର ମହାପାତ୍ର ଉପସ୍ଥିତ ଥିଲେ ।

ସୂଚନାଯୋଗ୍ୟ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଗୁଜରାଟରୁ ସହିଦ ବିର୍ସା ମୁଣ୍ଡାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରି ଦେଶବାସୀଙ୍କୁ ଉଦ୍‌ବୋଧନ ଦେଇଛନ୍ତି ।

## ଏସ୍‌ଆଇ ଚାକିରି ବିକ୍ରି ଘଟଣା

# ତୁରନ୍ତ ପରୀକ୍ଷା ଦାବିରେ ଆଶାୟୀଙ୍କ ଆନ୍ଦୋଳନ

ଭୁବନେଶ୍ୱର,୧୫ ।୧୧(ସମିସ): ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ରାକେଟ୍ ଧରା ପଡ଼ିଲା; କ୍ରାଇମ୍‌ବ୍ରାଞ୍ଚ ଠାରୁ ତଦନ୍ତ ଭାର ସିବିଆଇ ନେଲା । ହେଲେ ପରୀକ୍ଷା କେବେ ହେବ ଏବଂ କିଏ ପରୀକ୍ଷା ପରିଚାଳନା କରିବ ସେ ସମ୍ପର୍କରେ କେହି ପଦୁଟିଏ କହୁନାହାନ୍ତି । ବାରମ୍ବାର ଦାବି ସତ୍ତ୍ୱେ ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ (ଓପିଆର୍‌ବି) ପକ୍ଷରୁ କୌଣସି ଉତ୍ତର ନ ପାଇବା ପରେ ଆଶାୟୀମାନେ ଆନ୍ଦୋଳନକୁ ଓହ୍ଲାଇଛନ୍ତି । ଭୁବନେଶ୍ୱରରେ ଥିବା ଓପିଆର୍‌ବି କାର୍ଯ୍ୟାଳୟ ସମ୍ମୁଖରେ ବିଳମ୍ବିତ ରାତି ପର୍ଯ୍ୟନ୍ତ ଆନ୍ଦୋଳନ କରୁଥିବା ଆଶାୟୀମାନେ ପରୀକ୍ଷା କେବେ ହେବ, ସେନେଇ ସ୍ପଷ୍ଟୀକରଣ ଦେବାକୁ ଦାବି କରିଛନ୍ତି ।

ଆଶାୟୀଙ୍କ କହିବା କଥା, ଚାକିରି ବିକ୍ରି ଘଟଣାରେ ସିବିଆଇ ତଦନ୍ତ ଆରମ୍ଭ କରିଛି । ରାକେଟ୍‌ର ମୂଳ ପର୍ଯ୍ୟନ୍ତ ତଦନ୍ତକାରୀ ସଂସ୍ଥା କେବେ ପହଞ୍ଚିବ ଓ କେବେ ତଦନ୍ତ ସରିବ, ସେନେଇ କୌଣସି ସ୍ପଷ୍ଟତା ନାହିଁ । ୨୦୨୪ ଡିସେମ୍ବରରେ ୯୩୩ଟି ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇବାକୁ ପ୍ରାୟ ବର୍ଷେ ପୂରିବ । ଏହାରି ମଧ୍ୟରେ ଦୁଇ ଥର ପରୀକ୍ଷା ବାତିଲ୍ ହେଲାଣି । ଅନିଶ୍ଚିତତା ମଧ୍ୟରେ ଥିବା ଏହି ପରୀକ୍ଷା ପାଇଁ ପଢ଼ିବା ସହ ଶାରିରୀକ ପ୍ରସ୍ତୁତି ଜାରି ରଖିଥିବା ପିଲାଙ୍କ ମାନସିକ ସ୍ଥିତିକୁ ଦୁର୍ବଳ କରୁଛି । ଗୋଟିଏ ପଟେ ତଦନ୍ତ ଚାଲୁଥିବାବେଳେ ସମାନ୍ତରାଳ ଭାବେ ପୁନଃ ପରୀକ୍ଷା ପାଇଁ କୌଣସି ପଦକ୍ଷେପ ନିଆଯାଉନି । ଏଣୁ ତ୍ୱରିତ ପରୀକ୍ଷା ପାଇଁ ପଦକ୍ଷେପ ନେବା ସହ ପରୀକ୍ଷା କେବେ ହେବ ସେନେଇ ଲିଖିତ ଭାବେ ଜଣାଇବାକୁ ଆଶାୟୀମାନେ ଦାବି କରିଛନ୍ତି । ସକାଳୁ ଆନ୍ଦୋଳନରେ ବସିଥିବା ଆଶାୟୀଙ୍କ ସହ ବିଳମ୍ବିତ ରାତି ଅର୍ଥାତ୍ ଖବର ଲେଖା ହେବା ପର୍ଯ୍ୟନ୍ତ ଓପିଆର୍‌ବି ଅଧ୍ୟକ୍ଷ ଆଲୋଚନା ନ କରିବାକୁ ନେଇ ଆଶାୟୀମାନେ ଅସନ୍ତୋଷ ଝାଡ଼ିଛନ୍ତି । ବ୍ୟାପକ କେଲେଙ୍କାରୀରେ ସମ୍ପୃକ୍ତ ଓପିଆର୍‌ବି ଅଧ୍ୟକ୍ଷଙ୍କୁ ପଦଚ୍ୟୁତ କରି ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ପାଇଁ ସେମାନେ ଦାବି କରିଛନ୍ତି ।



■ ଆଶାୟୀଙ୍କ ସହ ଆଲୋଚନା କଲେନି ଓପିଆର୍‌ବି ଅଧ୍ୟକ୍ଷ
■ ଅଧ୍ୟକ୍ଷଙ୍କୁ ପଦଚ୍ୟୁତ କରି ପ୍ରକ୍ରିୟା ତ୍ୱରାନ୍ୱିତ କରିବାକୁ ଦାବି

ସରକାର ଗଠନ ଠାରୁ ଦୁଇ ବର୍ଷ ମଧ୍ୟରେ ୬୫ ହଜାର ନିଯୁକ୍ତି ଦେବାକୁ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ । ହେଲେ ଦୀର୍ଘ ବର୍ଷେ ହେବ କୌଣସି ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇନାହିଁ । ରାଜ୍ୟର ମେଧାବୀ ଛାତ୍ରଛାତ୍ରୀଙ୍କ ଜୀବନ ସହ ଖେଳିବାର ଅଧିକାର କାହାର ନାହିଁ; ସରକାର ମଧ୍ୟ ସେମାନଙ୍କ ଜୀବନ ସହ ଖେଳିବାକୁ ପ୍ରୟାସ ନ କରନ୍ତୁ ବୋଲି ଆଶାୟୀମାନେ ଚେତାବନୀ ଦେଇଛନ୍ତି ।

## ସ୍ୱତନ୍ତ୍ର ଓଟିଇଟି ପାସ୍ କଲେ ୪୮୧୫୩

କଟକ,୧୫ ।୧୧(ସମିସ): ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ(ବୋର୍ଡ) ଦ୍ୱାରା ପରିଚାଳିତ ସ୍ୱତନ୍ତ୍ର ଓଡ଼ିଶା ଟିଚର୍ ଏଲିଜିବିଲିଟି ଟେଷ୍ଟ(ଓଟିଇଟି)-୨୦୨୫ର ଫଳ ଆଜି ପ୍ରକାଶ ପାଇଛି । ବୋର୍ଡ ୱେବ୍‌ସାଇଟ୍‌ରେ ଏହି ଫଳ ଉପଲବ୍ଧ କରାଯାଇଛି । ଏହି ପରୀକ୍ଷାର ଦୁଇଟି ପେପର୍‌ରେ ମୋଟ୍ ପାସ୍ ହାର ୬୬.୫୦ ପ୍ରତିଶତ ହୋଇଛି ଓ ମୋଟ ୪୮ ହଜାର୧୫୩ଜଣ ପରୀକ୍ଷାର୍ଥୀ କୃତକାର୍ଯ୍ୟ ହୋଇଛନ୍ତି । ଯୋଗ୍ୟ ପ୍ରାର୍ଥୀମାନେ ସେମାନଙ୍କ ଡିଜିଟାଲ ପ୍ରମାଣପତ୍ରକୁ ବୋର୍ଡ ୱେବ୍‌ସାଇଟ୍‌ରୁ ଆଜିଠାରୁ ୨୦୨୬ ଜାନୁଆରୀ୧୫ ପର୍ଯ୍ୟନ୍ତ ଡାଉନ୍‌ଲୋଡ୍ କରିପାରିବେ । ଅକୃତକାର୍ଯ୍ୟ ହୋଇଥିବା ପ୍ରାର୍ଥୀମାନେ ବୋର୍ଡ ୱେବସାଇଟ୍‌ରୁ ୨୨ ତାରିଖ ପର୍ଯ୍ୟନ୍ତ ସେମାନଙ୍କର ଓଏମ୍‌ଆର୍ ଉତ୍ତରଖାତାକୁ ଡାଉନଲୋଡ୍ କରିପାରିବେ ବୋଲି ବୋର୍ଡ ପକ୍ଷରୁ କୁହାଯାଇଛି ।

## ନୂଆପଡ଼ା ପରାଜୟ ପରେ କଂଗ୍ରେସରେ ଚାପା ଗୁଞ୍ଜରଣ

# ପ୍ରଶ୍ନ ଘେରରେ ଭକ୍ତଙ୍କ ରଣନୀତି

ଭୁବନେଶ୍ୱର, ୧୫।୧୧ (ସମିସ): ୨୦୨୪ ସାଧାରଣ ନିର୍ବାଚନରେ ଓଡ଼ିଶାରେ କଂଗ୍ରେସର ବିପର୍ଯ୍ୟୟ ପରେ ରାଜ୍ୟରେ କଂଗ୍ରେସର ମଙ୍ଗ ଧରିଥିଲେ ବରିଷ୍ଠ ନେତା ଭକ୍ତଚରଣ ଦାସ । ଭକ୍ତଙ୍କ ଆଗମନ ପରେ କଂଗ୍ରେସ ଶିବିର ଚଳଚଞ୍ଚଳ ହୋଇ ଉଠିଥିବା ବେଳେ ଦଳ ତାଙ୍କ ନେତୃତ୍ୱରେ ଭଲ କରିବ ବୋଲି ସାଧାରଣରେ ଏକ ଚର୍ଚ୍ଚା ଆଲୋଚନା ଆରମ୍ଭ ହୋଇଥିଲା । ମାତ୍ର ସଭାପତି ଦାୟିତ୍ୱ ଗ୍ରହଣ ପରେ ନୂଆପଡ଼ା ଉପନିର୍ବାଚନ ଭକ୍ତଙ୍କ ପାଇଁ ଏକ 'ଏସିଡ୍ ଟେଷ୍ଟ' ଥିଲା । ବିଭିନ୍ନ ସମୀକରଣକୁ ଦୃଷ୍ଟିରେ ରଖି ଉପନିର୍ବାଚନରେ କଂଗ୍ରେସରୁ ପ୍ରାର୍ଥୀ ହୋଇଥିବା ଘାସିରାମ ବିଜୟ ଲାଭ କରିବେ ବୋଲି ପିସିସି ସଭାପତି ଭକ୍ତଚରଣ ଦାସ ଏବଂ ଦଳର ଅନ୍ୟନେତାମାନେ ଦୃଢ଼ୋକ୍ତି ପ୍ରକାଶ କରିଥିଲେ । ମାତ୍ର ନୂଆପଡ଼ା ଫଳ ବାହାରିବା ସହ ଭକ୍ତଙ୍କ ସବୁ ରଣନୀତି ଫେଲ୍ ମାରିଛି । ଦଳ ଦ୍ୱିତୀୟ ସ୍ଥାନରେ ରହିବା ଭକ୍ତ ତଥା କଂଗ୍ରେସ ପାଇଁ ଏକମାତ୍ର ଭଲ ଖବର ହୋଇଥିଲେ ହେଁ ନିର୍ବାଚନୀ ବିଫଳତା ପରେ ଦଳରେ ତାଙ୍କର ନିର୍ବାଚନ ପରିଚାଳନା ଓ ରଣନୀତିକୁ ନେଇ ପ୍ରଶ୍ନ ଉଠିଛି ।

ଗତ ୨୦୨୪ ସାଧାରଣ ନିର୍ବାଚନରେ ଘାସିରାମ ମାଝୀ ସ୍ୱାଧୀନ ଭାବେ ଲଢ଼ି ୫୦,୯୪୧ ଖଣ୍ଡ ଭୋଟ ପାଇଥିବା ବେଳେ ଦଳୀୟ ପ୍ରାର୍ଥୀ ଶରତ ପଟ୍ଟନାୟକ ୧୫,୫୦୧ ଖଣ୍ଡ ଭୋଟ ପାଇଥିଲେ । ଅର୍ଥାତ୍ କଂଗ୍ରେସ ପାଖରେ ମୋଟ ୬୬,୪୪୨ ଖଣ୍ଡ ଭୋଟ ଥିଲା । ମାତ୍ର ବର୍ଷଟିଏ ମଧ୍ୟରେ ଉଭୟ ଘାସିରାମ ଏବଂ କଂଗ୍ରେସର

■ ଦେଢ଼ ବର୍ଷରେ ୨୬ ହଜାର ଭୋଟ୍ ହରାଇଛି ଦଳ
■ ଖରାପ ପ୍ରଦର୍ଶନର ଏକାଧିକ କାରଣ ଦର୍ଶାଇଲେ ସମୀକ୍ଷକ


ମିଳିତ ଭୋଟ ପ୍ରାୟ ୨୬ ହଜାର ହ୍ରାସ ପାଇଛି । ନୂଆପଡ଼ାରେ କଂଗ୍ରେସର ପରାଜୟ ପଛରେ ଭକ୍ତଙ୍କ ଅତ୍ୟଧିକ ଆତ୍ମବିଶ୍ୱାସ, ଅର୍ଥର ଘୋର୍ ଅଭାବ ଏବଂ କେନ୍ଦ୍ରୀୟ ନେତାଙ୍କ ଓଡ଼ିଶା ପ୍ରତି ଅନାଗ୍ରହ କାରଣରୁ କଂଗ୍ରେସ ଆଶାନୁଯାୟୀ ଫଳ ପାଇପାରିଲା ନାହିଁ ବୋଲି ଆଲୋଚନା ଜୋର୍ ଧରିଛି । ଏହିକ୍ରମରେ ରାଜ୍ୟ କଂଗ୍ରେସର କିଛି ବରିଷ୍ଠ ନେତାଙ୍କର ମତାମତକୁ ନେଇ ଦଳରେ ଚାପା ଗୁଞ୍ଜରଣ ଆରମ୍ଭ ହୋଇଛି ।

ପୂର୍ବତନ ପିସିସି ସଭାପତି ନିରଞ୍ଜନ ପଟ୍ଟନାୟକ କହିଛନ୍ତି ଯେ ବିଜେପି ପାଇଁ ଛତିଶଗଡ଼ ମୁଖ୍ୟମନ୍ତ୍ରୀ ପ୍ରଚାର କରିବାକୁ ଆସିଲେ । ବିଜେଡି ପାଇଁ ନବୀନ ପଟ୍ଟନାୟକ ଦୁଇ ଦୁଇଥର ପ୍ରଚାର କଲେ; ମାତ୍ର ଆମେ ସେହିଭଳି ସଭା କରିପାରିଲୁ ନାହିଁ । ସେହିପରି ଆଦିବାସୀ ଭୋଟ ବ୍ୟାଙ୍କକୁ ଗତଥର ପରି ନିଜ ପାଖରେ ରଖି ପାରିଲୁ ନାହିଁ ବୋଲି କହିଛନ୍ତି ବରିଷ୍ଠ ନେତା ସନ୍ତୋଷ ସିଂ ସାଲୁଜା । ନିଜେ ଘାସିରାମ ମଧ୍ୟ ନିର୍ବାଚନରେ ଟଙ୍କାର ଘୋର ଅଭାବ ଏବଂ କେନ୍ଦ୍ରୀୟ ନେତୃତ୍ୱଙ୍କ ସହଯୋଗ ନେଇ ନିଜର ବକ୍ତବ୍ୟ ରଖି ସାରିଛନ୍ତି । ଅପରପକ୍ଷେ ପିସିସି ସଭାପତି ଭକ୍ତଚରଣ ଦାସ କିନ୍ତୁ ଏନେଇ ଭିନ୍ନ ମତ ରଖିଛନ୍ତି । ସେ କହିଛନ୍ତି ଯେ ଆମେ ହିଁ ରାଜ୍ୟରେ ମୁଖ୍ୟ ବିରୋଧୀ ଦଳ । ଆମେ ହିଁ ବିଜେପିର ପ୍ରକୃତ ବିକଳ୍ପ ବୋଲି ପ୍ରମାଣିତ କରିଛୁ ।

## ବିଲରୁ ଛାଡୁନି ପାଣି; କେମିତି କରିବେ ଅମଳ

# ଗଜା ଧାନରେ ନିଆଁ ଲଗାଇଦେଲା ଚାଷୀ

ଧରାକୋଟ, ୧୫ ।୧୧(ସମିସ): ଆଖି ଆଗରେ ବର୍ଷକର ପରିଶ୍ରମ ବରବାଦ ହୋଇଗଲା । ବିଲରୁ ପାଣି ନ ଛାଡ଼ିବାରୁ ଏକର ଏକର ଜମିରେ ଧାନରୁ ଗଜା ବାହାରିଗଲା । ଦଇବ ଯାହା ଦାଉ ସାଧିଲା, ତାକୁ ଆଉ କେତେ ଦିନ ଧରି ବସିବ ଭାବି ବିଲରେ ନିଆଁ ଲଗାଇଦେଲା ଚାଷୀ । ଗଞ୍ଜାମ ଜିଲ୍ଲା ଧରାକୋଟ ବ୍ଲକ୍‌ରେ ଏମିତି ଦୃଶ୍ୟ ଦେଖିବାକୁ



ମିଳିଛି । ଧରାକୋଟ ବ୍ଲକର ଧରାକୋଟ, ମୁଣ୍ଡମରାଇ, ଶରଧାପୁର, ବାହାରପୁର, ମାଣିକପୁର, ମଛାକୋଟ, ଡଉଗାଁ ଆଦି ପଞ୍ଚାୟତରେ ଥିବା କେନାଲ ପାର୍ଶ୍ୱ ଜମି, ଗହୀର ମଥାରେ ଥିବା ଚାଷ ଜମି ବର୍ତ୍ତମାନ ସୁଦ୍ଧା ପାଣି ଘେରରେ ରହିଛି । ଧାନ ପାଣିରେ ଲୋଟି ରହିଛି । ପାଣି ଛାଡ଼ି ନଥିବାରୁ ମେସିନ ସାହାଯ୍ୟରେ କିମ୍ବା ଲୋକଙ୍କ ଦ୍ୱାରା ଚାଷୀ ଧାନ କାଟି ପାରୁନାହିଁ । ଫଳରେ ଦିନକୁ ଦିନ ଅଧିକ ପରିମାଣରେ ଧାନ ଗଜା ହେବାରେ ଲାଗିଛି ।

ଚଳିତବର୍ଷ ଆବଶ୍ୟକତାଠାରୁ ଅଧିକ ବର୍ଷା ହେବାରୁ ଚାଷୀର ମେରୁଦଣ୍ଡ ଦୋହଲି ଯାଇଛି । ଯଦିଓ ଧାନ ଫସଲ ଭଲ ହୋଇଛି ଏବଂ ଠିକ ସମୟରେ ଲଘୁଚାପ ଟଳି ଯିବାରୁ ଅମଳ ପାଇଁ ପାଗ ଅନୁକୂଳ ରହିଛି; ହେଲେ ଗହୀରିଆ ଜମିରୁ ଏଯାଏଁ ପାଣି ଛାଡ଼ିନି । ଫଳରେ ଦୀର୍ଘ ଦିନ ଧରି ଧାନ ଗଛ ସବୁ ଭୂମିରେ ଲୋଟି ରହିବାରୁ ଅଧିକାଂଶ ଜମିରେ ଧାନ ଗଜା ହୋଇଗଲାଣି । ଆଖି ଆଗରେ ବର୍ଷକର ଫସଲ ଉଜୁଡ଼ି ଯାଉଥିବା ଦେଖି ଚାଷୀ ମନ ଥୟ ଧରୁନି । ତେଣୁ, ଦଇବକୁ ଦୋଷ ଦେଇ ନିଜ ହାତରେ କରିଥିବା ଫସଲରେ ନିଆଁ ଲଗାଇ ଦେଉଛି । ଚାଷୀଙ୍କ କହିବା କଥା, ଧାନ ତ ଆଉ ଅମଳ ହେବନି, ତେଣୁ ନିଆଁ ଲଗାଇଦେଲୁ । ଜମି ଶୁଖିଲେ ବିରି, ମୁଗ ବୁଣି କିଛି ରୋଜଗାର ହେବ । କିନ୍ତୁ କିଛି ଚାଷୀ ଧୈର୍ଯ୍ୟ ହରାଇନାହାନ୍ତି । ଜମିରୁ ପାଣି ନିଷ୍କାସନ ପାଇଁ ନାଳ ବାହାର କରି ଅପେକ୍ଷାରେ ଅଛନ୍ତି । ଅନ୍ୟପଟରେ ପ୍ରଶାସନ ତରଫରୁ ଚଳିତ ବର୍ଷ କ୍ଷୟକ୍ଷତି ଆକଳନ ପାଇଁ ଏପର୍ଯ୍ୟନ୍ତ ତତ୍ପରତା ପ୍ରକାଶ ପାଇନାହିଁ । ଏଣୁ ଚାଷୀ ହତୋତ୍ସାହିତ ହୋଇ ନିଜ ଆଖି ଆଗରେ ନଷ୍ଟ ହୋଇଯାଇଥିବା ଫସଲରେ ନିଆଁ ଲଗାଇ ଦେଉଥିବା ଦେଖିବାକୁ ମିଳିଛି ।

# ପୁଲିସ କବ୍‌ଜାରେ ବିହାରୀ ବନ୍ଧୁକ ବିକ୍ରି ଗ୍ୟାଙ୍ଗ୍

ଭୁବନେଶ୍ୱର,୧୫।୧୧(ସମିସ): କମିସନରେଟ୍ ପୁଲିସ ପଞ୍ଝାରେ ବନ୍ଧୁକ ବେପାରୀ । ଭୁବନେଶ୍ୱର ମାଳିସାହି ନିକଟରୁ ସ୍ପେସାଲ କ୍ରାଇମ୍ ୟୁନିଟ୍ ଆଜି ଦୁଇ ବନ୍ଧୁକ ବେପାରୀଙ୍କୁ ଗିରଫ କରିଛି । ସେମାନେ ହେଲେ, ବିହାର ରାଜ୍ୟ ଖଗରିଆ ଜିଲ୍ଲାର ଦିବ୍ୟାଂଶୁ କୁମାର ଏବଂ ଚନ୍ଦନ କୁମାର । ସେମାନଙ୍କ ନିକଟରୁ ପୁଲିସ ଗୋଟିଏ

■ ୨ ଗିରଫ; ଗ୍ରାହକ ବେଶରେ ମାଡି ବସିଲା ପୁଲିସ
■ ଗୋଟିଏ କାର୍ବାଇନ୍ ରାଇଫଲ୍, ଦୁଇ ମାଗାଜିନ୍, ୫ମାଉଜର, ୯ ଗୁଳି ଜବତ
■ ମାଳିସାହି ନିକଟରେ ହୋଇଥିଲା ଡିଲ୍

କାର୍ବାଇନ୍ ରାଇଫଲ, ୫ଟି ମାଉଜର୍, ୯ଟି ଗୁଳି ଜବତ କରିଛି । ବନ୍ଧୁକ ଡେଲିଭରି ଦେବାକୁ ଆସିଥିବା ବେଳେ ଗ୍ରାହକ ବେଶରେ ପୁଲିସ ଦୁହିଁଙ୍କୁ ଗିରଫ କରିଛି । ଭୁବନେଶ୍ୱର, କଟକ, ଖୋର୍ଦ୍ଧା, ଜଗତସିଂହପୁର ସମେତ ରାଜ୍ୟର ବିଭିନ୍ନ ସ୍ଥାନରୁ ଏମାନଙ୍କ ଚେର ଲମ୍ବିଥିବା ପୁଲିସ ଜାଣିବାକୁ ପାଇଛି । ଏମାନେ କିଛି ନାମୀ ଦାମୀ ଅପରାଧୀଙ୍କୁ ବନ୍ଧୁକ ବିକୁଥିଲେ । ତେବେ ଏମାନଙ୍କ ସହ ଆଉ କିଏ କିଏ ସାମିଲ ଅଛନ୍ତି, ଏମାନେ କେଉଁଠୁ ବନ୍ଧୁକ ଆଣିଥିଲେ, ଏଠି କାହାକୁ ଦେଇଥା'ନ୍ତେ, ଆଗରୁ କେତେଥର ବନ୍ଧୁକ ବିକିଛନ୍ତି, ସେ



ସଂପର୍କରେ ପୁଲିସ ଉଭୟଙ୍କୁ ଜେରା କରୁଥିବା ପୁଲିସ କମିସନର ଏସ୍. ଦେବଦତ୍ତ ସିଂ ସୂଚନା ଦେଇଛନ୍ତି ।

ଅଭିଯୁକ୍ତଦ୍ୱୟ ବିହାରରୁ ବନ୍ଧୁକ ଆଣି ଏଠାରେ ବିକ୍ରି କରନ୍ତି । ଏମାନେ କେବଳ ସପ୍ଲାୟର୍ । କଟକ, ଭୁବନେଶ୍ୱର ଓ ଆଖପାଖ ଅଞ୍ଚଳର ବହୁ ଅପରାଧୀଙ୍କୁ ଏମାନେ ଏକାଧିକବାର ବନ୍ଧୁକ ଯୋଗାଇଛନ୍ତି । ହେଲେ କେବେ ଧରାପଡ଼ିନାହାନ୍ତି । ନିକଟ ଅତୀତରେ ପୁଲିସ ବନ୍ଧୁକ ରଖିଥିବା ଜଣେ ଯୁବକକୁ ଧରିଥିଲା । ତା' ସୂଚନା ଆଧାରରେ ପୁଲିସ ଏହି ବିହାରୀ ବନ୍ଧୁକ ବ୍ୟବସାୟୀଙ୍କ ପାଖରେ ପହଞ୍ଚିଥିବା ଜଣାଯାଇଛି । ଦୀର୍ଘ ଦିନ ହେବ ପୁଲିସ ଏହି ଗ୍ୟାଙ୍ଗ୍ ଉପରେ ନଜର ରଖିଥିଲା । କିନ୍ତୁ ସେମାନେ ବିହାର ପଳାଇଥିବାରୁ ପୁଲିସ ପାଉନଥିଲା । ତେଣୁ ସେମାନଙ୍କୁ ଧରିବା ପାଇଁ ପୁଲିସ ଜାଲ ବିଛାଇଥିଲା । ଗ୍ରାହକ ଭାବେ ପୁଲିସ ସେମାନଙ୍କ ସହ ଯୋଗାଯୋଗ କରିଥିଲା । ଶେଷରେ ୬ଟି ବନ୍ଧୁକ ପାଇଁ ଡିଲ୍ ଫାଇନାଲ ହୋଇଥିଲା ।

ତେବେ କେଉଁ ସ୍ଥାନରେ ଡେଲିଭରି ହେବ, ତାହା ଅଭିଯୁକ୍ତଦ୍ୱୟ ସ୍ଥିର କରିଥିଲେ । ସେମାନଙ୍କ ସବୁ ସର୍ତ୍ତ ମାନି ପୁଲିସ ମାନି ନେଇଥିଲା । ଏପରିକି, ବିଶ୍ୱାସ ଜନ୍ମାଇବା ପାଇଁ ପୁଲିସ ଅଗ୍ରିମ ଆକାରରେ କିଛି ଟଙ୍କା ମଧ୍ୟ ଦେଇଥିଲା । ଟଙ୍କା ମିଳିବା ପରେ ଅଭିଯୁକ୍ତଦ୍ୱୟ ବିହାରରୁ ବାହାରିଥିଲେ । ସେମାନେ ଟ୍ରେନ୍‌ରେ ଭୁବନେଶ୍ୱରରେ ପହଞ୍ଚିବା ପରେ ଯୋଗାଯୋଗ କରିଥିଲେ । ୧୪ ତାରିଖ ରାତିରେ ଷ୍ଟେସନ ନିକଟସ୍ଥ ମାଳିସାହି ପାଖରେ ବନ୍ଧୁକ ମିଳିଯିବ ବୋଲି କହିଥିଲେ । ସେମାନଙ୍କ କହିବାନୁଯାୟୀ ପୁଲିସ ଠିକ୍ ସମୟରେ ସେଠାରେ ପହଞ୍ଚି ଯାଇଥିଲା । ସେମାନେ ବନ୍ଧୁକ ଦେବା ବେଳେ ପାଖରେ ଉପସ୍ଥିତ ଥିବା ଅନ୍ୟ ପୁଲିସ ଅଧିକାରୀମାନେ ଅଭିଯୁକ୍ତଦ୍ୱୟଙ୍କୁ କାବୁ କରିନେଇଥିଲେ । ଅପରେସନ୍ ଏତେ ସତର୍କତାର ସହ କରାଯାଇଥିଲା ଯେ ସେମାନଙ୍କୁ ବିରୋଧ କରିବା କିମ୍ବା ହାତାହାତି କରିବାକୁ ବି ପୁଲିସ ସୁଯୋଗ ଦେଇନଥିଲା ।

ସକାଳ THE SAKALA



www.sakalaepaper.com

## ଟ୍ରକ୍ ଧକ୍କାରେ ଜଣେ ମୃତ

ରଙ୍ଗେଇଲୁଣ୍ଡା,୧୫ ।୧୧(ସମିସ): ଦୁର୍ଘଟଣା ଜୋନ୍ ଭାବେ ପରିଚିତ କନିଷି ହାଟ ୧୬ନଂ ଜାତୀୟ ରାଜପଥରେ ଶୁକ୍ରବାର ସନ୍ଧ୍ୟାରେ ଟ୍ରକ ଧକ୍କାରେ ଜଣେ ବାଇକ୍ ଚାଳକଙ୍କ ମୃତ୍ୟୁ ଘଟିଛି । ମୃତକ ହେଲେ କେ. ନୂଆଗାଁ ଥାନା ଅଧୀନ ଜଗନ୍ନାଥପୁର ଗ୍ରାମର ଟଙ୍କ ଗୌଡ଼ (୨୭) । ଟଙ୍କ କୌଣସି କାର୍ଯ୍ୟରେ ବ୍ରହ୍ମପୁରରୁ ରାତିରେ ଏକ ବାଇକ୍ ଯୋଗେ ଘରକୁ ଫେରୁଥିବାବେଳେ ଇଚ୍ଛାପୁର ପଟୁ ଭୁବନେଶ୍ୱର ଯାଉଥିବା ଏକ ଟ୍ରକ (ନଂ. ଟିଏନ-୫୨ଏସି- ୯୭୬୯) ସାମ୍ନା ପଟେ ଧକ୍କା ଦେଇଥିଲା । ଗୁରୁତର ଆହତ ଟଙ୍କଙ୍କୁ ପୁଲିସ ଉଦ୍ଧାର କରି ବ୍ରହ୍ମପୁର ବଡ ମେଡିକାଲରେ ଭର୍ତ୍ତି କରିଥିଲେ । ତେବେ ସେଠାରେ ତାଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ । ପୁଲିସ ଶବ ବ୍ୟବଚ୍ଛେଦ ପାଇଁ ପଠେଇବା ସହ ଦୁର୍ଘଟଣାଗ୍ରସ୍ତ ଟ୍ରକ ଓ ବାଇକ୍‌କୁ ଜବତ କରି ତଦନ୍ତ କରୁଥିବା ତଦନ୍ତ ଅଧିକାରୀ ଏଏସଆଇ ଗୁଣନିଧି ରାଉତ କହିଛନ୍ତି ।

## ୮ ମଇଁଷି ଉଦ୍ଧାର; ଗାଡ଼ି ଜବତ

ଛତ୍ରପୁର,୧୫ ।୧୧(ସମିସ): ଛତ୍ରପୁର ଜାତୀୟ ରାଜପଥ ଦେଇ ବେଧଡ଼କ ଭାବେ ଚଲାଣ ହେଉଛି ଗାଇ ମଇଁଷି । ଶୁକ୍ରବାର କୌଣସି ପ୍ରକାରେ ଛତ୍ରପୁରର ଗୋସେବକ ମାନେ ଖବର ପାଇ ଛତ୍ରପୁର ଉଜଳେଶ୍ୱରୀ ମନ୍ଦିର ଜାତୀୟ ରାଜପଥ ଦେଇ ଯାଉଥିବା ଏକ ଆନ୍ଧ୍ର ନମ୍ବର ବିଶିଷ୍ଟ ପିକ୍‌ଅପ ଭ୍ୟାନକୁ ଅଟକାଇ ୮ ମଇଁଷିକୁ ଉଦ୍ଧାର କରି ଛତ୍ରପୁର ପୁଲିସ ଜିମା ଦେଇଥିଲେ । ଏପରିକି ୪ଟି ଗାଡ଼ିରେ ମଇଁଷି ଚୋରା ଚାଲାଣ ହେଉଥିବା ବେଳେ ସେମାନେ କେବଳ ଗୋଟିଏ ଗାଡିକୁ ଅଟକାଇ ପାରିଥିଲେ ବୋଲି ଗୋସେବକ ମାନେ କହିଥିଲେ । ଏହି ମଇଁଷି ସବୁ ଗଞ୍ଜାମ ବ୍ଲକ ସିଦ୍ଧାର୍ଥ ନଗରରୁ ଆସୁଥିବା ଗାଡି ଚାଳକ କହିଥିବା ବେଳେ ତାହା ବ୍ରହ୍ମପୁର ପରେ ଆନ୍ଧ୍ରପ୍ରଦେଶକୁ ଚାଲାଣ ହୋଇଥାନ୍ତା । ଏନେଇ ଛତ୍ରପୁର ଥାନାରେ ଗାଡିକୁ ଜବତ କରିବା ସହ ୪ଜଣଙ୍କ ନାମରେ ମାମଲା ରୁଜୁ ହୋଇଥିବା ଥାନା ଅଧିକାରୀ ସବ୍ୟସାଚୀ ମଲ୍ଲ କହିଛନ୍ତି । ଉଦ୍ଧାର କରାଯାଇଥିବା ମଇଁଷି ଗୁଡିକୁ ଗୋଶାଳାରେ ଛଡା ଯାଇଛି । ମୁଖ୍ୟ ଆସାମୀକୁ ଧରିବା ପାଇଁ ଗୋସେବକ ମାନେ ଦାବି କରିଛନ୍ତି ।

## ଅଜଣା ଗାଡ଼ି ଧକ୍କାରେ ମହିଳା ମୃତ

ବେଲଗୁଣ୍ଠା,୧୫ ।୧୧(ସମିସ): ଗାଙ୍ଗପୁର ଥାନା କାଳିଆଗୁଡ଼ା ଗାଁ ନିକଟରେ ଅଜଣାଗାଡ଼ି ଧକ୍କାରେ ମହିଳାଙ୍କ ମୃତ୍ୟୁ ହୋଇଛି । ମୃତକ ହେଲେ ଜଗନ୍ନାଥପ୍ରସାଦ ବ୍ଲକ କୁଶପଲ୍ଲୀ ଗ୍ରାମର ଅନୁଛାୟା ପ୍ରଧାନ(୨୬) । ଅନୁଛାୟା ଗତ କିଛିମାସ ହେଲା ବାପଘର କାଳିଆଗୁଡ଼ା ଗ୍ରାମକୁ ଆସି ବାପାଙ୍କୁ ଚାଷ କାମରେ ସହଯୋଗ କରୁଥିଲେ । ଶୁକ୍ରବାର ଅପରାହ୍ନରେ ଜମିରୁ ଘରକୁ ଫେରୁଥିବା ବେଳେ ଏକ ୪ଚାକିଆ ଯାନ ଦ୍ରୁତ ଗତିରେ ଆସି ତାଙ୍କୁ ଧକ୍କା ଦେଇ ପଳାଇଥିଲା । ସ୍ଥାନୀୟ ଲୋକେ ଅନିଛାୟାଙ୍କୁ ଉଦ୍ଧାର କରି ଭଞ୍ଜନଗର ମେଡିକାଲରେ ଭର୍ତ୍ତି କରିଥିଲେ । ସେଠାରେ ଚିକିତ୍ସାଧିନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି । ଶବ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ମୃତଦେହ ହସ୍ତାନ୍ତର କରାଯାଇଛି । ପୁଲିସ ଏକ ମାମଲା ରୁଜୁ କରିବା ସହ ଏସଆଇ ଅଜୟ କୁମାର ମଲିକ ତଦନ୍ତ କରୁଛନ୍ତି ।

### ଶିକ୍ଷକଙ୍କ ଡେପୁଟେସନ ବାତିଲ ଦାବି

## ସ୍କୁଲ ଗେଟ୍ ସମ୍ମୁଖରେ ଛାତ୍ରଛାତ୍ରୀଙ୍କ ଧାରଣା

ଶେରଗଡ଼,୧୫ ।୧୧(ସମିସ):



ଶିକ୍ଷକଙ୍କ ଡେପୁଟେସନ ବାତିଲ ଦାବିରେ ଶନିବାର ସ୍କୁଲ ଗେଟରେ ତାଲା ପକାଇ ଛାତ୍ରଛାତ୍ରୀମାନେ ଧାରଣା ଦେଇଥିବା ଦେଖିବାକୁ ମିଳିଛି । ଘଟଣା ଦେଖିବାକୁ ମିଳିଛି ଶେରଗଡ ଗୋଷ୍ଠୀ ଶିକ୍ଷା ଅଧିକାରୀ କାର୍ଯ୍ୟାଳୟ ଅଧିନସ୍ଥ ବି.ବ୍ରହ୍ମପୁର ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ । ଏହି ବିଦ୍ୟାଳୟରେ ଷଷ୍ଠରୁ ଦଶମ ଶ୍ରେଣୀ ଲାଗି ୭ ଜଣ ଶିକ୍ଷକ ଥିବା ଥିବାବେଳେ ଜଣଙ୍କୁ କିଛିଦିନ ପୂର୍ବରୁ ଡେପୁଟେସନ ଲାଗି ନିର୍ଦ୍ଦେଶ ଆସିଥିଲା । ଇତିମଧ୍ୟରେ ୬ ଜଣ ଶିକ୍ଷକଙ୍କୁ ନେଇ ବିଦ୍ୟାଳୟରେ ପାଠପଢା ଜାରି ରହିଥିଲା । ଏହି ଶିକ୍ଷକ ଜଣଙ୍କ ଡେଙ୍ଗାପଦର ବିଦ୍ୟାଳୟକୁ ସପ୍ତାହରେ ୫ ଦିନ ଯାଉଥିଲେ ଏବଂ ଏଠାକୁ ଗୋଟିଏ ଦିନ ଆସୁଥିଲେ । ଦୁଇଦିନ ପୂର୍ବରୁ ବିଦ୍ୟାଳୟର ସଂସ୍କୃତ ଶିକ୍ଷକ ସାଲବେଗ ଶତପଥିଙ୍କୁ ଶେରଗଡ ମହାଗାନ୍ଧୀ ଉଚ୍ଚ ବିଦ୍ୟାଳୟକୁ ସପ୍ତାହରେ ତିନି ଦିନ ଡେପୁଟେସନରେ ଯାଇ ପଢ଼ାଇବା ଲାଗି ଜିଲ୍ଲା ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟରୁ ନିର୍ଦ୍ଦେଶ ଆସିଥିଲା । ଏହି ନିର୍ଦ୍ଦେଶକୁ ବିରୋଧ କରି ଶନିବାର ସକାଳେ ବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ ଏବଂ ଅଭିଭାବକ ବିଦ୍ୟାଳୟର ମୁଖ୍ୟ ଫାଟକରେ ତାଲା ପକାଇ ଧାରଣାରେ ବସିଥିଲେ । ସେମାନଙ୍କର ଦାବି ହେଲା, ଆମର ସଂସ୍କୃତ ଶିକ୍ଷକଙ୍କ ଡେପୁଟେସନ ନିର୍ଦ୍ଦେଶକୁ ବାତିଲ କରି ଆମ ବିଦ୍ୟାଳୟରେ ହିଁ ସବୁଦିନ ପଢାଇବେ ଏବଂ ଆମର ବଳକା ଥିବା ଚଳିତ ବର୍ଷର ପାଠ୍ୟକ୍ରମ ଶେଷ କରିବେ । ଖବର ପାଇ ଜିଲ୍ଲା ଶିକ୍ଷାଧିକାରୀ ଅଜୟ କୁମାର ପାତ୍ର ଡେପୁଟେସନ ବାତିଲ କରାଯିବ ବୋଲି ପ୍ରତିଶ୍ରୁତି ଦେବା ପରେ ବିଦ୍ୟାଳୟର ଫାଟକ ଖୋଲାଯିବା ସହ ପାଠ ପଢ଼ା ସ୍ୱାଭାବିକ ହୋଇଥିଲା । ବିଦ୍ୟାଳୟ ପରିଚାଳନା କମିଟି ସଭାପତି ପଞ୍ଚାନନ ଡାକୁଆ, ସଞ୍ଜୟ କୁମାର ସ୍ୱାଇଁଙ୍କ ସହ ଅଭିଭାବକ ମାନେ ଧାରଣାରେ ସାମିଲ ଥିଲେ ।

## ଡ. ମାୟାଧର ମାନସିଂହଙ୍କ ଜୟନ୍ତୀ

ରମ୍ଭା,୧୫ ।୧୧(ସମିସ): ପ୍ରେମିକ କବି ଡ଼ ମାୟାଧର ମାନସିଂହଙ୍କ ୧୨୧ ତମ ଜୟନ୍ତୀ ତାଙ୍କ ଜନ୍ମମାଟି ପାରିକୁଦ ନନ୍ଦଳା ଗ୍ରାମ ଠାରେ ମାନସିଂହ ସାହିତ୍ୟ ସଂସଦ ତରଫରୁ ପାଳିତ ହୋଇଯାଇଛି । ବିଶିଷ୍ଟ ସାହିତ୍ୟିକ ତଥା ଖ୍ୟାତନାମା ବ୍ୟକ୍ତି ଯୋଗ ଦେଇ ଥିଲେ । ସର୍ବଶ୍ରୀ ଡ଼ ନାରାୟଣ ପଣ୍ଡା, ଡ଼ ରଜନୀ ରଣସିଂହ, ଆମେରିକା ନିବାସୀ ପ୍ରବାସୀ ଓଡ଼ିଆ ଲେଖିକା ଚନ୍ଦ୍ରା ମିଶ୍ର, କିଶୋର ଚନ୍ଦ୍ର ବିଶୋଇ, ବିଷ୍ଣୁ ପ୍ରସାଦ ଦଳେଇ, ଲଳିତ କୁମାର ସ୍ୱାଇଁ, ପ୍ରକୃତି ବନ୍ଧୁ ପ୍ରଧାନ ଶିକ୍ଷକ ବିଜୟ କୁମାର ବିଶ୍ୱାଳ, ଅଶୋକ କୁମାର ସାହୁ, ମହେଶ୍ୱର ବରାଡ଼, ବିଦ୍ୟାଧର ପ୍ରଧାନ, ବନବାସୀ ପଟ୍ଟନାୟକ, ଆର୍ତ୍ତତ୍ରାଣ ବେହେରା, ଅଖିଳ କୁମାର ନାୟକ ପ୍ରମୁଖ କବି ଓ ସାହିତ୍ୟିକ ବିଶେଷ କରି ମାନସିଂହ ସାହିତ୍ୟ ସଂସଦ ସାହିତ୍ୟିକ ଭାଗ ନେଇଥିଲେ । ଏହି ପରିପ୍ରେକ୍ଷୀରେ କବି ଶ୍ରୀ ଅଶୋକ



କୁମାର ସାହୁଙ୍କ ସ୍ୱରଚିତ କବିତା ସଂକଳନ "ହସ୍ପିଟାଲ୍‌ର କବିତା' ଲୋକାର୍ପିତ ହୋଇଥିଲା । ବିଦ୍ୟାଧର ପ୍ରଧାନ, ଶିକ୍ଷକ ଧନ୍ୟବାଦ ଦେଇଥିଲେ । ଯୁବ କବି ମନୋଜ କୁମାର ବାରିକ ସହଯୋଗ କରିଥିଲେ । କାର୍ଯ୍ୟକ୍ରମ ଅବସରରେ ଉପସ୍ଥିତ ଅତିଥି, ବକ୍ତା ଓ କବିତା ପାଠ କରିଥିବା କବି ମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା ।

## ନକଲି କାଗଜପତ୍ରରେ ମୋରମ ଓ ବାଲି ଚାଲାଣ; ୧୦ ଗାଡ଼ି ଜବତ

ଛତ୍ରପୁର,୧୫ ।୧୧(ସମିସ): ଚମାଖଣ୍ଡି ଥାନା ଅଞ୍ଚଳ ଦେଇ କିଛି ଗାଡ଼ିରେ ମୋରମ ଓ ବାଲି ଚୋରାଚାଲାଣ ହେଉଥିବା ଖବର ପାଇ ପୁଲିସ ଏବଂ ଖଣି ବିଭାଗ ପକ୍ଷରୁ ପାରଳା ଯାନ୍ତ୍ରିକ ମହାବିଦ୍ୟାଳୟ ସମ୍ମୁଖ ରାସ୍ତାରେ ଚଢ଼ଉ କରାଯାଇଥିଲା । ଚଢ଼ଉ ବେଳେ ୫ଟି ମୋରମ ଗାଡି ଓ ୫ଟି ବାଲି ଗାଡି ଜବତ କରାଯାଇଥିବା ଖଣି ବିଭାଗର ଅଧିକାରୀ ଦୀପକ ଜେନା କହିଛନ୍ତି । ଯାଞ୍ଚ ବେଳେ ଗାଡି ଚାଳକ ଯେଉଁ ଫର୍ମ ଦେଖାଇଥିଲେ ତାହା ନକଲି ରହିଥିବା ଖଣି ଅଧିକାରୀ ସୂଚନା ଦେଇଛନ୍ତି । ତେବେ ଜବତ ଗାଡି ସବୁ ଥାନାରେ ଅଟକ ରଖାଯାଇଛି ।

## ପୂର୍ବତନ ସମିତିସଭ୍ୟଙ୍କ ପରଲୋକ

ଛତ୍ରପୁର,୧୫ ।୧୧(ସମିସ): ଛତ୍ରପୁର ବ୍ଲକ ଚମାଖଣ୍ଡି ପଞ୍ଚାୟତର ପୂର୍ବତନ ସମିତିସଭ୍ୟ ତଥା



ବରିଷ୍ଠ ସିପିଆଇ ନେତା ଭାଗୀରଥି ପ୍ରଧାନ(୭୩)ଙ୍କ ମୃତ୍ୟୁ ଘଟିଛି । ଏ. ତୋଟାପଲ୍ଲୀ ଗ୍ରାମ ତାଙ୍କ ନିଜ ବାସଭବନରେ ମୃତ୍ୟୁ ହୋଇଥିବା ବେଳେ ଶେଷ ଦର୍ଶନ ଲାଗି ସିପିଆଇ ଜିଲ୍ଲା ସହ ସମ୍ପାଦକ ନୀଳକଣ୍ଠ ଦାଶ, ଜିଲ୍ଲା କାର୍ଯ୍ୟକାରୀ କମିଟି ସଭ୍ୟ ସିଏଚ. ଜନାର୍ଦ୍ଦନ ରେଡ୍ଡୀ, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ତଥା ଚମାଖଣ୍ଡି ଜୋନାଲ ସମ୍ପାଦକ ଏନ. ଗିରିଜା ପ୍ରସାଦ ରେଡ୍ଡୀ, ସହ- ସମ୍ପାଦକ ଗୁରୁନାଥ ପ୍ରଧାନ, ପୂର୍ବତନ ସରପଞ୍ଚ ସୀମାଞ୍ଚଳ ସାହୁ, ଜି. ଦିଲେଶ୍ୱର ରେଡ୍ଡୀ, ଆଇନଜୀବୀ ପି. ଧର୍ମା ରେଡ୍ଡୀଙ୍କ ସମେତର ବହୁ ମାନ୍ୟଗଣ ବ୍ୟକ୍ତି ଉପସ୍ଥିତ ଥିଲେ ।

## ଓଷ୍ଟାର ବ୍ଲକସ୍ତରୀୟ ଶିଶୁ ଉତ୍ସବ

ଭଞ୍ଜନଗର,୧୫ ।୧୧(ସମିସ): ସ୍ଥାନୀୟ ଦୀନବନ୍ଧୁ ବେହେରା ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟରେ ଓଡିଶା ମାଧ୍ୟମିକ ସ୍କୁଲ ଶିକ୍ଷକ ସଂଘ(ଓଷ୍ଟା)ର ବ୍ଲକସ୍ତରୀୟ ଶିଶୁଉତ୍ସବ ଅନୁଷ୍ଠିତ ହୋଇଯାଇଛି । ସଭାପତି ଦିଲ୍ଲୀପକୁମାର ସ୍ୱାଇଁଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ତଥା ଉଦଘାଟକ ଭାବେ ପୌର ପରିଷଦ ଅଧ୍ୟକ୍ଷ ଗୋପବନ୍ଧୁ ମହାପାତ୍ର ଏବଂ ଅତିଥିଭାବେ ଅବସରପ୍ରାପ୍ତ ଅଧ୍ୟକ୍ଷ କୃତିବାସ ବିଶ୍ୱାଳ, ଗୋଷ୍ଠୀ ଶିକ୍ଷାଧିକାରୀ ଲୋପାମୁଦ୍ରା ରଥ, ଇନରହୁଇଲ କ୍ଲବ ସଭାପତି ସୁନିତା ବାରିକ, ପ୍ରଧାନ ଶିକ୍ଷୟିତ୍ରୀ ସ୍ୱରାଜ କହଁର, ଉପେନ୍ଦ୍ର ଭଞ୍ଜ ଉଚ୍ଚ



ବିଦ୍ୟାଳୟର ପ୍ରଧାନଶିକ୍ଷକ ମଦନ ମୋହନ ରଥ, ନିମ୍ନମାଧ୍ୟମିକ ଶିକ୍ଷକ ସଂଘ ରାଜ୍ୟ କର୍ମକର୍ତ୍ତା ଜଗବନ୍ଧୁ ଜେନା, ଅମରବିଳାସ ବେହେରା, ରାଜ କୁମାର ସାହୁ, ଓଷ୍ଟାର ଜିଲ୍ଲା ସଭାପତି ସନ୍ତୋଷ କୁମାର ଜେନା, ସମ୍ପାଦକ ବିଜୟ କୁମାର ବେହେରା, ବ୍ଲକ ସମ୍ପାଦକ ଗୌରୀନନ୍ଦନ ହୋତା ଯୋଗଦେଇ ଓଷ୍ଟାର ସମସ୍ତ କାର୍ଯ୍ୟକ୍ରମକୁ ପ୍ରଶଂସା କରିଥିଲେ । ଉତ୍ସବରେ ବ୍ଲକର ୨୦ ଉଚ୍ଚ ବିଦ୍ୟାଳୟରୁ ୨ ଶହରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଅଂଶ ଗ୍ରହଣ କରିଥିଲେ । ବିଚାରକ ଭାବେ ବ୍ଲକର ପ୍ରାଥମିକ, ମାଧ୍ୟମିକ ବିଦ୍ୟାଳୟର ୩୦ରୁ ଊର୍ଦ୍ଧ୍ୱ ଶିକ୍ଷକ, ଶିକ୍ଷୟିତ୍ରୀ ଯୋଗ ଦେଇଥିଲେ । ସମ୍ପାଦକ ବାର୍ଷିକ ବିବରଣୀ ପାଠ କରିଥିଲେ । ରାଜ୍ୟ କାର୍ଯ୍ୟକାରୀଣୀ ସଦସ୍ୟ ଡ଼. ବିଜୟ ଚନ୍ଦ୍ର ମହାରଣାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ସମ୍ପାଦକ ଗୌରୀନନ୍ଦନ ହୋତା ଧନ୍ୟବାଦ ପ୍ରଦାନ କରିଥିଲେ ।

## ମୃତକଙ୍କ ପରିବାରକୁ ସହାୟତା

ଛତ୍ରପୁର,୧୫ ।୧୧(ସମିସ): ଶୁକ୍ରବାର ବିଳମ୍ବିତ ରାତ୍ରରେ ପାରଳା ମହାରାଜା କଲେଜ ନିକଟରେ ଅଜଣା ଗାଡି ଧକ୍କାରେ ଟାଙ୍ଗଣାପଲ୍ଲୀ ଗ୍ରାମର ରବୀନ୍ଦ୍ର ସାହୁ (୩୦)ଙ୍କ ମୃତ ଘଟିଥିଲା । ଚମାଖଣ୍ଡି ପୁଲିସ ଶବ ଜବତ କରି



ବ୍ୟବଚ୍ଛେଦ ପାଇଁ ପଠାଇଥିଲେ । ଏନେଇ ଶନିବାର ଛତ୍ରପୁର ତହସିଲଦାର ବିଦ୍ୟା ମହାନ୍ତି ରେଡକ୍ରସ ପାଣ୍ଠିରୁରୁ ରବୀନ୍ଦ୍ରଙ୍କ ପରିବାରକୁ ୩୦ହଜାର ଟଙ୍କା ପ୍ରଦାନ କରିଥିବା ବେଳେ ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ ନିଜେ ୨୦ହଜାର ଟଙ୍କା ଓ ଟାଙ୍ଗଣାପଲ୍ଲୀ ସରପଞ୍ଚ ବି.ସୁଦାମ ହରିଶ୍ଚନ୍ଦ୍ର ଯୋଜନାରେ ସହାୟତା କରିଥିଲେ । ଗରିବ ରବୀନ୍ଦ୍ରଙ୍କ ପରିବାରକୁ ମୁଖ୍ୟମନ୍ତ୍ରୀ ପାଣ୍ଠିରୁ ସହାୟତା କରାଯିବ ବୋଲି ଛତ୍ରପୁର ବିଧାୟକ କହିଛନ୍ତି । ଏହି ଅବସରରେ ସ୍ଥାନୀୟ ଯୁବନେତା ଅବନୀ ଶତପଥୀ ଓ ଲକ୍ଷ୍ମୀପୁର ପଞ୍ଚାୟତର ପୂର୍ବତନ ସମିତି ସଭ୍ୟ ଏନ. ଦୁର୍ଯ୍ୟୋଧନ ରେଡ୍ଡୀ ଉପସ୍ଥିତ ଥିଲେ ।

## ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣିସମ୍ପଦ ମେଳା

ପୁରୁଷୋତ୍ତମପୁର, ୧୫ ।୧୧ (ସମିସ): ପୁରୁଷୋତ୍ତପୁର ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣିସମ୍ପଦ ମେଳା ସ୍ଥାନୀୟ ପିଏମ୍‌ଶ୍ରୀ ନରସିଂହ



ଦାଶ ଉଚ୍ଚ ବିଦ୍ୟାଳୟ ଖେଳପଡ଼ିଆରେ ଅନୁଷ୍ଠିତ ହୋଇଯାଇଛି । ଗୋଷ୍ଠୀ ପ୍ରାଣୀ ଚିକିତ୍ସକ ଅଧିକାରୀ ଡା ମନୋଜ କୁମାର ଶତପଥିଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମତ୍ସ୍ୟ ଓ ପ୍ରାଣିସମ୍ପଦ ବିକାଶ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଉଦ୍‌ଘାଟନ କରିବା ସହିତ ସରକାରଙ୍କର କାମଧେନୁ ଯୋଜନାରେ କିପରି ଗୋପାଳକମାନେ ଲାଭବାନ ହୋଇପାରିବେ ସେ ସମ୍ପର୍କରେ ମତ ରଖିଥିଲେ । ସମ୍ମାନିତ ଅତିଥି ଭାବେ ଆସିକା ସାଂସଦ ଅନିତା ଶୁଭଦର୍ଶିନୀ, କବିସୂର୍ଯ୍ୟନଗର ବିଧାୟକ ପ୍ରତାପ ଚନ୍ଦ୍ର ନାୟକ, ବିଡ଼ିଓ ଶରତ କୁମାର ପାତ୍ର, ବ୍ଲକ ଅଧ୍ୟକ୍ଷା ପିଙ୍କି ବେହେରା, ଏନ୍‌ଏସି ଅଧ୍ୟକ୍ଷ କୃଷ୍ଣ ଚନ୍ଦ୍ର ପଣ୍ଡା, ଜିଲ୍ଲା ମତ୍ସ୍ୟ ଚିକିତ୍ସା ଅଧିକାରୀ ଭାରତ ଭୂଷଣ ସାହୁ, ମୁଖ୍ୟବକ୍ତା ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡ଼ା ଅଞ୍ଜନ କୁମାରୀ ଦାସ ଯୋଗଦେଇଥିଲେ । ସହକାରୀ ମତ୍ସ୍ୟ ଅଧିକାରୀ ଦେବବ୍ରତ ନାୟକ ଧନ୍ୟବାଦ ଦେଇଥିଲେ । ପୁରୁଷୋତ୍ତମପୁର ଉଦ୍ୟାନ ବିଭାଗ, ପ୍ରାଣୀ ଚିକିତ୍ସାଳୟର ସମସ୍ତ ପ୍ରାଣୀ ନିରିକ୍ଷକ, ମୈତ୍ରୀ ଓ ଅନ୍ୟକର୍ମଚାରୀମାନେ ସହଯୋଗ କରିଥିଲେ ।

## ନାରାୟଣ ମନ୍ଦିରରୁ ୧୦ରୁ ଊର୍ଦ୍ଧ୍ୱ ଅଷ୍ଟଧାତୁ ମୂର୍ତ୍ତି ଚୋରି

ଭଞ୍ଜନଗର,୧୫ ।୧୧(ସମିସ): ତାରସିଙ୍ଗି ଥାନା ଅନ୍ତର୍ଗତ କୁଲାଡ଼ ନିକଟସ୍ଥ ନାରାୟଣପାଟଣା ଗ୍ରାମର ନାରାୟଣ ମନ୍ଦିରରୁ କୋଟିଏରୁ ଊର୍ଦ୍ଧ୍ୱ ଟଙ୍କା ମୂଲ୍ୟର ୧୦ଟି ଅଷ୍ଟଧାତୁରେ ନିର୍ମିତ ମୂର୍ତ୍ତି ଲୁଟି ନେଇଛନ୍ତି ଦୁର୍ବୃତ୍ତ । ପ୍ରତିଦିନ ଭଳି ମନ୍ଦିର ପୂଜକ ଗତକାଲି ରାତ୍ର ୮ ଟାରେ ପୂଜା ସାରି ସମସ୍ତ ଦ୍ୱାର ବନ୍ଦ କରି ତାଲା ପକାଇ ଘରକୁ ଯାଇଥିଲେ । ଶନିବାର ସକାଳୁ ଆସି ଦେଖିବା ବେଳକୁ ସବୁ ଫାଟକ ଖୋଲା ଅଛି ଏବଂ ମୂର୍ତ୍ତି ସବୁ ଗାଏବ ହୋଇଯାଇଛି । ଏହାଦେଖି ସେ ତୁରନ୍ତ ଗ୍ରାମବାସୀ ଓ ପୁଲିସକୁ ଖବର ଦେଇଥିଲେ । ପୁଲିସ ପହଞ୍ଚି ତଦନ୍ତ ଚଳାଇଛି । ସାଇଣ୍ଟିଫିକ୍ ଟିମ୍ ଓ ସନ୍ଧାନୀ କୁକୁର ସହାୟତାରେ ଏସଡିପିଓ ଡକ୍ଟର ଦୀପକ କୁମାର ମିଶ୍ରଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପୁଲିସ ତାର ତଦନ୍ତକୁ ଆଗକୁ ବଢ଼ାଇଛି । କିଛି ସୁରାକ ମିଳିଛି । ଖୁବଶୀଘ୍ର ଚୋର ଧରାପଡିବେ ବୋଲି ଏସଡିପିଓ କହିଛନ୍ତି ।

## ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟ ଉଦ୍‌ଘାଟିତ



ପୋଲସରା,୧୫ ।୧୧(ସମିସ): ପୋଲସରା ସ୍ଥିତ ବିଜୁ ପଟ୍ଟନାୟକ ଇନ୍‌ଡୋର ଷ୍ଟାଡିୟମରେ ଅନୁଷ୍ଠିତ ହେବାକୁ ଥିବା ୨ ଦିନିଆ ବ୍ୟାଡ଼ମିଣ୍ଟନ ଟୁର୍ଣ୍ଣାମେଣ୍ଟ କୋଚ ପଦ୍ମଚରଣ ନନ୍ଦଙ୍କ ତତ୍ତ୍ୱାବଧାନରେ ଉଦଘାଟିତ ହୋଇଯାଇଛି । ଏଥିରେ ଆସିକା, କବିସୂର୍ଯ୍ୟନଗର, ବୁଗୁଡ଼ା, କୋଦଳା, ପୋଲସରା, ଦିଗପହଣ୍ଡି, ହିଞ୍ଜିଳିକାଟୁ, ସୋରଡ଼ା ଦଳର ଖେଳାଳିମାନେ ଯୋଗଦେଇଥିଲେ । ବାୟୁସେନାର ଅବସରପ୍ରାପ୍ତ କର୍ମଚାରୀ ବିଶ୍ୱରଞ୍ଜନ ଜେନା ମୁଖ୍ୟ ଅତିଥିଭାବେ ଯୋଗଦେଇଥିଲେ । ସମ୍ମାନିତ ଅତିଥିଭାବେ ଟୁର୍ଣ୍ଣାମେଣ୍ଟର ସଭାପତି ସଂଗ୍ରାମ ସାସମଲ, ଉପସଭାପତି ଶିବପ୍ରସାଦ ସାହୁ, ବ୍ୟାଙ୍କ ଅଫ ଇଣ୍ଡିଆର ଶାଖା ପରିଚାଳକ ସ୍ୱରୂପ କିଶୋର ଜେନା, ୟୁଜିବି ଶାଖା ପରିଚାଳକ ଶ୍ରୀକାନ୍ତ ଗୌଡ଼, ବିଦ୍ୟୁତ ବିଭାଗର ସହକାରୀ ଯନ୍ତ୍ରୀ ଅନିଲ କୁମାର ଜେନା, ଜୟନ୍ତ ସେଠୀ, ଟୁର୍ଣ୍ଣାମେଣ୍ଟର ପ୍ରଯୋଜକ ଦୁର୍ଗାମାଧବ ସାହୁ ପ୍ରମୁଖ ସହଯୋଗ କରିଥିଲେ । ପରିଚାଳନାରେ ବାବୁଲା ପଟ୍ଟନାୟକ, ଶଙ୍କର ପରିଡା, କୃଷ୍ଣଚନ୍ଦ୍ର ମିଶ୍ର, କୁନା ବେହେରା ପ୍ରମୁଖ ସହଯୋଗ କରିଥିଲେ ।

## ଦୁଇଟି କାର୍ଯ୍ୟାଳୟ ଉଦ୍‌ଘାଟନ କଲେ ବିଧାୟକ

ଛତ୍ରପୁର,୧୫ ।୧୧(ସମିସ): ଛତ୍ରପୁର ବ୍ଲକ ଅନ୍ତର୍ଗତ ମୁନିସିପେଣ୍ଟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ପରିସରରେ ଗୋଷ୍ଠୀ ଜନସ୍ୱାସ୍ଥ୍ୟ କାର୍ଯ୍ୟାଳୟ ଏବଂ ଜନ୍ମମୃତ୍ୟୁ ପଞ୍ଜିକରଣ



କାର୍ଯ୍ୟାଳୟକୁ ଛତ୍ରପୁର ବିଧାୟକ କୃଷ୍ଣ ଚନ୍ଦ୍ର ନାୟକ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ଛତ୍ରପୁର ଏବିଡିଓ ଜୟଶ୍ରୀ ନାୟକ, ମୁନିସିପେଣ୍ଟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକ୍ଷକ ଡାକ୍ତର ସ୍ୱାଧୀନ କୁମାର ରଥ, ପୋଟଲାମପୁର ସରପଞ୍ଚ ନିରଞ୍ଜନ ପ୍ରଧାନ, ସମିତି ସଭ୍ୟ ଶମ୍ଭୁ ନାଥ ସ୍ୱାଇଁ, ଲକ୍ଷ୍ମୀପୁର ପଞ୍ଚାୟତର ପୂର୍ବତନ ସମିତି ସଭ୍ୟ ଏନ. ଦୁର୍ଯ୍ୟୋଧନ ରେଡୀ, ଯୁବନେତା ବନୋଜ ନାହାକ, ବିପିଏମ ସୀମାଞ୍ଚଳ ପ୍ରଧାନ, ଜନ ସ୍ୱାସ୍ଥ୍ୟ ସମ୍ପ୍ରସାରଣ ଅଧିକାରୀ ବରୁଣ କୁମାର ପାଣିଗ୍ରାହୀ, ଆର୍‌ଡି ବିଭାଗର କନିଷ୍ଠ ଯନ୍ତ୍ରୀ ସଚ୍ଚିକାନ୍ତ ଦାଶଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଉପସ୍ଥିତ ଥିଲେ । ପରେ ରୋଗୀ କଲ୍ୟାଣ ସମିତିର ପରିଚାଳନା ପରିଷଦ ବୈଠକ ଅନୁଷ୍ଠିତ ହୋଇଥିଲା । ଏଥିରେ ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ ନାୟକ ଯୋଗଦେଇ ରୋଗୀଙ୍କୁ ଉଚିତ ସେବା ଯୋଗାଇବା ସହିତ ଆଗାମୀ ଦିନରେ ହେବାକୁ ଥିବା ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା କରିଥିଲେ । ଅଧୀକ୍ଷକ ଡାକ୍ତର ସ୍ୱାଧୀନ କୁମାର ରଥ ପୂର୍ବ ବୈଠକର ବିବରଣୀ ପାଠ କରିବା ସହିତ ସ୍ୱାସ୍ଥ୍ୟ କେନ୍ଦ୍ର ପକ୍ଷରୁ ପ୍ରଦାନ କରାଯାଉଥିବା ବିଭିନ୍ନ ସେବା ସମ୍ପର୍କରେ ଆଲୋକପାତ କରିଥିଲେ । ପିଏଚଇଓ ବରୁଣ କୁମାର ପାଣିଗ୍ରାହୀ ସ୍ୱାଗତ ଭାଷଣ ପ୍ରଦାନ କରିବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ ।

### ଅବ୍ୟବସ୍ଥାରେ 'ଆତ୍ମନିର୍ଭର ଭାରତ' କାର୍ଯ୍ୟକ୍ରମ

## ସାମ୍ବାଦିକ ଓ ସୁରକ୍ଷାକର୍ମୀଙ୍କ ମଧ୍ୟରେ ଧସ୍ତାଧସ୍ତି

ରମ୍ଭା/ହୁମ୍ମା,୧୫ ।୧୧(ସମିସ):



ରମ୍ଭା ସହରଠାରେ ଶନିବାର ଏକତା ପଦଯାତ୍ରା ସହ ଆତ୍ମନିର୍ଭର ଭାରତ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ତେବେ ଏହି କାର୍ଯ୍ୟକ୍ରମରେ ଅନେକ ଅବ୍ୟବସ୍ଥା ହୋଇଥିବାବେଳେ ସାମ୍ବାଦିକ ଓ ସୁରକ୍ଷାକର୍ମୀଙ୍କ ମଧ୍ୟରେ ଧସ୍ତାଧସ୍ତି ଚର୍ଚ୍ଚାର ବିଷୟ ପାଲଟିଛି । ତେବେ ସାଂସଦ ଓ ପ୍ରଶାସନର ହସ୍ତକ୍ଷେପ ପରେ ସ୍ଥିତି ସ୍ୱାଭାବିକ ହୋଇଥିଲା ।

ସୂଚନାନୁସାରେ, ଶନିବାର ସକାଳ ୬ଟାରେ 'ଆତ୍ମନିର୍ଭର ଭାରତ' କାର୍ଯ୍ୟକ୍ରମ ଓ ଏକତା ପଦଯାତ୍ରା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ନିମନ୍ତ୍ରଣ ଦିଆଯାଇଥିଲା । ରମ୍ଭା ରାଜପ୍ରସାଦ ହୋଟେଲ ବଙ୍ଗଳାରେ କାର୍ଯ୍ୟକ୍ରମର ଶୁଭାରମ୍ଭ ବ୍ରହ୍ମପୁର ସାଂସଦ ଡ଼.ପ୍ରଦୀପ ପାଣିଗ୍ରାହୀ କରିଥିଲେ । ଗଞ୍ଜାମ ଜିଲ୍ଲାପାଳ ଭି. କୀର୍ତ୍ତିଭାସନ, ଉପଜିଲ୍ଲାପାଳ ଶ୍ରୀ ପୃଷ୍ଟି, ଗଞ୍ଜାମ ବିଡିଓ ଅଚ୍ୟୁତାନନ୍ଦ ଜାନୀ, ଏନଏସି ଏକ୍‌ଜିକ୍ୟୁଟିଭ ଅଫିସର ଆଶାଲତା ରଚମାଳା ହୋଟେଲ ରାଜବଙ୍ଗଳା ଭିତରେ ସଂକଳ୍ପ ଅଭିଯାନରେ ସାମିଲ ହୋଇଥିଲେ । ଏହାପରେ ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ ମଧ୍ୟ ସାମିଲ ହୋଇଥିଲେ । ଉକ୍ତ ହୋଟେଲ ଗେଟ ନିକଟରେ ବରିଷ୍ଠ ଆଇପିଏସ୍ ଅଧିକାରୀ ଓ ବରିଷ୍ଠ ଖବରକାଗଜ ଓ ଟେଲିଭିଜନ ସାମ୍ବାଦିକମାନେ ଅନୁମତି ପାଇଁ ଅପେକ୍ଷା କରିଥାନ୍ତି । କିନ୍ତୁ ଅପେକ୍ଷା କରି କରି ପ୍ରାୟ ତିନି ଘଣ୍ଟା ବିତି ଯାଇଥିଲା । ସେଠାରେ କାର୍ଯ୍ୟକ୍ରମ ଶେଷ ହେବା ପରେ ଗେଟ ଖୋଲିବା ମାତ୍ରେ ସାମ୍ବାଦିକମାନେ ପ୍ରବେଶ ପାଇଁ ଉଦ୍ୟମ କରିଥିଲେ । କିନ୍ତୁ ସେଠାରେ କାର୍ଯ୍ୟରତ ରାଜପ୍ରାସାଦ ହୋଟେଲ ସୁରକ୍ଷାକର୍ମୀ ସେମାନଙ୍କୁ ଅଟକାଇବାକୁ ଚେଷ୍ଟା କରିଥିଲେ । ଫଳରେ ସୁରକ୍ଷାକର୍ମୀ ଓ ସାମ୍ବାଦିକଙ୍କ ମଧ୍ୟରେ ପାଟିତୁଣ୍ଡ, ଯୁକ୍ତିତର୍କ ଓ ଧସ୍ତାଧସ୍ତି ହୋଇଥିଲା । ଏକ୍‌ଜିକ୍ୟୁଟିଭ ଅଫିସର ଆଶାଲତା ରଚମାଳା ଘଟଣାସ୍ଥଳକୁ ଆସି ବୁଝାସୁଝା କରିବା ପରେ ସେ ପରିଚାଳନା କରିଥିବା ବ୍ୟବସ୍ଥା ଉପରେ ସାମ୍ବାଦିକମାନେ ପ୍ରଶ୍ନ କରିଥିଲେ । ଏହାପରେ ଆଶାଲତା ରଚମାଳା ନିଜ ଭୁଲ୍ ସ୍ୱୀକାର କରିଥିଲେ । ପରେ ସାଂସଦ ଡ଼. ପ୍ରଦୀପ ପାଣିଗ୍ରାହୀ ଓ ଜିଲ୍ଲାପାଳ ଭି. କୀର୍ତ୍ତିଭାସନ ଆସି ବୁଝାସୁଝା କରିବା ପରେ ସ୍ଥିତି ନିୟନ୍ତ୍ରଣକୁ ଆସିଥିଲା ।

ସୂଚନାଯୋଗ୍ୟ ଏହି ରାଜପ୍ରସାଦରେ କାର୍ଯ୍ୟ କରୁଥିବା ଅଣଓଡ଼ିଆ କର୍ମଚାରୀମାନେ ବିଭିନ୍ନ ସମୟରେ ନାଲିଆଖି ଦେଖାଇବା ସହ ସାମ୍ବାଦିକ ମାନଙ୍କୁ ଦୁର୍ବ୍ୟହାର କରୁଥିବାର ନଜିର ରହିଛି । ଧସ୍ତାଧସ୍ତି ଭିତରେ ହୋଟେଲ ଫାଟକ ବାହାର ପାର୍ଶ୍ୱରେ ଛତ୍ରପୁର ଏସଡିପିଓ ଚନ୍ଦନ ଘଡେଇ, ରମ୍ଭା ଥାନା ଆଇଆଇସି କୁମର ମୁଦୁଲି, ପଦୋନ୍ନତି ଆପିଏସ ଅଧିକାରୀ ଅମରକାନ୍ତ ଷଡ଼ଙ୍ଗୀ ଅନ୍ୟ ପୋଲିସ ଅଫିସରମାନେ ମଧ୍ୟ ଉପସ୍ଥିତ ଥିଲେ । ତେବେ ଆଜିର ଏକତା ପଦ ଯାତ୍ରାରେ ମଧ୍ୟ ସାମ୍ବାଦିକ ଓ ପୁଲିସକୁ ହୋଟେଲ ବଙ୍ଗଳା ମାଲିକ ହୋଟେଲ ଭିତରକୁ ଅନୁମତି ନିଷେଧ ଉପରେ ଚର୍ଚ୍ଚା ଜୋର ଧରିବା ସହ ବୁଦ୍ଧିଜୀବୀ ମହଲରୁ ତୀବ୍ର ନିନ୍ଦା କରାଯାଇଛି । ଏହି ହୋଟେଲ ଭିତରେ କଣ ଗୁମର ରହିଛି । ପୂର୍ବରୁ ଏହି ହୋଟେଲ ଭିତରେ ଯାଞ୍ଚ କରିବା ପାଇଁ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରସାରଣ ହେବା ପରେ ମଧ୍ୟ ବରିଷ୍ଠ ପୋଲିସ ଅଧିକାରୀ ଓ ଗଞ୍ଜାମ ଜିଲ୍ଲାପାଳ କାହିଁକି ଚୁପ୍ ରହିଛନ୍ତି ଏନେଇ ପ୍ରଶ୍ନ ଉଠିଛି ।

## ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ଅବିଭାବକଙ୍କୁ ତାଲିମ୍

ଆସିକା,୧୫ ।୧୧(ସମିସ): ଆସିକା ଗୋଷ୍ଠୀ ଶିକ୍ଷା କାର୍ଯ୍ୟାଳୟର ସଂଯୋଜନାରେ ଆସିକା ବ୍ଲକର ବାଲିସିରା ଠାରେ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ତରଫରୁ ଦିବ୍ୟାଙ୍ଗ ଛାତ୍ରଛାତ୍ରୀ ଏବଂ ଅଭିଭାବକଙ୍କୁ ନେଇ ଏକ ତାଲିମ୍ ଶିବିର ଅନୁଷ୍ଠିତ ହୋଇ ଯାଇଛି । ସହାୟକ ଗୋଷ୍ଠୀ ଶିକ୍ଷା ଅଧିକାରୀ ଭଞ୍ଜ ବେହେରା ଶିବିରକୁ ଉଦଘାଟନ କରିଥିଲେ । କେ. ନୂଆପଲ୍ଲୀ କ୍ଲଷ୍ଟର ସିଆରସିସି ଅର୍ଚ୍ଚନା ବେହେରା, ହେମନ୍ତ କୁମାର ନନ୍ଦ, ଆସିକା ଏନ୍‌ଏସି କ୍ଲଷ୍ଟର୍ ସିଆର୍‌ସିସି ଶିଶିର କାନ୍ତ ବେହେରା ଯୋଗ ଦେଇ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ଘରେ ଓ ବିଦ୍ୟାଳୟରେ ଥିବା ବିଭିନ୍ନ ସମସ୍ୟା ଓ ତାର ସମାଧାନ ସମ୍ପର୍କରେ ଆଲୋଚନା କରିଥିଲେ ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

**ପୀତବାସ ପଣ୍ଡା ହତ୍ୟା ମାମଲା**

# ଜେଲ୍‌ରେ ସାକ୍ଷୀଙ୍କ ଦ୍ୱାରା ହେଲା ଅଭିଯୁକ୍ତ ଚିହ୍ନଟ ପ୍ରକ୍ରିୟା

ବ୍ରହ୍ମପୁର,୧୫ ।୧୧(ସମିସ)

ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ ୧୬ଜଣ ଅଭିଯୁକ୍ତଙ୍କ ମଧ୍ୟରୁ ୫ଜଣଙ୍କ ଟିଆଇ ପରେଡ ବା ଅଭିଯୁକ୍ତ ଚିହ୍ନଟ ପ୍ରକ୍ରିୟା ସମ୍ପନ୍ନ ହୋଇଛି । ପରେଡରେ ଗିରଫ ଅଭିଯୁକ୍ତ ଶିଶୁପାଳ କୁମାର ପାଶୱାନ, ସୀମାଞ୍ଚଳ ନାୟକ, କୁନ୍ଦନ କୁମାର, ବିପିନ ସ୍ୱାଇଁ ଓ ଉମା ଶଙ୍କର ବିଶୋୟୀଙ୍କୁ ସାକ୍ଷୀମାନେ ଚିହ୍ନଟ କରିବାର କାର୍ଯ୍ୟକ୍ରମ ଥିଲା । ଟିଆଇ ପରେଡ ପୂର୍ବରୁ ପୁଲିସ ଜଣେ ସାକ୍ଷୀଙ୍କୁ ନିଜ ଗାଡିରେ ଆଣିଥିବା ବେଳେ ଅନ୍ୟଜଣେ ନିଜ ବ୍ୟବସ୍ଥାରେ ଜେଲରେ ପହଁଞ୍ଚିଥିଲେ । ଏଥିପାଇଁ କୋର୍ଟଙ୍କ ନିର୍ଦ୍ଦେଶ ପ୍ରକାରେ ହତ୍ୟାକାଣ୍ଡରେ ସମ୍ପୃକ୍ତ ପ୍ରତି ଜଣେ ଅଭିଯୁକ୍ତଙ୍କ ସହିତ ଜେଲର ଅନ୍ୟ ୧୦ଜଣ ଅନ୍ତେବାସୀଙ୍କୁ ପରେଡରେ ଯୋଡା ଯାଇଥିଲା । ପର୍ଯ୍ୟାୟ କ୍ରମେ ସାକ୍ଷୀମାନେ ବ୍ୟକ୍ତିଗତ ଭାବେ ଯାଇ ଅଭିଯୁକ୍ତଙ୍କୁ ଚିହ୍ନଟ ପ୍ରକ୍ରିୟାରେ ସାମିଲ ହୋଇଥିଲେ । ଅଭିଯୁକ୍ତ ଚିହ୍ନଟ ପ୍ରକ୍ରିୟା ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ଦୀପିକା ବଡ଼ମାଳିଙ୍କ ଉପସ୍ଥିତିରେ ହୋଇଥିଲା । ଜଣେ ସାକ୍ଷୀ ୫ଜଣ ଅଭିଯୁକ୍ତଙ୍କୁ ଚିହ୍ନଟ କରିବାକୁ ଥିବା ବେଳେ ସେ ୪ଜଣଙ୍କୁ ଚିହ୍ନଟ କରିଥିବା ବେଳେ ଆଉ ଜଣଙ୍କୁ ଚିହ୍ନଟ କରିପାରିନଥିଲେ । ସେହିଭଳି ଅନ୍ୟଜଣେ ସାକ୍ଷୀ ୨ଜଣ ଅଭିଯୁକ୍ତଙ୍କୁ ଚିହ୍ନଟ କରିବାକୁ ଥିବାବେଳେ ସେ ମାତ୍ର ଜଣଙ୍କୁ ଚିହ୍ନଟ କରିଥିଲେ । ଶନିବାର ଅପରାହ୍ନରେ ବ୍ରହ୍ମପୁର ମଣ୍ଡଳ କାରାଗାରରେ ହୋଇଥିବା ଏହି ଟିଆଇ ପରେଡ ପ୍ରାୟ ୪୦ମିନିଟ ଧରି ହୋଇଥିଲା ।



ମିଳିଥିବା ସୂଚନା ପ୍ରକାରେ, ପୀତବାସଙ୍କୁ ହତ୍ୟା ପାଇଁ ହୋଇଥିବା ପ୍ରଥମ ପ୍ଲାନରେ ସାମିଲ ରହି ପରେ ବ୍ୟକ୍ତିଗତ କାରଣରୁ ଓହରି ଯାଇଥିଲେ ଦୁଇ ବିହାରି ସୁଟର ଶିଶୁପାଳ ପାଶୱାନ ଓ କୁନ୍ଦନ କୁମାର । ଉଭୟେ ଅନଲାଇନରେ ଟଙ୍କା ନେଣଦେଣ ପାଇଁ ବିଜୟ ପଣ୍ଡାଙ୍କ ରିଚାର୍ଜ କାଉଣ୍ଟରକୁ ଯାଇଥିଲେ । ଦୋକାନୀ ବିଜୟ ପଣ୍ଡାଙ୍କ ଜରିଆରେ ଉଭୟ ବିହାରୀ ସୁଟରଙ୍କୁ ଚିହ୍ନଟ କରିବାକୁ ଚାହିଁଥିଲା ପୁଲିସ । ଫଳରେ ଟିଆଇ ପରେଡରେ ବିଜୟ ପଣ୍ଡାଙ୍କୁ ସାମିଲ କରାଯାଇଥିବା ଜଣାପଡିଛି । ସେହିଭଳି ଅନ୍ୟଜଣେ ସାକ୍ଷୀଙ୍କ ଜରିଆରେ ସମସ୍ତ ୫ଜଣ ଅଭିଯୁକ୍ତଙ୍କୁ ଚିହ୍ନଟ କରିବାକୁ ପ୍ରୟାସ କରାଯାଇଥିଲା । ପ୍ରଥମ ପର୍ଯ୍ୟାୟରେ ଅଭିଯୁକ୍ତମାନେ ଅଳକାପୁରୀ ସ୍ଥିତ ଶୂନ୍ୟ ଦାସଙ୍କ ଘରେ ଆଶ୍ରୟ ନେଇଥିବା ବେଳେ ସେମାନଙ୍କୁ ସହାୟତା ଯୋଗାଇଥିବା ଯୁବକ ଏମ. ଲକ୍ଷ୍ମଣଙ୍କୁ ମଧ୍ୟ ଟିଆଇ ପରେଡରେ ସାମିଲ କରାଯାଇଥିବା ସୂଚନା ମିଳିଛି । ତେବେ ଟିଆଇ ପରେଡ ପୂର୍ବରୁ ବିଭିନ୍ନ ଗଣମାଧ୍ୟମରେ ଏପରିକି ଅଭିଯୁକ୍ତଙ୍କୁ କୋର୍ଟଚାଲାଣ ବେଳେ ସେମାନଙ୍କ ମୁହଁ ଖୋଲା ରଖାଯାଇଥିବାରୁ ହତ୍ୟାକାଣ୍ଡର ମାସକ ପରେ ଅଭିଯୁକ୍ତ ଚିହ୍ନଟ କରିବା କେବଳ ଲୋକ ଦେଖାଣିଆ ବୋଲି କହିଛନ୍ତି ବରିଷ୍ଠ ଆଇନଜୀବୀ ଦୀପକ ପଟ୍ଟନାୟକ । ଏହାର କୌଣସି ଯଥାର୍ଥତା ନଥିବା ସେ ଯୁକ୍ତି ବାଢିଛନ୍ତି ।

- **ପୁଲିସ ଗାଡ଼ିରେ ଆସି ଟିଆଇ ପରେଡ୍‌ରେ ସାମିଲ ହେଲେ ଜଣେ ସାକ୍ଷୀ**
- **ଅଭିଯୁକ୍ତଙ୍କ ମୁଖ ସାର୍ବଜନୀନ ପରେ ଟିଆଇ ପରେଡର ଯଥାର୍ଥତା ନାହିଁ: ଆଇନଜୀବୀ**

**● ପୁଲିସ ଏସ୍‌ଆଇ କେଲେଙ୍କାରୀ ମାମଲା**

## ଶଙ୍କର, ମୁନାଙ୍କ ସମେତ ୭ଜଣଙ୍କୁ ପଚରାଉଚରା କରିବ ସିବିଆଇ

ବ୍ରହ୍ମପୁର,୧୫ ।୧୧(ସମିସ): ପୁଲିସ ଏସ୍‌ଆଇ ପରୀକ୍ଷା କେଲେଙ୍କାରୀ ମାମଲାରେ ସିବିଆଇ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିବା ସହ କ୍ରାଇମବ୍ରାଞ୍ଚ ଠାରୁ ହସ୍ତଗତ ହୋଇଥିବା ଦସ୍ତାବିଜ୍‌କୁ ଯାଞ୍ଚ କରୁଛି । ଓଡ଼ିଶା ପୁଲିସ ରିକ୍ରୁଟ୍‌ମେଣ୍ଟ ବୋର୍ଡ (ଓପିଆରବି) ଟେଣ୍ଡର ଦେଇଥିବା ଆଇଟିଆଇ ସଂସ୍ଥାର ଦସ୍ତାବିଜ୍ ମାଗିଛି ସିବିଆଇ । କେବେଠାରୁ ଟେଣ୍ଡର ଦିଆଯାଇଛି ଏବଂ ଏହାକୁ ଓପିଆର୍‌ବି ନଜର ରଖିଥିଲା କି ନାହିଁ ତାହାର ସିବିଆଇ ଯାଞ୍ଚ କରୁଥିବା ସୂଚନା ରହିଛି । କ୍ରାଇମବ୍ରାଞ୍ଚ ଜବତ କରିଥିବା ମୋବାଇଲ୍ ଫୋନ୍ ଏବଂ ଅନ୍ୟାନ୍ୟ ଇଲୋକ୍ଟ୍ରୋନିକ୍ସ ସାମଗ୍ରୀ ରାଜ୍ୟ ଫରେନ୍‌ସିକ୍ ଲାବ୍‌ରେ ରହିଛି । ମାମଲାରେ ଅଧିକ ତଥ୍ୟ ହାସଲ କରିବାକୁ ହେଲେ ସିବିଆଇ ପାଇଁ ଡିଜିଟାଲ ତଥ୍ୟ ଓ ପ୍ରମାଣ ରହିବା ଜରୁରୀ । ଫରେନ୍‌ସିକ୍ ଲ୍ୟାବ୍‌ର ରିପୋର୍ଟ ପହଞ୍ଚିବା ପରେ ସିବିଆଇ ହାତରେ କିଛି ନୂଆ ତଥ୍ୟ ଲାଗିବ ବୋଲି ଆଶା କରାଯାଉଛି । ଅନ୍ୟପକ୍ଷରେ ଏହି ପରୀକ୍ଷା କେଲେଙ୍କାରୀର ମାଷ୍ଟରମାଇଣ୍ଡ ତଥା ପଞ୍ଚସଫ୍ଟ ସଂସ୍ଥାର ମୁଖ୍ୟ ଶଙ୍କର ପ୍ରୁଷ୍ଟି, ମୁନା ମହାନ୍ତି, ଲୋକନାଥ ସାହୁ, ଅରବିନ୍ଦ ଦାସ, ସାଗର ଗୌଡ଼ ଓ ସୁରେଶ ନାୟକଙ୍କ ସମେତ ୭ଜଣଙ୍କୁ ପଚରାଉଚରା କରିବା ପାଇଁ କୋର୍ଟରେ ସିବିଆଇ ଆବେଦନ କରିବ ବୋଲି ଜଣାପଡ଼ିଛି । କୋର୍ଟରୁ ଅନୁମତି ମିଳିଲେ ରିମାଣ୍ଡରେ ନେଇ କିମ୍ବା ଜେଲ ଭିତରକୁ ଯାଇ ଅଧିକାରୀମାନେ ପଚରାଉଚରା କରିବେ । ଏହାସହ ଗିରଫ ହୋଇ ପରେ ଜାମିନରେ ମୁକୁଳିଥିବା ଚାକିରି ଆଶାୟୀଙ୍କୁ ମଧ୍ୟ ସିବିଆଇ ପଚରାଉଚରା କରିବ ବୋଲି ଜଣାପଡ଼ିଛି ।

# ଟ୍ରମ୍ପ ଟାରିଫ ବାତିଲ ଦାବିରେ ସିପିଏମ୍‌ର ବିକ୍ଷୋଭ




ବ୍ରହ୍ମପୁର,୧୫ ।୧୧(ସମିସ): କମାପଲ୍ଲି ଛକଠାରେ ଟ୍ରମ୍ପ ଟାରିଫ ବାତିଲ ଦାବି ନେଇ ସିପିଏମ ପକ୍ଷରୁ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ଟ୍ରମ୍ପ ଟାରିଫ ଦେଶର କୋଟି କୋଟି ଲୋକଙ୍କ ଜୀବିକାକୁ ଛଡାଇ ନେବ ଓ ଆର୍ଥିକ ବିକାଶରେ ଅନ୍ତରାୟ ସୃଷ୍ଟି କରିବ ବୋଲି ଏଠାରେ କୁହାଯାଇଛି । ଭାରତର ସାମଗ୍ରୀ ଉପରେ ୨୫ପ୍ରତିଶତ ଟ୍ୟାକ୍ସ ଓ ରୁଷିଆ ତେଲ ଆମଦାନୀ ପାଇଁ ୨୫ପ୍ରତିଶତ ଜରିମାନା ଲାଗୁ କରିବା ଯୋଗୁ ଭାରତୀୟ ସାମଗ୍ରୀ ଆମେରିକା ବଜାରରେ ମହଙ୍ଗା ହୋଇଛି । ଆମେରିକା ବ୍ୟବସାୟୀ ଭାରତୀୟ ସାମଗ୍ରୀ କ୍ରୟ କରୁନଥିବା ଏଠାରେ କୁହାଯାଇଛି । ଦେଶର ପୋଷାକ, ସାମୁଦ୍ରିକ ମାଛ, କାଜୁ, ଔଷଧ ଓ ମୋଟର ଉପକରଣ ଭଳି ଆମେରିକାକୁ ରପ୍ତାନୀ ହେଉଥିବା ସାମଗ୍ରୀ ଶିଳ୍ପରେ ସାଙ୍ଘାତିକ ସଙ୍କଟ ଦେଖାଦେଇଛି ।

ପ୍ରାୟ ଦେଢ଼ କୋଟି ଲୋକଙ୍କ ଜୀବିକା ଅନିଶ୍ଚିତତା ଭିତରକୁ ଚାଲିଯାଇଥିବା ଏଠାରେ କୁହାଯାଇଛି । ଗଞ୍ଜାମ ଜିଲ୍ଲାର ସୁରତରେ କାର୍ଯ୍ୟରତ ଲକ୍ଷ ଲକ୍ଷ ପ୍ରବାସୀଙ୍କ ଜୀବିକା ସଂକଟଗ୍ରସ୍ତ ହେବ । ସେହିଭଳି ସମୁଦ୍ରରୁ ମାଛ ମାରୁଥିବା ମତ୍ସ୍ୟଜୀବୀ ଓ କାଜୁ ଚାଷ ଓ ପ୍ରକ୍ରିୟାକରଣରେ ସମ୍ପୃକ୍ତ ଲକ୍ଷାଧିକ ଲୋକ କ୍ଷତିଗ୍ରସ୍ତ ହେବ ବୋଲି ଦାବି ହୋଇଛି । ତେଣୁ ଟ୍ରମ୍ପ ଟାରିଫ ବାତିଲ ପାଇଁ କେନ୍ଦ୍ର ସରକାର ଅତିଶୀଘ୍ର ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ପାର୍ଟି ପକ୍ଷରୁ ଦାବି କରାଯାଇଛି । ବିକ୍ଷୋଭ ପ୍ରଦର୍ଶନରେ ସିପିଏମର ଜିଲ୍ଲା ସମ୍ପାଦକ ଯୁଧିଷ୍ଠିର ବେହେରା, ପ୍ରତାପ ଚୌଧୁରୀ, ଶିବ ପ୍ରସାଦ ମହାପାତ୍ର, ଗୋକୁଳ ତ୍ରିପାଠୀ, ନୀଳ ମାଧବ ରଥ, ରାଜ ରାଓ, ଚିଟି ବାବୁ, କେଶବ ଗୌଡ଼, ଲୋକ ନାଥ ଖୁଣ୍ଟିଆ, ଅଜିତ ସାହୁ ଓ ପ୍ରଶାନ୍ତ ବିଶୋଇ ପ୍ରମୁଖ ଉପସ୍ଥିତ ଥିଲେ ।

**ଓଡ଼ି ୨.୦ ଟ୍ରେକିଂ ଅଭିଯାନ**

# ଓଡ଼ିଶାର ଚାରି ଟାଟା ପାୱାର ଡିସ୍‌କମ୍ ଏକାଠି ହେଲେ

ବ୍ରହ୍ମପୁର,୧୫ ।୧୧(ସମିସ): ଟିପି ସଦର୍ଣ୍ଣ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ ଲିମିଟେଡ (ଟିପିଏସ୍‌ଓଡିଏଲ୍) ତରଫରୁ ଦୁଇ ଦିନିଆ ଓଡି ୨.୦- ଟ୍ରେକିଂ ଗଜପତି ଜିଲ୍ଲାର ମହେନ୍ଦ୍ରଗିରି ପର୍ବତରେ ଆରମ୍ଭ ହୋଇଛି । ଓଡ଼ିଶାର ବିଦ୍ୟୁତ ବଣ୍ଟନର ଦାୟିତ୍ୱରେ ଥିବା ଚାରୋଟି ଡିସକମ୍ ତଥା ଟିପିଏସ୍‌ଓଡିଏଲ୍, ଟିପିଏନ୍‌ଓଡିଏଲ୍, ଟିପିଡବ୍ଲ୍ୟୁଓଡିଏଲ୍ ଓ ଟିପିସିଓଡିଏଲର ୪୫ଜଣ ଅଂଶଗ୍ରହଣକାରୀ ସାମିଲ ହୋଇଥିଲେ । ପ୍ରତି ଡିସକମ୍ ୧୦ଜଣ ଅଂଶଗ୍ରହଣକାରୀଙ୍କୁ ମନୋନୀତ କରିଥିବା ବେଳେ ବାକି ୫ଜଣ କ୍ରୀଡ଼ା ଦଳରୁ ମନୋନୀତ ହୋଇଥିଲେ । ଅଭିଯାନର ପ୍ରଥମ ଦିନରେ ୫କିଲୋମିଟର ଟ୍ରେକିଂ ଟ୍ରେଲ୍ ରହିଥିଲା । ଆସନ୍ତାକାଲି ପାଇଁ ରାପେଲିଙ୍ଗ୍ ଏବଂ ରକ୍-କ୍ଲାଇମ୍ବିଙ୍ଗ୍ କାର୍ଯ୍ୟକ୍ରମ ବିଷୟରେ ବୁଝା ଯାଇଥିଲା । ଓଡି ୨.୦ ସହନଶୀଳତା, ଦଳଗତ କାର୍ଯ୍ୟ ପ୍ରଦର୍ଶନ, ପରିସ୍ଥିତି ସମ୍ପର୍କରେ ସଚେତନତା, ଫିଟନେସକୁ ଗୁରତ୍ୱଦେବା ଏବଂ ଅନ୍ତଃକମ୍ପାନୀ ମଧ୍ୟରେ ଥିବା ସହଯୋଗକୁ ପ୍ରୋତ୍ସାହିତ କରିବା ପାଇଁ ଏକ ପ୍ରମୁଖ ପଦକ୍ଷେପ । କାର୍ଯ୍ୟକ୍ରମକୁ ଓଡ଼ିଶା ଡିସ୍‌କମର ସିଇଓମାନେ ଯୁଗ୍ମ ଭାବରେ ଉଦଘାଟନ କରିଛନ୍ତି । ଓଡିଶା ବିଦ୍ୟୁତ ବିତରଣ ବ୍ୟାପାର ଏବଂ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ, ଟିପିଏନ୍‌ଓଡିଏଲ୍ ଗଜାନନ କାଲେ, ଟିପିଏସ୍‌ଓଡିଏଲ୍‌ର ସିଇଓ ଅମିତ କୁମାର ଗର୍ଗ, ସିଇଓ ଟିପିସିଓଡିଏଲ୍ ଅରବିନ୍ଦ ସିଂହ, ସିଇଓ - ଟିପିଡବ୍ଲୁଓଡିଏଲ୍ ପ୍ରବୀଣ ବର୍ମା ଉପସ୍ଥିତ ଥିଲେ । ଏହି ଅବସରରେ



ଟିପିଏସ୍‌ଓଡିଏଲର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଅମିତ କୁମାର ଗର୍ଗ କହିଛନ୍ତି, "ଓଡି ୨.୦ କେବଳ ଏକ ଦୁଃସାହସିକ ଅଭିଯାନ ନୁହେଁ । ଏହା ଆମର ଓଡିଶା ଡିସକମ୍ ପରିବାର ମଧ୍ୟରେ ଦଳଗତ କାର୍ଯ୍ୟ, ସାହସ ଏବଂ ସହଯୋଗର ଏକ ଉତ୍ସବ । ଏଭଳି ପ୍ଲାଟଫର୍ମ ଆମର ଏକତା ଏବଂ ଲକ୍ଷ୍ୟକୁ ଦୃଢ଼ କରେ ଓ ଏଥିସହିତ ନେତୃତ୍ୱ ନେବାର କଳା ଓ କୌଶଳକୁ ପ୍ରୋତ୍ସାହନ ଯୋଗାଇଥାଏ ଯାହା ଓଡ଼ିଶାର ଜନସାଧାରଣଙ୍କ ସେବା କରିବାରେ ସହାୟକ ହେବ । ଏହି ଅବସରରେ ଟିପିଏସ୍‌ଓଡିଏଲ୍ ସମସ୍ତ ଅଂଶଗ୍ରହଣକାରୀ, ଆୟୋଜକ, ସେଫ୍ଟି ଟିମ୍ ଏବଂ ସହାୟକ କର୍ମଚାରୀଙ୍କୁ କାର୍ଯ୍ୟକ୍ରମର ସୁପରିଚାଳନା ପାଇଁ କୃତଜ୍ଞତା ଜ୍ଞାପନ କରିଛି । କମ୍ପାନୀ କ୍ରୀଡ଼ା, ଏବଂ ଆନୁଷଙ୍ଗିକ କାର୍ଯ୍ୟକ୍ରମ ଓ ନେତୃତ୍ୱ ବିକାଶ ମାଧ୍ୟମରେ କର୍ମଚାରୀଙ୍କ ଉନ୍ନତି ଏବଂ ମଙ୍ଗଳକୁ ପ୍ରୋତ୍ସାହିତ କରିବା ପାଇଁ ପ୍ରତିବଦ୍ଧ ରହିଛି ।

## ଖଲ୍ଲିକୋଟ ବିଶ୍ୱବିଦ୍ୟାଳୟରେ ଆଭାସୀ ପାଠାଗାର ଶୁଭାରମ୍ଭ

ବ୍ରହ୍ମପୁର,୧୫ ।୧୧(ସମିସ): ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟରେ ଆଭାସୀ ପାଠାଗାରର ଶୁଭାରମ୍ଭ ହୋଇଯାଇଛି । ବିଶ୍ୱବିଦ୍ୟାଳୟର ଗଣେଶ ହଲରେ ଏକ ସଭାର ଆୟୋଜନ ହୋଇଥିଲା । ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ଡ. ମନୋଜ କୁମାର ପଟ୍ଟନାୟକଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ସଭାରେ ଇବିସ୍କୋ କମ୍ପାନୀର ପ୍ରଶିକ୍ଷଣ ପରିଚାଳକ ରାଜକୁମାର ମହାପାତ୍ର ପାଠାଗାରର ବ୍ୟବହାର କୌଶଳ ସମ୍ପର୍କରେ ଛାତ୍ରଛାତ୍ରୀଙ୍କୁ ପ୍ରଶିକ୍ଷଣ ଦେଇଥିଲେ । ଓଡ଼ିଶା ଉଚ୍ଚଶିକ୍ଷା ପରିଷଦ ଆନୁକୂଲ୍ୟରେ 'ଆଭାସୀ ପାଠାଗାରର ବ୍ୟବହାର ନିମନ୍ତେ ସୁଯୋଗ' ଛାତ୍ରଛାତ୍ରୀ ସୁଯୋଗ ପାଇବା ସହ ବିଶ୍ୱସ୍ତରୀୟ ପୁସ୍ତକ ଓ ପତ୍ରପତ୍ରିକାକୁ ପଢ଼ିପାରିବେ । ଆଭାସୀ ପାଠାଗାର କାର୍ଯ୍ୟକ୍ରମର ସଂଯୋଜିକା ଅଧ୍ୟାପିକା ଡ. ରଶ୍ମିତା ପାଢ଼ୀ କାର୍ଯ୍ୟକ୍ରମରେ ଅତିଥିଙ୍କ ପରିଚୟ ପ୍ରଦାନ କରିବା ସହ କାର୍ଯ୍ୟକ୍ରମ ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ବିଶ୍ୱବିଦ୍ୟାଳୟର ଆଇକ୍ୟୁଏସି ସଂଯୋଜକ ଡ. ଗୌତମ ସାବତଙ୍କ ସମେତ ବିଶ୍ୱବିଦ୍ୟାଳୟର ବହୁ ଅଧ୍ୟାପକ, ଅଧ୍ୟାପିକା ଏବଂ ଶତାଧିକ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ ।

# ଏମ୍‌କେସିଜି ଶିଶୁ ବିଭାଗରେ ମହିଳାଙ୍କୁ ଆକ୍ରମଣ

ବ୍ରହ୍ମପୁର,୧୫ ।୧୧(ସମିସ): ଏମକେସିଜି ମେଡିକାଲ ଶିଶୁ ବିଭାଗରେ ଜଣେ ମହିଳାଙ୍କୁ ସେଠାରେ କର୍ଯ୍ୟରତ ସୁରକ୍ଷାକର୍ମୀ ମାଡ଼ ମାରିଥିବା ଅଭିଯୋଗ ହୋଇଛି । ରୋଗୀ ଚିକିତ୍ସାକୁ କେନ୍ଦ୍ର କରି ଏଭଳି ଘଟଣା ଘଟିଥିବା ଜଣାପଡିଛି । ଯାହାକୁ ନେଇ ବିଭାଗରେ କିଛି

**ଥାନାର ଦ୍ୱାରସ୍ଥହେଲେ ପରିବାର**

ସମୟ ଧରି ଉତ୍ତେଜନା ପରିସ୍ଥିତି ସୃଷ୍ଟି ହୋଇଥିଲା । ଘଟଣାକୁ ନେଇ ରୋଗୀଙ୍କ ପରିବାର ବୈଦ୍ୟନାଥପୁର ଥାନାର ଦ୍ୱାରସ୍ଥ ହୋଇଥିଲା । ଅନ୍ୟପକ୍ଷରେ ସଂପୃକ୍ତ ରୋଗୀ ଓ ତାଙ୍କ ସମ୍ପର୍କୀୟଙ୍କୁ କାର୍ଯ୍ୟରତ ଡାକ୍ତରମାନେ ଗାଳିଗୁଲଜ ମଧ୍ୟ କରିଥିବା ଥାନାରେ ଅଭିଯୋଗ ହୋଇଛି ।

ସୂଚନାଯୋଗ୍ୟ ଯେ, ଛତ୍ରପୁର ପାଲୁରଗଡର ୧୨ବର୍ଷର ଶିଶୁ ବିଶ୍ୱରଞ୍ଜନ ଦାସଙ୍କ ଅପସ୍ମାର ରୋଗ ଥିବାରୁ ତାଙ୍କ ପରିବାର ଲୋକେ ଗତ ୧୧ତାରିଖରେ ଏମକେସିଜି ମେଡିକାଲରେ ଭର୍ତ୍ତି କରିଥିଲେ । ମେଡିକାଲ ଶିଶୁ ବିଭାଗର ଆନ୍ତଃବିଭାଗରେ ବିଶ୍ୱରଞ୍ଜନଙ୍କ ଚିକିତ୍ସା ଜାରି ରହିଥିଲା । ରୋଗୀଙ୍କ ନିକଟରେ ମାଆ ପୁଷ୍ପାଲତା ଦାସ ଓ ମାଉସୀ ଯଶୋବନ୍ତି ବେହେରା ରହୁଥିଲେ । ତେବେ ବିଶ୍ୱରଞ୍ଜନଙ୍କ ମାନସିକ ଅବସ୍ଥା ଠିକ ନଥିବାରୁ ସେ ଡାକ୍ତରଖାନା ଶଯ୍ୟାରେ ରହୁଥିଲେ ମଧ୍ୟ ଠିକ ଭାବେ ଔଷଧ ଖାଉନଥିଲେ କିମ୍ବା ଇନଜେକ୍‌ସନ ନେବାକୁ ମନା କରୁଥିଲେ । ଏପରିକି ତାଙ୍କ ହାତରେ ଖଞ୍ଜା ଯାଇଥିବା ସାଲାଇନ ଓ ସିରିଞ୍ଜକୁ ବାରମ୍ବାର ବାହାର କରି ଫୋପାଡି ଦେଉଥିଲେ । ଯାହାକୁ ନେଇ ଡାକ୍ତର ରୋଗୀ ବିଶ୍ୱରଞ୍ଜନଙ୍କ ଉପରେ ବିରକ୍ତ ହେବା ସହ ଗାଳିଗୁଲଜ କରିଥିବା ଅଭିଯୋଗ ହୋଇଛି । ଯାହାକୁ ନେଇ ବିଶ୍ୱରଞ୍ଜନଙ୍କ ମାଆ ଓ ମାଉସୀ ଏହାର ପ୍ରତିବାଦ କରିଥିଲେ । ଏହି ଘଟଣାକୁ ନେଇ ବିଭାଗରେ ପାଟିତୁଣ୍ଡ ହୋଇଥିବା ବେଳେ କାର୍ଯ୍ୟରତ ଜଣେ ମହିଳା ସୁରକ୍ଷାକର୍ମୀ ମଧ୍ୟ ବିଶ୍ୱରଞ୍ଜନଙ୍କ ମାଆ ଓ ମାଉସୀଙ୍କୁ ଗାଳିଗୁଲଜ କରିବା ସହ ଯଶୋବନ୍ତିଙ୍କୁ ଦୁର୍ବବ୍ୟବହାର କରିବା ପରେ ଆକ୍ରମଣ କରିଥିବା ଅଭିଯୋଗ ହୋଇଛି । ଆକ୍ରମଣରେ ଯଶୋବନ୍ତିଙ୍କ ହାତର ଏକାଧିକ ଚୁଡ଼ି ଭାଙ୍ଗିଯିବା ସହ ସେ ଆହତ ହୋଇଥିଲେ । ଘଟଣାକୁ ନେଇ ଯଶୋବନ୍ତି ବୈଦ୍ୟନାଥପୁର ଥାନାକୁ ଯାଇ ଅଭିଯୋଗ କରିବା ପରେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛି ।

## ଆରମ୍ଭ ହେଲା ସୁନାପୁର ଇକୋ ରିଟ୍ରିଟ୍

ବ୍ରହ୍ମପୁର,୧୫ ।୧୧(ସମିସ): ଗଞ୍ଜାମ ଜିଲ୍ଲାର ସୁନାପୁରରେ ଇକୋ ରିଟ୍ରଟ ଆରମ୍ଭ ହୋଇଯାଇଛି । ଉପ-ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଭର୍ଚୁଆଲ ମାଧ୍ୟମରେ ଉଦ୍‌ଘାଟନ କରିଥିଲେ । ଇକୋ ରିଟ୍ରିଟ୍‌ରେ ବିସ୍ତୀର୍ଣ୍ଣ ବାଲୁକା ରାଶିରେ ଅତ୍ୟାଧୁନିକ ୨୫ଟି ବିଳାସପୂର୍ଣ୍ଣ ତମ୍ବୁରେ ସମସ୍ତ ସୁବିଧା ରହିଛି । ଏହା ଫେବୃଆରୀ ମାସ ଶେଷ ସପ୍ତାହ ପର୍ଯ୍ୟନ୍ତ ଚାଲୁ ରହିବ । କାର୍ଯ୍ୟକ୍ରମରେ ବହ୍ମପୁର ସାଂସଦ ଡ଼ ପ୍ରଦୀପ କୁମାର ପାଣିଗ୍ରାହୀ, ଚିକିଟି ବିଧାୟକ ମନୋରଞ୍ଜନ ଦ୍ୟାନ ସାମନ୍ତରା, ଗଞ୍ଜାମ ଜିଲ୍ଲାପାଳ ଭି କୀର୍ତ୍ତିୱାସନ, ଅତିରିକ୍ତ ଜିଲ୍ଲାପାଳ ଡ଼ ପ୍ରମୋଦ କୁମାର ପୃଷ୍ଟି, ବ୍ରହ୍ମପୁର ଉପ-ଜିଲ୍ଲାପାଳ ଅବିନାଶ କୁମାର, ପର୍ଯ୍ୟଟନ ଅଧିକାରୀ ପାର୍ଥ ସାରଥୀ ହାଂସଦା ପ୍ରମୁଖ ଉପସ୍ଥିତ ଥିଲେ ।

## ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ଗବେଷଣା ପ୍ରକଳ୍ପ ଅନୁମୋଦିତ

ଗୋପାଳପୁର,୧୫ ।୧୧(ସମିସ): ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ପକ୍ଷରୁ ଆବେଦନ ହୋଇଥିବା ବୃହତ ଗବେଷଣା ପ୍ରକଳ୍ପ "ଓଡ଼ିଶା ସାମୁଦ୍ରିକ ଜୈବ ବିବିଧତା ଓ ପ୍ରଯୁକ୍ତି ବିଦ୍ୟା ସୃଜନ ଶିଳନ"ଓଡ଼ିଶା ସରକାରଙ୍କ ବିଜ୍ଞାନ ଓ କାରିଗରୀ ବିଭାଗ ଦ୍ୱାରା ଅନୁମୋଦିତ ଓ ଏଥି ନିମନ୍ତେ ଆବଶ୍ୟକ ପ୍ରଥମ ବର୍ଷର ଆର୍ଥିକ ଅନୁଦାନ ରାଶି ୩.୬୬ ଓଟି ପ୍ରଦାନ କରାଯାଇଛି । ଏହି ଅନୁସନ୍ଧାନ ଅଭିଯାନ ଆସନ୍ତା ୫ ବର୍ଷ ପର୍ଯ୍ୟନ୍ତ ଚାଲୁ ରହିବ । ଏଥି ନିମନ୍ତେ ୯.୭ କୋଟି ଅର୍ଥରାଶି ବ୍ୟୟର ବ୍ୟବସ୍ଥା ରହିଛି । ଉଦ୍ଭିଦ ବିଜ୍ଞାନୀ ଡ଼.ମୃତ୍ୟୁଞ୍ଜୟ ଜେନାଙ୍କ ସଂଯୋଜନାରେ ପ୍ରାଣୀ ବିଜ୍ଞାନୀ ଡ଼.ଜୟ କିଶୋର ସେଠ୍ ଓ ସାମୁଦ୍ରିକ ବିଜ୍ଞାନୀ ଡ଼.ଶେଷଦେବ ପାତ୍ର ପ୍ରମୁଖ ରହିଛନ୍ତି । ଏହି ଅନୁଦାନର ସଫଳତା ପାଇଁ ଗବେଷକ ଏବଂ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ଗୀତାଞ୍ଜଳି ଦାଶଙ୍କୁ କୃତଜ୍ଞତା ଜଣାଇଛନ୍ତି । ଏହି ଅଭିଯାନରେ ବ୍ରହ୍ମପୁର ଆଇଜର, ଭୁବନେଶ୍ୱର ସ୍ଥିତ ଆଇଆଇଟି ଓ ଜୀବ ବିଜ୍ଞାନ ଅନୁଷ୍ଠାନ, ରାଉରକେଲା ଏନଆଇଟି ଓ ବାଲେଶ୍ୱର ସ୍ଥିତ ଏଫ ଏମ ବିଶ୍ୱବିଦ୍ୟାଳୟ ଅନୁବନ୍ଧିତ । ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଦାଶ ଏହି ଗବେଷଣା ପ୍ରକଳ୍ପର ଉତ୍କର୍ଷତା କାମନା କରିବା ସହ ଅନୁମୋଦନ ପାଇଁ ଓଡ଼ିଶା ସରକାରଙ୍କୁ କୃତଜ୍ଞତା ଜ୍ଞାପନ କରିଛନ୍ତି ।

## ମହିଳା ସଫେଇ କର୍ମଚାରୀଙ୍କୁ ଆକ୍ରମଣ; ଅଭିଯୁକ୍ତ କୋର୍ଟ ଚାଲାଣ

ଦିଗପହଣ୍ଡି,୧୫।୧୧(ସମିସ): ଦିଗପହଣ୍ଡି ଥାନା ଅନନ୍ତେଇ ଗ୍ରାମର ମହିଳା ସଫେଇ କର୍ମଚାରୀଙ୍କୁ ଆକ୍ରମଣ ମାମଲାରେ ପୁଲିସ ଅଭିଯୁକ୍ତଙ୍କୁ ଗିରଫ କରି ଶନିବାର ବ୍ରହ୍ମପୁର ଏସଡିଜେଏମ କୋର୍ଟକୁ ଚାଲାଣ କରିଛି । ଅଭିଯୁକ୍ତ ଜଣକ ହେଲେ ଅନନ୍ତେଇ ଗ୍ରାମର ବିଦେଶୀ ଦାସ । ଗତ ଅକ୍ଟୋବର ୩୦ ତାରିଖରେ ମିରା ସେଠୀ ନାମ୍ନୀ ଜଣେ ସଫେଇ କର୍ମଚାରୀ ଗ୍ରାମ ପରିସରରେ ସଫେଇ କରୁଥିବା ବେଳେ ଅଭିଯୁକ୍ତ ବିଦେଶୀଙ୍କ ସ୍ତ୍ରୀ ଝୁମୁରୀଙ୍କ ସହ କୌଣସି କାରଣରୁ ପାଟିତୁଣ୍ଡ ହୋଇଥିଲା । ଅଭିଯୁକ୍ତ ଜଣକ ଫୁଙ୍କନଳା ଆଣି ମୀରାଙ୍କ ମୁଣ୍ଡକୁ ପିଟିଦେଇଥିଲେ । ରକ୍ତ ଜୁଡୁବୁଡୁ ଅବସ୍ଥାରେ ପରିବାର ଲୋକେ ମୀରାଙ୍କୁ ଉଦ୍ଧାର କରି ମେଡିକାଲ ନେଇଥିଲେ । ସୁସ୍ଥ ହୋଇ ସେ ଦିଗପହଣ୍ଡି ଥାନାରେ ଏତଲା ଦେଇଥିଲେ । ଗିରଫ ଭୟରେ ଅଭିଯୁକ୍ତ ଫେରାର ଥିବାବେଳେ ଶୁକ୍ରବାର ସେ ଘରକୁ ଆସିଥିବା ତଦନ୍ତକାରୀ ଅଧିକାରୀ ଏସ.ଆଇ ସୋଫିଆ ମିଶ୍ର ଖବରପାଇ ଗିରଫ କରିଥିଲେ । ଶନିବାର ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯିବା ପରେ ଜାମିନ ଆବେଦନ ନାମଞ୍ଜୁର ହେବାରୁ ବ୍ରହ୍ମପୁର ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଥିବା ଭାରପ୍ରାପ୍ତ ଆଇଆଇସି ତଥା ଡିଏସପି ପ୍ରଶାନ୍ତ କୁମାର ପାତ୍ର ସୂଚନା ଦେଇଛନ୍ତି ।

## 'କ୍ରାନ୍ତି' ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ

ବ୍ରହ୍ମପୁର,୧୫ ।୧୧(ସମିସ): ସ୍ଥାନୀୟ ସରକାରୀ ଆଇଟିଆଇ ପ୍ରେକ୍ଷାଳୟରେ କ୍ରାନ୍ତି ଅନୁଷ୍ଠାନ ପକ୍ଷରୁ ଶିଶୁ ଦିବସ ଅବସରରେ ସାଂସ୍କୃତିକ ସହ ଶିଶୁ କର୍କଟ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି । ଅନୁଷ୍ଠାନର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଡ. ଦେବାନନ୍ଦ ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବେ ବିଇଏମସିର ଡେପୁଟି କମିଶନର କଲ୍ୟାଣୀ ସଂଘମିତ୍ରା ଦେବୀ, ବିଶ୍ୱ ହିନ୍ଦୁ ପରିଷଦ ଗଞ୍ଜାମ ଜିଲ୍ଲା ସଭାପତି ଅଜିତ ମହାପାତ୍ର, ଡ଼ା. ପ୍ରୀୟଜିତ୍ ଜେନା ଓ ମହାନ ସଂଘ ସଭାପତି ସୁଶାନ୍ତ ସାବତ ପ୍ରମୁଖ ଯୋଗଦେଇ ଶିଶୁ ଦିବସ ଉଦ୍ଦେଶ୍ୟ ସହ ଶିଶୁ କର୍କଟ ରୋଗ ଉପରେ ସଚେତନ କରାଇଥିଲେ । କାର୍ଯ୍ୟକ୍ରମରେ ଅନୁଷ୍ଠାନ ପକ୍ଷରୁ କୁନିକୁନି କଳାକାରଙ୍କୁ ନେଇ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଏହାସହ ପୂର୍ବରୁ ଆୟୋଜିତବିଭିନ୍ନ ପ୍ରତିଯୋଗିତାର ବହୁ ଛାତ୍ରଛାତ୍ରୀଙ୍କୁ ଅତିଥି ମାନଙ୍କ ଦ୍ୱାରା ପୁରସ୍କାର ପ୍ରଦାନ କରାଯାଇଥିଲା । ଅନୁଷ୍ଠାନର ନିର୍ମଳା ଦାଶ, ଦେବରାଜ ରାଉତ, ସଂଜୟ ରଥ, ଅନିଲ କୁମାର ସେଠୀ, ଅରୁଣ ପଟ୍ଟନାୟକ, ସ୍ନିଗ୍ଧା ମହାରଣା, ପରମାନନ୍ଦ ପଣ୍ଡା, ଧନଜୟ ପାଣିଗ୍ରାହୀ, ସଂଜୟ ପାତ୍ର, ଲିଙ୍ଗରାଜ ପଟ୍ଟନାୟକ, ଚର୍ଚ୍ଚିକା ଦାଶ, ଚିନ୍ମୟାନନ୍ଦ ଦାଶ ଓ ପୁର୍ଣ୍ଣଚନ୍ଦ୍ର ସାହୁଙ୍କ ସମତେ ବହୁ ସଦସ୍ୟ ଉପସ୍ଥିତ ଥିଲେ ।




**କଠୋର ହେଲା ବିଇଏମ୍‌ସି; ଓଡ଼ିଆରେ ନାମଫଳକ ବାଧ୍ୟତାମୂଳକ**

# ଓଡ଼ିଆ ଭାଷାକୁ ପ୍ରାଧାନ୍ୟ ନ ଦେଇ ତଣ୍ଡ ଗଣିଲେ ବ୍ୟବସାୟୀ

ବ୍ରହ୍ମପୁର,୧୫ ।୧୧(ସମିସ)

ଓଡିଆରେ ନାମଫଳକ ଲେଖିବା ଉପରେ ବିଇଏମ୍‌ସି ଦେଉଛି ଗୁରୁତ୍ୱ । ପ୍ରଥମ ପର୍ଯ୍ୟାୟରେ ଏହି ନିୟମକୁ ଦୋକାନ ଓ ବ୍ୟବସାୟିକ ପ୍ରତିଷ୍ଠା କ୍ଷେତ୍ରରେ ଲାଗୁ କରାଯାଇଛି । ରାଜ୍ୟ ସରକାରଙ୍କ ଗୃହ ଏବଂ ନଗର ଉନ୍ନୟନ ବିଭାଗଙ୍କ ନିର୍ଦ୍ଦେଶ ପରେ ଏହାକୁ କଡାକଡି ଲାଗୁ କରିବାକୁ ଯାଇ କଠୋର ଅଭିମୁଖ୍ୟ ଗ୍ରହଣ କରିଛି ବିଇଏମସି ।

ବ୍ରହ୍ମପୁର ମହାନଗର ନିଗମର କମିଶନର ପ୍ରଥମେଶ ଅରବିନ୍ଦ ରାଜେଶିର୍କେ ଏନେଇ ସେପ୍ଟେମ୍ବର ପହିଲାରେ ସର୍ବସାଧାରଣ ବିଜ୍ଞପ୍ତି ଜାରି ସହ ସହର ସାରା ଡାକବାଜି ଯନ୍ତ୍ରରେ ପ୍ରଚାର ପରେ ସେପ୍ଟେମ୍ବର ୧୮ ରୁ ଖିଲାପକାରୀଙ୍କୁ ନୋଟିସ ଦେବା ଆରମ୍ଭ ହୋଇଥିଲା । ସମସ୍ତ ଦୋକାନ ବା ବ୍ୟବସାୟୀକ ପ୍ରତିଷ୍ଠାନ ନିଜ ସଂସ୍ଥା ବା ପ୍ରତିଷ୍ଠାନର ନାମ ଫଳକର ଶତକଡା ୬୦ପ୍ରତିଶତ ମାତୃଭାଷା 'ଓଡିଆ'ରେ ଲେଖିବା ବାଧ୍ୟତାମୂଳକ । ଏନେଇ ସମ୍ପୃକ୍ତ ସଂସ୍ଥାଗୁଡିକୁ ନୋଟିସ ଜାରି କରାଯାଇ ସଂଶୋଧନ ପାଇଁ ୫୫ଦିନର ସମୟ ଦିଆଯାଉଛି ।

- **ନାମଫଳକର ୬୦% ଓଡ଼ିଆ ଜରୁରୀ, ଟ୍ରେଡ ଲାଇସେନ୍ସ ନବୀକରଣରେ ୫% ରିହାତି ସୁବିଧା**
- **୨୨୦ ବ୍ୟବସାୟୀଙ୍କୁ ନୋଟିସ, ଆଗକୁ କଡ଼ାକଡ଼ି ହେବ ନିୟମ: କମିଶନର**

୫୫ଦିନ ପରେ ସୂଚନା ବା ନାମଫଳକରେ ସଂଶୋଧନ ନହେଲେ ସମ୍ପୃକ୍ତ ସଂସ୍ଥା ବା ପ୍ରତିଷ୍ଠାନ ଠାରୁ ଆର୍ଥିକ ଜରିମାନା ଆଦାୟ କରାଯିବ । ଜରିମାନା ଅର୍ଥ ଦୈନିକ ୫ଶହ ଟଙ୍କା ଲେଖାଏଁ ଧାର୍ଯ୍ୟ କରାଯାଇଛି । ଅର୍ଥାତ୍ ନିର୍ଦ୍ଧାରିତ ସମୟସୀମା ପରେ ଯେପର୍ଯ୍ୟନ୍ତ ନାମଫଳକ ସଂଶୋଧନ ହୋଇନାହିଁ ଏବଂ ଶତକଡା ୬୦ପ୍ରତିଶତ ଓଡିଆରେ ଲିପିବଦ୍ଧ ହୋଇନାହିଁ ସେତେଦିନର ଦୈନିକ ୫ଶହ ଟଙ୍କା ଲେଖାଏଁ ଜରିମାନା ଆଦାୟ କରାଯିବ । ବର୍ତ୍ତମାନ ସୁଦ୍ଧା ବିଇଏମସି ପକ୍ଷରୁ ସହରର ବିଭିନ୍ନ ସ୍ଥାନରେ ମୋଟ ୨୨୦ଜଣ ବ୍ୟବସାୟିକ ପ୍ରତିଷ୍ଠାନକୁ ଗତ ସେପ୍ଟେମ୍ବର ୧୮ ତାରିଖରୁ ନୋଟିସ ଜାରି କରାଯାଇଛି । ବର୍ତ୍ତମାନ ସଂଶୋଧନ ପାଇଁ ନିର୍ଦ୍ଧାରିତ ୫୫ଦିନ ଅତିବାହିତ ହୋଇସାରିବା ପରେ ଖିଲାପିଙ୍କୁ ଚିହ୍ନଟ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି । ଏହି କ୍ରମରେ ସହରର ମିଲିଟାରୀ ଲାଇନର ୧୦ଟି ଦୋକାନ ମଧ୍ୟରୁ ୬ଟି ୫୫ଦିନ ପରେ ମଧ୍ୟ ପ୍ରକାଶ ଫଳକ ସଂଶୋଧନ କରିନଥିବା ଯୋଗୁଁ ଦୈନିକ ୫୦୦ଟଙ୍କା ହିସାବରେ ସେମାନଙ୍କ ଠାରୁ ଜରିମାନା ଆଦାୟ କରାଯାଇଛି । ଆଗାମୀ ଦିନରେ ଆହୁରି ବ୍ୟାପକ ଏବଂ କଡାକଡି କରାଯିବ ବୋଲି ଡେପୁଟି କମିଶନର କଲ୍ୟାଣୀ ସଂଘମିତ୍ରା ଦେବୀ ସୂଚନା ଦେଇଛନ୍ତି ।

ସେହିପରି ଯେଉଁ ଦୋକାନ ଗୁଡିକର ପ୍ରକାଶ ଫଳକର ଅତି କମରେ ୬୦ପ୍ରତିଶତ ଭାଗରେ ଓଡ଼ିଆ ଲିପି ବ୍ୟବହାର ହୋଇଛି ସେଗୁଡିକର ଟ୍ରେଡ଼ ଲାଇସେନ୍ସ ନବୀକରଣ ବେଳେ ଦେୟର ୫ପ୍ରତିଶତ ରିହାତି ସୁବିଧା ଦେବାକୁ ମହାନଗର ନିଗମ ପକ୍ଷରୁ ଜଣାପଡିଛି ।

## ଦୁଇଟି ମିନିଗପ



### ମାଛି



ପୀତାମ୍ବର ତରାଇ

ଗୋଧୂଳି ବେଳ। ତଥାପି ପିଲାମାନଙ୍କ ଖେଳ ସରୁନି। ପିଲାଙ୍କ ଅଜ୍ଞାତରେ ଦୁଇଟି ମାଛି ନିଜ ଭିତରେ ଗପସପ ହୋଇ ସେହି ଛୋଟ ବଗିଚା ଭିତରେ ଗଣଗଣ ହୋଇ ଉଡ଼ି ବୁଲୁଥିଲାବେଳେ ଜଣେ ପିଲାର ନଜର ପଡ଼ିଯିବାରୁ ସେ ଦୁଇଟି ମାଛିକୁ ନିରୀକ୍ଷଣ କଲା। ପିଲାଟି ଅନୁଭବ କଲା ଦୁଇଟି ମାଛି ଭିତରେ ବନ୍ଧୁତ୍ୱ ନିବିଡ଼, ଅଭିନ୍ନ। କିଛି ସମୟ ପରେ ଗୋଟେ ମାଛି ଗୋଟେ ଫୁଲ ଉପରେ ବସି ସୁରଭି ଆଘ୍ରାଣ କରୁଥିବା ବେଳେ ଆର ମାଛିଟି ବଗିଚା କୋଣରେ ଥିବା ଅପରିଷ୍କାର ସ୍ଥାନରେ ବସି ଦୁର୍ଗନ୍ଧ ଗ୍ରହଣରେ ମଗ୍ନ ଅଛି।

ପିଲାଟି ଭାବିଲା, ଏ କି ବ୍ୟବସ୍ଥା। ଗୋଟେ ମାଛି ଫୁଲ ବାସକୁ ଆଦର କରୁଥିବା ବେଳେ ଆଉ ଗୋଟେ ମାଛି ଅପରିଷ୍କାର ସ୍ଥାନରେ ଦୁର୍ଗନ୍ଧକୁ ନେଇ ସୁଖ ପାଉଛି। ପିଲାଟି ନିଜକୁ ବୁଝାଇ ପାରୁ ନଥାଏ।

ସନ୍ଧ୍ୟା ବେଳ। ଜଣେ ସାଧୁ ବଗିଚା ଭିତରକୁ ପ୍ରବେଶ କରିବା ମାତ୍ରେ ପିଲାଟି ପଚାରିଲା, "ହେ ସାଧୁ ମହାଶୟ! ମାଛି ଦୁଇଟି ଦେଖିବାକୁ ଏକାପରି। କିନ୍ତୁ ଗୋଟିଏ ମାଛି ଫୁଲ ଉପରେ ତ ଆଉ ଗୋଟିଏ ମାଛି ଅପରିଷ୍କାର ଜାଗାରେ ବସିବାକୁ ଭଲ ପାଉଛି। ଏହା ଅର୍ଥ ବୁଝାଇ ଦିଅନ୍ତୁ।"

ସାଧୁ କହିଲେ, "ଶୁଣ ବତ୍ସ! ଦୁଇଟି ମାଛି ଦେଖିବାକୁ ସିନା ଏକାପରି, କିନ୍ତୁ ଯାହାର ସ୍ୱଭାବ ଯେପରି ସେ ବଞ୍ଚିବ ସେପରି। ନିକୃଷ୍ଟ ବ୍ୟକ୍ତିର ରୁଚି ସହ ଉତ୍କୃଷ୍ଟ ବ୍ୟକ୍ତିର ରୁଚି ସମାନ ହେବ କେମିତି? ଠିକ୍ ଏହିପରି ଦୁଇଟି ମାଛିଙ୍କ ଚରିତ୍ର।"

ସାଧୁଙ୍କ ମଧୁର ବଚନ ଶୁଣି ପିଲାଟି ମାଛି ଦୁଇଟିକୁ ଖୋଜିଲା ବେଳକୁ କେଉଁଆଡ଼େ ଅନ୍ତର୍ଦ୍ଧାନ ହୋଇ ସାରିଥିଲେ। ■

### ଧର୍ମ ବିଚାର



ଯମରାଜାଙ୍କ ଦରବାର ବସିଥାଏ। ଦୁଇ ଜଣଙ୍କ ବିଚାର ଚାଲିଥାଏ। ଜଣେ ଦେହଜୀବୀ ଓ ଆଉ ଜଣେ ବେଇମାନ। ସମସ୍ତ ବିଚାର ପ୍ରକ୍ରିୟା ସାରି ଯମରାଜ ନ୍ୟାୟ ଘୋଷଣା କଲେ, ଦେହଜୀବୀ ମାତ୍ର ମାସେ ରଡ଼ ନିଆଁରେ ଚାଲିବ, କିନ୍ତୁ ବେଇମାନ ତତଲା ତେଲ କଡ଼େଇରେ ଚାରି ମାସ ଛଣା ହେବ।

ଏ ପ୍ରକାର ନ୍ୟାୟ ମନ୍ତ୍ରୀ ଚିତ୍ରଗୁପ୍ତଙ୍କ ମନକୁ ସନ୍ତୁଷ୍ଟ କରି ପାରିଲା ନାହିଁ। ପଚାରିଲେ, "ହେ ଧର୍ମରାଜ! ଦେହଜୀବୀକୁ ଦଣ୍ଡ କମ୍, ବେଇମାନକୁ ଅଧିକ ଦଣ୍ଡ, ନ୍ୟାୟଟା ଅସଙ୍ଗତି ଲାଗୁଛି।"

ଯମରାଜ କହିଲେ, "ପେଟଭୋକ ପାଇଁ ବିଚରା ମହିଳା ନିରୁପାୟ ହୋଇ ଦେହକୁ ବିକ୍ରି କଲା ଓ ଗ୍ରାହକର କାମନା ନିଆଁକୁ ନିର୍ବାପିତ କଲା। କିନ୍ତୁ ବେଇମାନ ବିଶ୍ୱାସରେ ବିଷ ଦେଇଥିବାରୁ ଧର୍ମ ବିଚାରରେ ଦେହଜୀବୀଠୁ ବେଇମାନ ବଡ଼ ଅପରାଧୀ।

ମନ୍ତ୍ରୀ ଚିତ୍ରଗୁପ୍ତ ବିଚାର ଦସ୍ତାବିଜରେ ଉଲ୍ଲେଖ କଲେ ବରଂ ଦେହଜୀବୀକୁ ଛାଡ଼ ଅଛି। କିନ୍ତୁ ବେଇମାନକୁ ଧର୍ମ ଦୁଆରେ ଛାଡ଼ ନାହିଁ। ■

ମୋ: ୯୪୩୭୧୬୩୪୨୧

## କ୍ଷଣ କ୍ଷଣକେ ଆନ



ଜୟନ୍ତୀ ରଥ

ବୋଉ ମୁଁ ଆଜି ନନ୍ଦୀନାଗରୀ ଲିପି ଶିଖିଲି
ନଣ୍ଡା ବାଗୁଲି ଖାଉଚୁ
ହଉ ଖାଆ, ଖାଆ
ଭଲ ହଜମ ହେବ।
ନା- ବୋଉକୁ ଶୁଭୁ ନାହିଁ
ତାକୁ କିଛି ବୁଝାଇ
କହି ହେବନି।
ଆଉ, ସେ ଯାହା
ନିଜ ଆଡୁ କହୁଚି କହୁ...

ଦିଅଁ ପୂଜିବାକୁ
ରାତି ଚାରିଟାରେ ଉଠି
ଗାଧୋଉଥିଲା
ଏବେ ଅପରାହ୍ନ ସାଢ଼େ ପାଞ୍ଚ
କହୁଚି, କେତେ ଡେରି ହେଲାଣି
ମୋତେ ଉଠେଇ ଦେଲନି ଟିକେ
ନିଆଁ ଲଗା ନିଦଟା
ଅବେଳରେ ଆସୁଚି
ଆଉ ସମସ୍ତେ ଶୋଇଲାବେଳେ
ପତା ପଡୁନି ଆଖିର

ଭାସ୍କର ବେଲପତ୍ର ଆଣିଚି?
ତାକୁ କହିଥିଲି
ସବୁ ସଂକ୍ରାନ୍ତିରେ ହୋମ ହେବ
ବୋହୂ ମାଆ ଏକୁଟିଆ
ପାରିବନି।
ତୁ ଆସି ଯୋଗାଡ଼ି ଦେବୁ
ଏବେ ସବୁ କଥାକୁ
ଗାଳଉଚି –
ପରା ଟୋକାଟା।

ଓହୋ ବୋଉ।
ସବୁ ପୂଜା ଠିକ୍‌ଠାକ୍ ଚାଲିଚି
ତୁ ଜମା ବ୍ୟସ୍ତ ହ'ନା
ବୋଉ ଉଦାସ ହୋଇ
କହୁଚି
ବ୍ୟସ୍ତ ହୋଇ
କ'ଣ କରିବି
ମୁଁ ତ ମଲାଗଲା
ହୋଇ ପଡ଼ିଚି
ଜ୍ୱାଇଁଙ୍କ ପାଇଁ
ମିଠା ଦହି ଅଛି
ଫ୍ରିଜ୍‌ରେ
ଗଲାବେଳେ ମନେ କରି
ନେଇଯିବୁ

ମୁଁ ବୁଝି ଗଲି
କ୍ଷଣ କ୍ଷଣକେ ଆନ
ଏବେ ବୋଉର ପୃଥିବୀ...
ଦିନେ ମୋର ବି
ଏଇ ଦଶା ହେବ। ■

ଭୁବନେଶ୍ୱର
ମୋ: ୮୮୯୫୬୭୧୭୯୫୬

## ମରୁଥାଏ ବାରମ୍ବାର



ଚିତ୍ତରଞ୍ଜନ ମିଶ୍ର

ସେଦିନ କାଶ୍ମୀର ଘାଟିରେ
ମରିଥିଲି ଗୁଳି ଖାଇ ଆତଙ୍କବାଦୀର
ଆଉଥରେ ଗାଜାରେ ନିଖୋଜ ହୋଇ
ଛତ୍ରରେ ମୁଠାଏ ଖାଦ୍ୟ
ଖୋଜିଥିଲି ଭୋକ ବିକଳରେ।
ଜୀବନ ବଞ୍ଚାଇବାକୁ ୟୁକ୍ରେନର
ସୀମା ପାର ହେବା ବେଳେ
ମରିଥିଲି, ମରିଥିଲି ଆଉଥରେ
ବଙ୍ଗଳାଦେଶରେ
ଘର ମୋର ଜଳିଗଲାପରେ
ମରିଥିଲି ମୁର୍ଶିଦାବାଦରେ
ମରିଥିଲି ସେ ଝିଅଟି ଜଳିଯିବା ବେଳେ
ନିଜକୁ ଅଙ୍ଗାର କରି ନ୍ୟାୟ ଅପେକ୍ଷାରେ
ମରିଥିଲି ଉତ୍ତରାଖଣ୍ଡରେ
ପାଦତଳୁ ପାହାଡ଼ଟି ଧସି ଯିବା ପରେ
ମରିଥିଲି ମଦ୍ୟପଙ୍କ ପଞ୍ଝାରେ, ଦାନ୍ତରେ
ପୀଡ଼ିତାର ଚିରା ଦେହ ଛପା ଛବି
କାଗଜରେ ଚିରି ଯିବାପରେ
କିଏ ବା ବଞ୍ଚାଇଥିଲା ଯେତେବେଳେ
ଚାରି ବରଷର ଶିଶୁ
ଫଡ଼ା ଫଡ଼ା ମାଂସ ହୋଇଗଲା
ବୁଲା କୁକୁରଙ୍କ ମେଳେ

ରକ୍ତାକ୍ତ ରାସ୍ତାରେ?
କେତେଥର ମରିଛି ମୁଁ, ମରୁଛି ମୁଁ
ଧିକ୍ ମୋର ମରିବାକୁ
ବାରମ୍ବାର, ବଞ୍ଚିଥାଇ ଗୋଟେ ଜୀବନରେ
ଜଗତ ନର୍କରେ ଏବେ
କିଏ ଏଠି କାହାକୁ ଉର୍ଦ୍ଧ୍ୱରେ? ■

ମଞ୍ଜୁଳା, ୱାଟର ୱର୍କ୍ସ ରୋଡ୍
ପୁରୀ - ୭୫୨୦୦୨



## ପୁସ୍ତକ ପରିଚୟ

### ବାଞ୍ଛ

**ସୁଚରିତା ମହାନ୍ତି**




ଶାନ୍ତିସେନା ପବ୍ଲିକେଶନ୍‌ସ
ଜଗତସିଂହପୁର
ପ୍ରଥମ ସଂସ୍କରଣ ୨୦୨୫
ମୂଲ୍ୟ : ୧୫୦ ଟଙ୍କା

ଗାଳ୍ପିକା ସୁଚରିତା ମହାନ୍ତିଙ୍କ ଗଳ୍ପ ସଂକଳନ 'ବାଞ୍ଛ' ପ୍ରକାଶ ପାଇଛି। ୩୩ଟି ଗଳ୍ପ ଏହି ପୁସ୍ତକରେ ସଂକଳିତ ହୋଇଛି। 'ବଡ଼ ଅଫିସର',, 'ଅଗ୍ନି ପରୀକ୍ଷା', 'ଶେଷ ଥର', 'ବାଞ୍ଛ', 'ସଂପର୍କ', 'ଅଲିଭା ଗାର', 'ଉଦାସିଆ ଆଖି', 'କନ୍ୟାଦାନ', 'ଅସ୍ତଗାମୀ ସୂର୍ଯ୍ୟ', 'ଶେଷ ପାହାଚ', 'ରେବତୀ', 'ଆମାବାସ୍ୟାର ଚନ୍ଦ୍ର', 'ସମୟ ଖେଳ', 'ବୁଢ଼ୀ ମା'ର କାହାଣୀ ପେଡ଼ି' ପ୍ରଭୃତି ଗଳ୍ପଗୁଡ଼ିକରେ ସାମାଜିକ ବାସ୍ତବତା, ମାନବୀୟ ଭାବାବେଗ, ମଣିଷ ଜୀବନର ଆଶା, ନିରାଶା, ଦ୍ୱନ୍ଦ୍ୱ ସଂଘର୍ଷର ଚିତ୍ର ପ୍ରତିଫଳିତ ହୋଇଛି। ମାତୃତ୍ୱ ଲାଭ କରିବା ନାରୀ ଜୀବନର ବଡ଼ ଉପଲବ୍ଧି। କିନ୍ତୁ ଜନ୍ମ କଲା ସନ୍ତାନମାନେ ଯଦି ବଡ଼ ହୋଇ ବାପାମାଆଙ୍କୁ ଅସମ୍ମାନ ଓ ଅନାଦର କଲେ ସେମାନଙ୍କ ଜୀବନ ହୋଇଉଠେ ଦୁର୍ବିସହ। ଜୀବନର ଏହି ବାସ୍ତବତା ତାହା ଚିତ୍ରିତ ହୋଇଛି 'ବାଞ୍ଛ' ଗଳ୍ପରେ। ସେଥିପାଇଁ ଅବହେଳିତ ଶାଶୁ ଜଣକ ଜରାଶ୍ରମ ଖଟିରେ ପଡ଼ି ଥର ଥର କଣ୍ଠରେ କହୁଥିଲେ "ମୁଁ ବାଞ୍ଛ ହୋଇଥିଲେ ଭଲ ହୋଇଥାଆନ୍ତି।" ଏହି ପୁସ୍ତକର ଅନେକ ଗପରେ ନାରୀ ଜୀବନ ଅକୁହା ବେଦନା, ସାଂପ୍ରତିକ ସମାଜର ବାସ୍ତବ ଚିତ୍ର ପ୍ରତିଫଳିତ ହୋଇଛି। 'ବାଞ୍ଛ'ର ଗପଗୁଡ଼ିକ ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ। ■

### ଅପାସୋରା ମଣିଷ

**ସଂପାଦକ: ଡକ୍ଟର ବନଜ କୁମାର ବିଶ୍ୱାଳ**



ଗୋପାଳ ଚରଣ ମହାନ୍ତି ସ୍ମୃତି ସଂସଦ
ମଲ୍ଲୀପୁର, କିଶୋରନଗର, କଟକ
ପ୍ରଥମ ପ୍ରକାଶ : ୨୦୨୧
ମୂଲ୍ୟ : ୨୦ ଟଙ୍କା

କଟକ ଜିଲ୍ଲା କିଶୋରନଗର ଅଞ୍ଚଳର ବିଶିଷ୍ଟ ବ୍ୟକ୍ତି, ସମାଜ ମନସ୍କ ସ୍ୱର୍ଗତ ଗୋପାଳ ଚରଣ ମହାନ୍ତିଙ୍କ ସ୍ମୃତି ଉଦ୍ଦେଶ୍ୟରେ ଡକ୍ଟର ବନଜ କୁମାର ବିଶ୍ୱାଳ ସଂପାଦନାରେ ପ୍ରକାଶ ପାଇଛି 'ଅପାସୋରା ମଣିଷ' ପୁସ୍ତକ। ଏହି ପୁସ୍ତକରେ ସ୍ୱର୍ଗତ ମହାନ୍ତିଙ୍କ ସମାଜ ପ୍ରତି ଅବଦାନ, ପରୋପକାର, ନିରାଡ଼ମ୍ବର ବ୍ୟକ୍ତିତ୍ୱ, ବ୍ୟକ୍ତିଗତ ଜୀବନ ସଂପର୍କରେ ସ୍ମୃତି ଚାରଣ କରାଯାଇଛି। ଡକ୍ଟର ଅରବିନ୍ଦ ପଟ୍ଟନାୟକ, ଡାକ୍ତର ଅଶୋକ କୁମାର ଦାସ, ଡାକ୍ତର ଆଲୋକ କାନୁନ୍‌ଗୋ, ଡକ୍ଟର ଉମେଶ ଚନ୍ଦ୍ର ପଟ୍ଟନାୟକ, ଡକ୍ଟର କବିତା ଖଟାଇ, ପ୍ରାଧ୍ୟାପକ କିଶୋର କୁମାର ବିଶ୍ୱାଳ, ଡକ୍ଟର କିଶୋର ଚନ୍ଦ୍ର ଦାସ, ଡକ୍ଟର ଜ୍ୟୋତିର୍ମୟୀ ମହାନ୍ତି, ପ୍ରାଧ୍ୟାପକ ଦେବେନ୍ଦ୍ରନାଥ ବାରିକ, ଡକ୍ଟର ପାବକ କାନୁନ୍‌ଗୋ, ଡକ୍ଟର ତରଣୀ ସେନ୍ ବାରିକ ପ୍ରମୁଖ ବିଶିଷ୍ଟ ବ୍ୟକ୍ତିମାନେ ସ୍ୱର୍ଗତ ମହାନ୍ତିଙ୍କ ବ୍ୟକ୍ତିତ୍ୱର ବିଭିନ୍ନ ଦିଗ ଉପରେ ଆଲୋଚନା କରି ସ୍ମୃତିଚାରଣ କରିଛନ୍ତି। ସ୍ୱର୍ଗତ ମହାନ୍ତିଙ୍କ ଜୀବନ ଶୈଳୀ ଥିଲା ନିରାଡ଼ମ୍ବର। ସାଧାରଣ ଲୋକଙ୍କ ସୁଖଦୁଃଖରେ ସେ ସାମିଲ ହେଉଥିଲେ। ସ୍ୱର୍ଗତ ଗୋପଳଚରଣ ମହାନ୍ତିଙ୍କ ସୁଗୁଣାବଳୀ ଉତ୍ତର ପିଢ଼ିଙ୍କ ଉଦ୍‌ବୁଦ୍ଧ କରି ବୋଲି ଆଶା କରାଯାଏ। ■

### କାକ୍‌ଟସ୍‌ର ଲୁହ

**ଡକ୍ଟର ଜଗତବନ୍ଧୁ ଆଚାର୍ଯ୍ୟ**



ସୁବର୍ଣ୍ଣଶ୍ରୀ ପ୍ରକାଶିନୀ
ନେଳିଆବାଗ, ବାଲେଶ୍ୱର
ପ୍ରଥମ ପ୍ରକାଶ : ୨୦୨୫
ମୂଲ୍ୟ : ୧୫୦ ଟଙ୍କା

"ବସ୍ତୁବାଦୀ ଦୁନିଆର ଲମ୍ବାରାସ୍ତା,/ ଛଳନା ପ୍ରତାରଣାର କଂକ୍ରିଟ୍ ନିର୍ମିତ/ଆବୁଡ଼ା ଖାବୁଡ଼ା ଚଟାଣର ଦେହ,/ ଆଉ ଥରେ ପୁଣି ସଜାଡ଼ି ଯାଉଛି।" (ଭଙ୍ଗା ବିଶ୍ୱାସର ପୋଲ) ଆଶା ଓ ବିଶ୍ୱାସ ହିଁ ମଣିଷକୁ ଜୀବନ ବଞ୍ଚିବା ପାଇଁ ପ୍ରେରଣା ଦିଏ। ତେବେ ବସ୍ତୁବାଦୀ ଦୁନିଆରେ ବେଳେବେଳେ ମଣିଷ ଧକ୍କା ଖାଏ। ତଥାପି ବିଶ୍ୱାସ ହିଁ ତାକୁ ଜୀବନର ଆବୁଡ଼ା ଖାବୁଡ଼ା ରାସ୍ତାରେ ଚାଲିବାକୁ ସାହସ ଓ ଶକ୍ତି ଦିଏ। ଏମିତି ଜୀବନର ବାସ୍ତବ ଚିତ୍ର ପ୍ରତିଫଳିତ ଡକ୍ଟର ଜଗତବନ୍ଧୁ ଆଚାର୍ଯ୍ୟଙ୍କ 'କାକ୍‌ଟସ୍‌ର ଲୁହ' ପୁସ୍ତକର ଅନେକ କବିତାରେ। ଏହି ପୁସ୍ତକର 'ଆଉ ଏକ ଦୃଶ୍ୟ', 'ବିଭାଜନ', 'ଏକ ବିସ୍ଥାପିତ ଇଚ୍ଛା', 'ଜୀବନ ଗଣିତ', 'ଶବ୍ଦର ସ୍ୱରୂପ', 'ଧୈର୍ଯ୍ୟ', 'ଯନ୍ତ୍ରଣା', 'ଆଶଙ୍କା', 'ସମୁଦ୍ର ସ୍ନାନ', 'ଦୁଃଖୀଲୋକ', 'ପିତୃପୁରୁଷ', 'କକ୍‌ଟସ୍‌ର ଲୁହ' ଆଦି କବିତାଗୁଡ଼ିକ ମନଛୁଆଁ ହୋଇଛି। ଏହି କବିତାଗୁଡ଼ିକରେ କବି ଜୀବନର ବାସ୍ତବ ଚିତ୍ର ଦେବାରେ ବେଶ୍ ସଫଳ ହୋଇଛନ୍ତି। ସେହିପରି 'ବର୍ଷା', 'ପ୍ରକୃତି ମାୟାରେ ବନ୍ଧା', 'ଏକ ବରଗଛର ସ୍ମୃତିରେ' ଆଦି କବିତାରେ ପ୍ରକୃତିର ଜୀବନ୍ତ ଚିତ୍ର ମାର୍ମିକ ଭାବେ ଫୁଟି ଉଠିଛି। 'କାକ୍‌ଟସ୍‌ର ଲୁହ' ପୁସ୍ତକର କବିତାଗୁଡ଼ିକ ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ। ■

## ରାଧାନାଥୀୟ ପ୍ରତିଭାର ଅଭିଜାତ ଐଶ୍ୱର୍ଯ୍ୟ



ଡ. ପ୍ରଫୁଲ୍ଲ କୁମାର ସାହୁ

ଯୁଗପ୍ରବର୍ତ୍ତକ କବି ରାଧାନାଥ ରାୟ। ଆଧୁନିକ ଓଡ଼ିଆ କାବ୍ୟ ସାହିତ୍ୟର ଅନୁପମ ବିନ୍ଧାଣି। ରୀତିଯୁଗର ଆଳଙ୍କାରିକ ପଦଲାଳିତ୍ୟ ଓ ଯୌବନୋଚ୍ଛଳ ପ୍ରେମ ପ୍ରଣୟକୁ ଆଦୌ ପରିହାର ନ କରି ମଧ ଭଞ୍ଜୀୟ ପୃଷ୍ଠଭୂମି ଉପରେ ଗଢ଼ି ଦେଇଛନ୍ତି ଆଧୁନିକ କାବ୍ୟ ଚେତନାର ଏକ ବିଶାଳ ଓ ସୁରମ୍ୟ ହର୍ମ୍ୟ। ସେଥିପାଇଁ କିଏ ତାଙ୍କୁ ଯୁଗପ୍ରବର୍ତ୍ତକ କହେ ତ କିଏ କହେ ବିପ୍ଳବୀ ରାଧାନାଥ।

କବିବର ରାଧାନାଥ ଥିଲେ ଶୁଦ୍ଧ ସୌନ୍ଦର୍ଯ୍ୟବାଦୀ। ପ୍ରକୃତିର ଉପାସକ। ଅସାଧାରଣ ତାଙ୍କ ଆହରଣ ଦକ୍ଷତା ଓ ସମୀକରଣ କୌଶଳ। ଚମତ୍କାର ତାଙ୍କ ଗଳ୍ପଗୁମ୍ଫନ କୌଶଳ। କଥାରେ ଅଛି "ଯେ ପକ୍ଷୀ ଉଡ଼େ ଯେତେ ଦୂର, ସେ ଜାଣେ ତହିଁର ଖବର।" ଜଗତର ବିଶାଳତାକୁ ଅନୁଭବ କରିବା ପାଇଁ ନିଜ ମନପକ୍ଷୀକୁ ଉଡ଼େଇ ଦେଇଛନ୍ତି ଦୂର ଆକାଶରେ। ଓଡ଼ିଆ, ବଙ୍ଗଳା, ସଂସ୍କୃତ, ଇଂରାଜୀ, ପାର୍ସୀ ଓ ଉର୍ଦ୍ଦୁ ଆଦି ବିଭିନ୍ନ ଭାଷାରେ ପାରଦର୍ଶିତା ଯୋଗୁଁ ଓଡ଼ିଶାର ଇତିହାସ, କିମ୍ବଦନ୍ତୀ ଓ ପୌରାଣିକ ଆଖ୍ୟାନଠାରୁ ଆରମ୍ଭ କରି ଗ୍ରୀକ୍ ଓ ରୋମ୍ ସାହିତ୍ୟ ପର୍ଯ୍ୟନ୍ତ ଲମ୍ବି ଯାଇଥିଲା ତାଙ୍କ କଳ୍ପନାର ଚାରଣ ଭୂମି। ଗଭୀର ଅଧ୍ୟୟନ ଓ ଅଭିଜ୍ଞାନ ବଳରେ ବିଶ୍ୱର ବିଭିନ୍ନ କ୍ଷେତ୍ରରୁ ଚିନ୍ତା ଓ ସୌନ୍ଦର୍ଯ୍ୟର ପୁଷ୍ପ ଚୟନ କରି ସେ ନିର୍ମାଣ କରିଛନ୍ତି ଆପଣା କାବ୍ୟ ତପୋବନ। ବିଷୟବସ୍ତୁ କିମ୍ବଦନ୍ତୀୟ ହେଉ କି ପାଶ୍ଚାତ୍ୟ ଜନଶ୍ରୁତିର ରୂପକଥା ହେଉ, ତା'ର ଭାବକଳ୍ପର ଶିରାରେ ଶିରାରେ ଭରି ଦେଇଛନ୍ତି ଉତ୍କଳୀୟତାର ସ୍ପନ୍ଦନ। ଗ୍ରୀକ୍ କବି ଓଭିଡଙ୍କ 'ମେଟାଫରସିସ୍' ପୁସ୍ତକର ଆପୋଲ ଡାଫିନଙ୍କୁ ଆଣି ଓଡ଼ିଶା ମାଟିରେ ପହଞ୍ଚେଇ ଦେଇଛନ୍ତି, ଯିଏ କୋଣାର୍କର ବେଳାଭୂମିରେ ବିଚରଣ କରିଛନ୍ତି ସୂର୍ଯ୍ୟଦେବ ଓ ଚନ୍ଦ୍ରଭାଗା ରୂପରେ। ଏହା ହୋଇପାରେ ଏକ ବିଦେଶୀ କଥାବସ୍ତୁର ଓଡ଼ିଆ କରଣ, ମାତ୍ର କବିଙ୍କ ଲେଖନୀରେ ବିଭୂତିମଣ୍ଡିତ ହୋଇ ଚନ୍ଦ୍ରଭାଗା ପାଲଟି ଯାଇଛି ଏକ ତୀର୍ଥକ୍ଷେତ୍ର। ତା' ସହିତ ଯୋଡ଼ି ହୋଇଯାଇଛି ମାଘସପ୍ତମୀ ଓ ବାରୁଣିସ୍ନାନ। କବି କଳ୍ପନାର ଏହି ଇନ୍ଦ୍ରଜାଲ ଭିତରେ ଛନ୍ଦିହୋଇ ପାଠକ ବିଚାରା ବୁଝି ପାରେନି ଚନ୍ଦ୍ରଭାଗା କାହାର ନାମ ନାରୀର ନା ନଦୀର?

କେବଳ ପ୍ରାଚ୍ୟ ଓ ପାଶ୍ଚାତ୍ୟର ସମୀକରଣ ନୁହେଁ, ଓଡ଼ିଶାର ଦେବଦେବୀ, ରାଜାମହାରାଜା, ମାଟି,ପାଣି, ପବନ, ନଦନଦୀ, ଶିଳା, ଶାଳଗ୍ରାମ ଆଦିର ସମାବେଶ ତଥା ଉତ୍କଳ ଗୌରବ ଗାଥାର ପୁନଃ ସ୍ଥାପନ ହିଁ ତା'ର ମୂଳକଥା। ରାଧାନାଥଙ୍କ ପୂର୍ବରୁ ଓଡ଼ିଆ ସାହିତ୍ୟରେ ଅନେକ ଉଚ୍ଚକୋଟୀର କାବ୍ୟ ଲେଖା ସାରିଥିଲେ ବି ସେଥିରେ କାବ୍ୟ ରୂପ ପାଇ ନଥିଲା ଜାତୀୟ ଅସ୍ମିତାର ସମକାଳୀନ ଚିନ୍ତନ। ଓଡ଼ିଆ ବାଙ୍ମୟ ଅଭିବ୍ୟକ୍ତିରେ ଊଣା ଥିଲା ଇତିହାସ ଦୃଷ୍ଟି। ଏହାକୁ ଅନୁଭବ କରି ଉତ୍କଳର ଭୂପ୍ରକୃତି,ଲୋକଜୀବନ ତଥା ତା'ର ଗୌରବମୟ ଅତୀତକୁ ଆଣି କବି ଠିଆ କରେଇ ଦେଲେ ଉତ୍କଳଲକ୍ଷ୍ମୀ 'ଚିଲିକା' କୂଳରେ। ରକ୍ତବାହୁ ଯବନର ପତନ, ମାଣିକ ଗଉଡୁଣୀ ଓ କାଞ୍ଚି ବିଜୟ କାହାଣୀକୁ ନେଇ ଓଡ଼ିଆ ଅସ୍ମିତାର ଏକ ବିମ୍ବ ହୋଇ ଠିଆ ହେଲା ମରାଳ ମାଳିନୀ ନୀଳାମ୍ବୁ ଚିଲିକା। କେବଳ 'ଚିଲିକା' ନୁହେଁ, ବିଦ୍ରୂପାତ୍ମକ କାବ୍ୟ 'ଦରବାର'ଠାରୁ 'ମହାଯାତ୍ରା' ପର୍ଯ୍ୟନ୍ତ ପ୍ରଲମ୍ବିତ ତାଙ୍କ ଜାତୀୟ ଅସ୍ମିତାର ଜୟଯାତ୍ରା। ମହାଯାତ୍ରା କାବ୍ୟରେ ସେ ପାଣ୍ଡବମାନଙ୍କୁ ସାରା ଓଡ଼ିଶା ବୁଲେଇଛନ୍ତି ଏବଂ ଉତ୍କଳର ମହିମା ଗାନ କରିବାକୁ ଯାଇ ଅଗ୍ନିଦେବଙ୍କ ଜରିଆରେ କହିଛନ୍ତି- "ପର୍ଣ୍ଣଦଳେ ଶ୍ରେଷ୍ଠ ଯେହ୍ନେ ପ୍ରସୂନ ଲଳିତ, ଶ୍ରେଷ୍ଠ ଏ ଉତ୍କଳ ଭୂମି ଗୁଣେ ଗରୀୟସୀ... ।"

ରାଧାନାଥଙ୍କ ଶବ୍ଦର ଇନ୍ଦ୍ରଜାଲରେ ଓଡ଼ିଶାର ଗିରି ହୋଇଛି ଗିରୀନ୍ଦ୍ର,ସର ହୋଇଛି ସାଗର, ଶିମୁଳି ଗଛ ବି ଲଭିଛି ଶାଳ୍ମଳୀ ତରୁର ମର୍ଯ୍ୟାଦା। କବିଙ୍କ ଭାଷାରେ- "ଶାଳ୍ମଳୀ ଶଇଳୁଁ ତିନି ସ୍ଥାନେ ତିନି ତଟିନୀ ଝରେ, ଲଙ୍ଘି ନାନା ବନ ଜନପଦ ମିଶେ ବଙ୍ଗ ସାଗରେ।" ମହାପ୍ରଭୁ ଶ୍ରୀଜଗନ୍ନାଥ ଓଡ଼ିଆ ଜାତିର ଆରାଧ୍ୟ ଦେବତା ଏବଂ ଶ୍ରୀକ୍ଷେତ୍ର ହେଉଛି ଓଡ଼ିଶାର ସାଂସ୍କୃତିକ ରାଜଧାନୀ। ସେହି ପବିତ୍ର ଧାମର ଶ୍ରେଷ୍ଠତ୍ୱ ପ୍ରତିପାଦନ କରିବାକୁ ଯାଇ ସେ ଲେଖିଛନ୍ତି – "ପୁଷ୍ପକୁଣ୍ଡେ ଶ୍ରେଷ୍ଠ ତାର କେଶର ଯେସନେ, ଶ୍ରେଷ୍ଠ ଏ ନୀଳାଦ୍ରିଧାମ ସମଗ୍ର ଉତ୍କଳେ।" ଏଥିସହ ଶ୍ରୀକ୍ଷେତ୍ରକୁ ଏକ ସାଂସ୍କୃତିକ ପରିମଣ୍ଡଳ ଭାବରେ ଗଢ଼ିବାକୁ ଯାଇ ତାକୁ ସେ ଯୋଡ଼ିଛନ୍ତି 'ପାର୍ବତୀ', 'ଚନ୍ଦ୍ରଭାଗା' ଓ 'ଚିଲିକା' ଆଦି କାବ୍ୟ ସହିତ।

ରାଧାନାଥଙ୍କ ବ୍ୟକ୍ତିତ୍ୱର ସ୍ୱାଭାବିକ ଗୁଣଟି ଥିଲା ପ୍ରକୃତି ଉପାସନା। ଶୈଶବରୁ ବିଜନତା ମଧ୍ୟରେ ନିମଜ୍ଜନ ତାଙ୍କୁ ଶିଖେଇ ଥିଲା ପ୍ରକୃତିର ମହାଭାବ ସହିତ ଏକାତ୍ମ ହେବାର ରହସ୍ୟ। କବି ସେହି ରହସ୍ୟମୟ ଭାବମୟତାର ଚିତ୍ରକର। ପ୍ରକୃତି ବର୍ଣ୍ଣନା ଓଡ଼ିଆ କାବ୍ୟରେ କିଛି ନୂଆ କଥା ନୁହେଁ, ବରଂ ଖୁବ୍ ବିସ୍ତୃତ ଓ ମାର୍ମିକ। ଏହା ରୀତି କାବ୍ୟରେ ଯେତିକି ପ୍ରାଣସ୍ପର୍ଶୀ, ରାଧାନାଥଙ୍କ ସମସାମୟିକ ସ୍ୱଭାବ କବି ଗଙ୍ଗାଧର ମେହେର ଓ ଭକ୍ତକବି ମଧୁସୂଦନ ରାଓଙ୍କ ସୃଷ୍ଟିରେ ସେତିକି ଆବେଗସ୍ନାତ । ମାତ୍ର ପ୍ରକୃତିକୁ କେନ୍ଦ୍ରରେ ରଖି ଗୋଟେ କାବ୍ୟ ଯେ ଲେଖା ଯାଇପାରେ, ରାଧାନାଥଙ୍କ ପୂର୍ବରୁ କେହି କେବେ କଳ୍ପନା କରି ନ ଥିଲେ ଏକଥା। ରୀତି ସାହିତ୍ୟରେ ପ୍ରକୃତି ଥିଲା ଏକ ଚିତ୍ର। ତାକୁ ଚରିତ୍ରରେ ପରିଣତ କରିଦେଲା ରାଧାନାଥୀୟ ପ୍ରତିଭା। ଚିଲିକା ହ୍ରଦଟିଏ ହେଲେ ବି କବି କଲମରେ ସେ ପାଲଟିଗଲା ଏକ ହାସ୍ୟମୟୀ ଓ ଲାସ୍ୟମୟୀ ନାରୀ, ଯେଉଁ କାବ୍ୟ ନାୟିକାର ରୂପ ସୌନ୍ଦର୍ଯ୍ୟ ବର୍ଣ୍ଣନା କରିବାକୁ ଯାଇ ସେ ଲେଖିଛନ୍ତି- "ଆହା ଏ ଶୋଭାର ନାହିଁ ପଟାନ୍ତର, ଥିଲେ ଥିବ ସ୍ୱର୍ଗେ ମର୍ତ୍ତ୍ୟେ ଅଗୋଚର।" କବି ଦୃଷ୍ଟିରେ ପ୍ରକୃତି ନିର୍ବାକ ଓ ନିସ୍ପନ୍ଦ ନୁହେଁ, ତାହା ପ୍ରାଣବନ୍ତ ଓ ବାଙ୍ମୟ। ସେ ହିଁ ଓଡ଼ିଆ ସାହିତ୍ୟର ପ୍ରଥମ କବି, ଯିଏ ପ୍ରକୃତି ଉପରେ ଆରୋପ କରିଛନ୍ତି ମାନବିକ ଗୁଣ। ଓଡ଼ିଆ କାବ୍ୟ କବିତାରେ ବର୍ଷାବର୍ଣ୍ଣନା ତ ବିସ୍ତୃତ। ମାତ୍ର ସେ ବର୍ଣ୍ଣନାରେ ନ ଥିଲା ବାହ୍ୟ ପ୍ରକୃତି ସହିତ ଅନ୍ତଃପ୍ରକୃତିର ତୁଳନା। କବି ସେଭଳି ତୁଳନାତ୍ମକ ଚିତ୍ର ଆଙ୍କିବାର ପରମ୍ପରା ଆରମ୍ଭ କଲେ, ଯା'ର ଦୃଷ୍ଟାନ୍ତ ହେଉଛି- "ବହି ଯାଉଛି ବାରି ଭେଦି କିଆରି, ମର୍ଯ୍ୟାଦା ଲଙ୍ଘେ ଯଥା ସ୍ୱତନ୍ତ୍ରା ନାରୀ।" (ତୁଳସୀ ସ୍ତବକ)

ମଣିଷ ଜୀବନର ମୌଳ ଆବେଗ ହେଉଛି ପ୍ରେମ ଏବଂ ଏହା ହିଁ ସବୁ କଳା କଳ୍ପନାର ମୂଳକଥା। ଜୀବନର ଏହି ଅଭିଜାତ ଐଶ୍ୱର୍ଯ୍ୟରେ ଖୁବ୍ ଐଶ୍ୱର୍ଯ୍ୟବନ୍ତ ଥିଲା ରୀତିଯୁଗୀୟ କାବ୍ୟକଳା। ମାତ୍ର ତା'ର ବିଷୟ ବିନ୍ୟାସରେ ନ ଥିଲା ବ୍ୟଞ୍ଜନାମୟ ବୈଚିତ୍ର୍ୟ। ସୁଖଦୁଃଖ, ହସକାନ୍ଦ ମିଶାମିଶି ଜୀବନ ହିଁ ମଣିଷର ଅଲଙ୍ଘନୀୟ ଭାଗ୍ୟ। ମାତ୍ର ପ୍ରତ୍ୟେକ କ୍ଷେତ୍ରରେ ମିଳନାତ୍ମକ ପରିସମାପ୍ତି ଥିଲା ରୀତିକାବ୍ୟର ପରଂପରା। ତା'ର ଏହି ଗତାନୁଗତିକ ପରିପାଟୀରେ ରାଧାନାଥ ଆଣିଲେ ଭିନ୍ନତା। ପ୍ରେମ ପାଇଁ ଜୀବନ ବିସର୍ଜି ଦେବାକୁ ଆଗେଇ ଆସିଲେ ତାଙ୍କ କାବ୍ୟର ନାୟକ ନାୟିକା କେଦାର ଓ ଗୌରୀ। କେବଳ 'କେଦାରଗୌରୀ' ନୁହେଁ, 'ପାର୍ବତୀ', 'ନନ୍ଦିକେଶରୀ', 'ଚନ୍ଦ୍ରଭାଗା' ଆଦି ଅନେକ କାବ୍ୟରେ ଦୁଃଖଦ ଉପସଂହାରକୁ ନେଇ ଉଦ୍‌ଘାଟିତ ହେଲା କଳାର ଏକ ଅଭିନବ ଦିଗନ୍ତ।

ରାଧାନାଥ ଥିଲେ କାବ୍ୟିକ ଭାଷାର ପ୍ରଥମ ସଂସ୍କାରକ। କାବ୍ୟର ଆଙ୍ଗିକ ପରିବର୍ତ୍ତନ କରିବାକୁ ଯାଇ ସେ ହିଁ ପ୍ରଥମେ ପ୍ରୟୋଗ କଲେ ଅମିତ୍ରାକ୍ଷର ଛନ୍ଦ। ତାଙ୍କ ସରଳ, କୋମଳ, ମଧୁର ଓ ମଞ୍ଜୁଳ ଶବ୍ଦ ସଂଯୋଜନା ଯୋଗୁଁ ଆଉ ଅଳଙ୍କାରର ପ୍ରାବଲ୍ୟରେ ଭାରାକ୍ରାନ୍ତ ହେଲା ନାହିଁ କାବ୍ୟସୁନ୍ଦରୀ। ବରଂ ସବୁ ବର୍ଗର ପାଠକଙ୍କୁ ଆମୋଦିତ ଓ ଆହ୍ଲାଦିତ କଲା ତାଙ୍କ ଉପମା ପ୍ରୟୋଗର ସୂକ୍ଷ୍ମ ଚାତୁରୀ ଓ ଲଳିତ ପଦ ବିନ୍ୟାସ। ଅର୍ଥବୋଧ,ରସବୋଧ ଓ ଭାବ ସଞ୍ଚରଣଶୀଳତା ନିମନ୍ତେ ଆଉ ରହିଲାନି ପ୍ରତି ପଦରେ ଅଭିଧାନ ଅଣ୍ଡାଳିବାର ଭଞ୍ଜୀୟ ଝିଞ୍ଜଟ। ରାଧାନାଥ ଥିଲେ ଜଣେ ନିର୍ଭୀକ ତଥା ବାସ୍ତବବାଦୀ ସ୍ରଷ୍ଟା। ନିଜର ପ୍ରଜ୍ଞା, ପ୍ରତିଭା ଓ ଅଧ୍ୟବସାୟ ବଳରେ ସେ ବହୁ ସମ୍ମାନର ଅଧିକାରୀ ହୋଇଛନ୍ତି ସତ,ହେଲେ କେବେ କିଛି ଲେଖି ନାହାଁନ୍ତି ଅନୁଗୃହୀତ ହେବା ଲକ୍ଷ୍ୟରେ। ତାଙ୍କୁ ରାୟ ବାହାଦୁର ଉପାଧିରେ ଭୂଷିତ କରିଛନ୍ତି ଇଂରେଜ ସରକାର। ବାମଣ୍ଡା ରାଜଦରବାରରୁ ସେ ପାଇଛନ୍ତି କବିବର ଉପାଧି। ଅଥଚ ଇଂରେଜ ସରକାର ହୁଅନ୍ତୁ କି ଦେଶୀୟ ରାଜା ହୁଅନ୍ତୁ, ସେମାନଙ୍କ ପ୍ରଜା ଶୋଷଣ ନୀତିକୁ ସେ ଖୁବ୍ ବିଦ୍ରୂପ କରିଛନ୍ତି 'ଦରବାର' କାବ୍ୟରେ। ରାଧାନାଥ ଥିଲେ ସମକାଳୀନ ବାସ୍ତବତା ଓ ନିଜ ବିଷାଦରେ ଆଚ୍ଛନ୍ନ ଏକ ବିମର୍ଷ କବି ପ୍ରତିମା। ଜୀବନ ବିମୁଖତା ସତ୍ତ୍ୱେ ପ୍ରତିଟି ପରିବୋଧନୀୟ ମୁହୂର୍ତ୍ତର ଆତ୍ମିକ ଉପଲବ୍ଧିକୁ ବୌଦ୍ଧିକତାରେ ରସାଣିତ କରି ସେ ଶୁଣେଇଛନ୍ତି ଅନେକ ଦାର୍ଶନିକ ବାଣୀ। ଏକ ଉଚ୍ଚତର ଆଧ୍ୟାତ୍ମିକ ଜୀବନବୋଧ ପ୍ରତି ଆସ୍ପୃହା ନେଇ ଗାଇଛନ୍ତି- "ଧର୍ମ ଏକା ସିନା ମହତ ପଣିଆ, ଆଉ ବଡ଼ପଣ ଅଢ଼େଇ ଦିନିଆ।" (ଦରବାର) ■

ଅବସରପ୍ରାପ୍ତ ଅଧ୍ୟକ୍ଷ,
ବିଜୁପଟ୍ଟନାୟକ ନଗର ଭଦ୍ରକ
ମୋ: ୬୩୭୧୬୪୨୪୬୪

■ ସରକାରୀ ନିୟମର ଉଲଂଘନ

## ନିଯୁକ୍ତି ବୟସ ସୀମା ୩୨ ବର୍ଷକୁ କମାଇଲା ଓଏଚ୍‌ପିସି

ଭୁବନେଶ୍ୱର, ୧୫।୧୧ (ସମିସ): ନିଯୁକ୍ତି ପାଇଁ ସରକାରଙ୍କ ନିୟମକୁ ରାଜ୍ୟ ପିଏସ୍‌ୟୁ ସଂସ୍ଥା ମାନୁ ନାହାନ୍ତି। ସରକାରଙ୍କ ନୀତି ନିୟମକୁ ଅଣଦେଖା କରି ଇଚ୍ଛା ଅନୁଯାୟୀ ନିଯୁକ୍ତି ବିଜ୍ଞପ୍ତି ପ୍ରକାଶ କରୁଛନ୍ତି। ନିଯୁକ୍ତି ପାଇଁ ବୟସ ସୀମା ୪୨ ବର୍ଷକୁ ରାଜ୍ୟ ସରକାର ବଢ଼ାଇଥିବା ବେଳେ ରାଜ୍ୟ ଓଡ଼ିଶା ଜଳ ବିଦ୍ୟୁତ୍ ନିଗମ (ଓଏଚ୍‌ପିସି) ଏହାକୁ ୩୨ ବର୍ଷ କରିଛି। ଏହାକୁ ନେଇ ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଏନେଇ ସେମାନେ ରାଜ୍ୟପାଳ ଓ ମୁଖ୍ୟମନ୍ତ୍ରୀଙ୍କୁ ଅଭିଯୋଗ କରିଛନ୍ତି।

ସୂଚନାନୁଯାୟୀ, ମୋଟ୍ ୨୭ଟି ପଦରେ ନିଯୁକ୍ତି ପାଇଁ ଓଏଚ୍‌ପିସି ପକ୍ଷରୁ ଗତ ୭ ତାରିଖରେ ବିଜ୍ଞପ୍ତି ପ୍ରକାଶ ପାଇଛି। ଗତ ୧୨ ତାରିଖରୁ ଆବେଦନ ଆରମ୍ଭ ହୋଇ ଡିସେମ୍ବର ୧୧ ପର୍ଯ୍ୟନ୍ତ ଚାଲିବ। ଏହି ନିଯୁକ୍ତି ପାଇଁ ସର୍ବୋଚ୍ଚ ବୟସସୀମା ୩୨ବର୍ଷ ଧାର୍ଯ୍ୟ କରାଯାଇଛି। ଯାହାକୁ ନେଇ ଆଶାୟୀମାନେ ପ୍ରଶ୍ନ କରିଛନ୍ତି। ସରକାର ନିଯୁକ୍ତି ବୟସ ସୀମାକୁ ୪୨ ବର୍ଷ କରିଥିବା ବେଳେ

### ରାଜ୍ୟପାଳ ଓ ମୁଖ୍ୟମନ୍ତ୍ରୀଙ୍କୁ ଫେରାଦ ହେଲେ ଆଶାୟୀ

ରାଜ୍ୟ ସରକାରଙ୍କ ଅଧୀନରେ ଥିବା ପିଏସ୍‌ୟୁ ସଂସ୍ଥା ଏହାକୁ କିପରି ଉଲ୍ଲଂଘନ କରୁଛି ବୋଲି ଆଶାୟୀମାନେ ପ୍ରଶ୍ନ କରିଛନ୍ତି। ଶେଷଥର ପାଇଁ ୨୦୨୨ରେ ପ୍ରକାଶିତ ବିଜ୍ଞପ୍ତିରେ ସର୍ବୋଚ୍ଚ ବୟସ ସୀମା ୩୮ ବର୍ଷ ଥିଲା। ଚଳିତଥର ଏହାକୁ ବଢ଼ାଇବା ବଦଳରେ କମାଇ ଦିଆଯାଇ ଥିବାରୁ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଏ ସମ୍ପର୍କରେ ଓଏଚ୍‌ପିସି କର୍ତ୍ତୃପକ୍ଷଙ୍କ କହିବା କଥା, କୋଭିଡ୍ ପାଇଁ ୨୦୨୨ରେ ବୟସ ସୀମାରେ କୋହଳ କରାଯାଇଥିଲା। ଯାହାକୁ ଚଳିତ ଥର ଉଠାଇ ଦିଆଯାଇ ୩୨ ବର୍ଷ କରାଯାଇଛି। ସରକାରଙ୍କ ନିୟମକୁ ଉଲ୍ଲଂଘନ କରି ବୟସ ସୀମା କମାଇ ଦିଆଯାଇ ଥିବାରୁ ଆଶାୟୀମାନେ ରାଜ୍ୟପାଳଙ୍କ ସମେତ ମୁଖ୍ୟମନ୍ତ୍ରୀ, ମୁଖ୍ୟ ଶାସନ ସଚିବ ଓ ଓଏଚ୍‌ପିସି ଏମ୍‌ଡିଙ୍କୁ ଲିଖିତ ଅଭିଯୋଗ କରିଛନ୍ତି। ନିୟମିତ ବ୍ୟବଧାନରେ ନିଯୁକ୍ତି ବାହାରୁ ନଥିବାରୁ ବୟସ ସୀମା ୪୨ ବର୍ଷ କରିବା ପାଇଁ ତ୍ୱରିତ ନିର୍ଦ୍ଦେଶ ଦେବା ସହ ଓଏଚ୍‌ପିସିରେ ଖାଲି ଥିବା ମୋଟ୍ ୧୦୩୪ଟି ପଦରେ ନିଯୁକ୍ତି ଦେବାକୁ ଆଶାୟୀ ସୁନିଲ କୁମାର ମିଶ୍ର, ବିକାଶ ପାତ୍ର, ପରମେଶ୍ୱର ବଳ ଓ ରଜତମୟୀ ମିଶ୍ର ପ୍ରମୁଖ ଦାବି କରିଛନ୍ତି।

### ଡିସେମ୍ବର ୨୪ରୁ ବିଶ୍ୱପ୍ରସିଦ୍ଧ ବରଗଡ଼ ଧନୁଯାତ୍ରା ମହୋତ୍ସବ

## ଆରମ୍ଭ ହେଲା କଳାକାର ଚୟନ

ବରଗଡ଼, ୧୫।୧୧ (ସମିସ): ଆସନ୍ତା ଡିସେମ୍ବର ୨୪ତାରିଖରୁ ବୃହତ୍ ମୁକ୍ତାକାଶ ରଙ୍ଗମଞ୍ଚ ୭୮ତମ ବରଗଡ଼ ଧନୁଯାତ୍ରା ମହୋତ୍ସବ ଆରମ୍ଭ ହେବ। ଏଥିପାଇଁ କଳାକାର ଚୟନ ପ୍ରକ୍ରିୟା ଆଜିଠାରୁ ଆରମ୍ଭ ହୋଇଛି। ସ୍ଥାନୀୟ ବିଜୁ ପଟ୍ଟନାୟକ ଟାଉନ୍ ହଲ ପରିସରରେ କଂସ ମହାରାଜଙ୍କ ସମେତ ଅନ୍ୟ ପ୍ରମୁଖ ଚରିତ୍ର ପାଇଁ କଳାକାର ଚୟନ ପ୍ରକ୍ରିୟା ଆରମ୍ଭ ହୋଇଛି। ଆଜି ଦେବକୀ, ନାରଦ, ଚାଣୁର, ମୁଷ୍ଟିକ, ସାର୍ତ୍ତକି, ବସୁଦେବ, ଅକ୍ରୂର ଏବଂ ଉଗ୍ରସେନ ପ୍ରଭୃତି ଚରିତ୍ର ନିମନ୍ତେ ଅଡିସନ୍ ନିଆଯାଇଛି। ସେହିପରି ୧୬ ତାରିଖରେ ମହାମନ୍ତ୍ରୀ ଓ ସେନାପତି ଏବଂ ୧୭ ତାରିଖ ଦିନ କଂସ ମହାରାଜ ସକାଶେ ସାକ୍ଷାତକାର ଅନୁଷ୍ଠିତ



ହେବ। ଆଜି ବିଚାରକ ଭାବେ ସୁବାସ ପ୍ରଧାନ, ମିହିର ମେହେର, ପରମେଶ୍ୱର ମୁଣ୍ଡ, ପ୍ରଦୀପ ପଣ୍ଡା, ସୁଜିତ ପାତ୍ର ପ୍ରମୁଖ ଯୋଗ ଦେଇଥିଲେ। ପ୍ରଥମ ଦିନ ଧନୁଯାତ୍ରାର ଚୟନ ପ୍ରକ୍ରିୟାରେ ବହୁ କଳାକାର ଅଂଶଗ୍ରହଣ କରି ସେମାନଙ୍କ ପ୍ରତିଭା ପ୍ରଦର୍ଶନ କରିଥିଲେ। ନାରଦ ଚରିତ୍ର ପାଇଁ ୧୮ ଜଣ, ବସୁଦେବ ପାଇଁ ୨୫, ଅକ୍ରୂର ପାଇଁ ୧୭, ମୁଷ୍ଟିକ ପାଇଁ ୧୩, ସାର୍ତ୍ତକି ପାଇଁ ୧୧, ଉଗ୍ରସେନ୍ ପାଇଁ ୧୦, ଚାଣୁର ପାଇଁ ୧୦, ଦେବକୀ ପାଇଁ ୯ ଜଣ କଳାକାର ଚୟନ ପ୍ରକ୍ରିୟାରେ ସାମିଲ ହୋଇଥିଲେ। କଳାକାର ସମନ୍ୱୟ ସମିତିର ସମ୍ପାଦକ ଅଶୋକ ବେହେରା, ବରିଷ୍ଠ ଆଇନଜୀବୀ ପୂର୍ଣ୍ଣଚନ୍ଦ୍ର ଦାଶଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଉପସ୍ଥିତ ଥିଲେ।

## ଦିଲ୍ଲୀ ଏମ୍ସକୁ ଏୟାରଲିଫ୍ଟ ହେବେ ହ୍ୟୁମାନ ସାଗର!

ଭୁବନେଶ୍ୱର, ୧୫।୧୧(ସମିସ): ଓଲିଉଡ୍‌ର ଲୋକପ୍ରିୟ ଗାୟକ ହ୍ୟୁମାନ ସାଗରଙ୍କ ଅବସ୍ଥା ଅତ୍ୟନ୍ତ ସଂକଟାପନ୍ନ ରହିଛି। ଭୁବନେଶ୍ୱର ଏମ୍ସରେ ତାଙ୍କର ଚିକିତ୍ସା ଜାରି ରହିଛି। ତାଙ୍କୁ ଭେଣ୍ଟିଲେଟର୍ ସପୋର୍ଟରେ ରଖାଯାଇଛି। ଆଗାମୀ ୭୨ ଘଣ୍ଟା ହ୍ୟୁମାନଙ୍କ ପାଇଁ ଅତି ଗୁରୁତ୍ୱପୂର୍ଣ୍ଣ ବୋଲି ଏମ୍ସ ପକ୍ଷରୁ କୁହାଯାଇଛି। ତେବେ ଗତ ୨୪ ଘଣ୍ଟାରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ କୌଣସି ଉନ୍ନତି ପରିଲକ୍ଷିତ ହେଉ ନଥିବାରୁ ପରିବାରଲୋକ ବ୍ୟସ୍ତ ହୋଇପଡ଼ିଛନ୍ତି। ଆଜି ହ୍ୟୁମାନ୍‌ଙ୍କ ମା' ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି, ମୋ' ପୁଅର ସ୍ୱାସ୍ଥ୍ୟ ଅତ୍ୟନ୍ତ ଗମ୍ଭୀର ରହିଛି। ସ୍ୱାସ୍ଥ୍ୟାବସ୍ଥାରେ କୌଣସି ଉନ୍ନତି ଆସୁନଥିବା ଡାକ୍ତର କହୁଛନ୍ତି। ତେଣୁ ତାଙ୍କୁ ବାହାରକୁ ନେଇ ଚିକିତ୍ସା କରିବାକୁ ଚାହୁଁଛି। ଏଥିପାଇଁ ଓଡ଼ିଶାବାସୀ ଓ ସରକାରଙ୍କୁ ସାହାଯ୍ୟ ପାଇଁ ସେ ନିବେଦନ କରିଛନ୍ତି। ତେବେ ହ୍ୟୁମାନଙ୍କୁ ଦିଲ୍ଲୀ ଏମ୍ସକୁ ଏୟାରଲିଫ୍ଟ କରାଯାଇପାରେ ବୋଲି ସୂଚନା ମିଳିଛି।

ଅପରପକ୍ଷେ, ହ୍ୟୁମାନଙ୍କ ସ୍ୱାସ୍ଥ୍ୟାବସ୍ଥା ସଂପର୍କରେ ଚିନ୍ତା ପ୍ରକାଶ କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏମ୍ସର ଡାକ୍ତରମାନଙ୍କ ସହ ଆଲୋଚନା କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ହ୍ୟୁମାନ ସାଗର ଓଡ଼ିଶାର ଜଣେ ଲୋକପ୍ରିୟ ପ୍ରତିଭାବାନ ସଙ୍ଗୀତଜ୍ଞ।



ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିଲେ ମୁଖ୍ୟମନ୍ତ୍ରୀ

ତାଙ୍କର ସ୍ୱାସ୍ଥ୍ୟରେ ଉନ୍ନତି ପାଇଁ ଡାକ୍ତରମାନେ ସର୍ବୋତ୍ତମ ଉଦ୍ୟମ ଜାରି ରଖନ୍ତୁ। ଆବଶ୍ୟକ ହେଲେ ଦିଲ୍ଲୀ ଏମ୍ସକୁ ତାଙ୍କୁ ସ୍ଥାନାନ୍ତର କରାଯାଇ ଚିକିତ୍ସା ବ୍ୟବସ୍ଥା କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

ସୂଚନା ଅନୁସାରେ, ହ୍ୟୁମାନ୍ ଗତ କିଛି ସପ୍ତାହ ହେଲା କଟକର ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ ହେଉଥିଲେ। ସ୍ୱାସ୍ଥ୍ୟାବସ୍ଥା ସଙ୍କଟାପନ୍ନ ହେବାରୁ ଗତକାଲି ଅପରାହ୍ଣରେ ତାଙ୍କୁ ଏମ୍ସରେ ଭର୍ତ୍ତି କରାଯାଇଥିଲା। ବରିଷ୍ଠ ଇଣ୍ଟେନ୍ସିଭିଷ୍ଟ ଏବଂ ଇସିଏମଓ ସ୍ପେଶାଲିଷ୍ଟ ଡାକ୍ତର ଶ୍ରୀକାନ୍ତ ବେହେରାଙ୍କ ତତ୍ତ୍ୱାବଧାନରେ ଏମ୍‌ଆଇସିୟୁରେ ତାଙ୍କର ଚିକିତ୍ସା ଚାଲିଛି।

## ସୃଷ୍ଟି ହେଲା ୪୪୩୩ଟି ନର୍ସିଂ ଅଫିସର ପଦ

ଭୁବନେଶ୍ୱର, ୧୫।୧୧ (ସମିସ): ରାଜ୍ୟ ସରକାର ସ୍ୱାସ୍ଥ୍ୟ ସେବାକୁ ଅଧିକ ଶୃଙ୍ଖଳିତ ଏବଂ ଲୋକାଭିମୁଖୀ କରିବା ପାଇଁ ୪୪୩୩ ଟି ନୂତନ 'ନର୍ସିଂ ଅଫିସର' ପଦ ସୃଷ୍ଟି କରିଛନ୍ତି। ସ୍ୱାସ୍ଥ୍ୟ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗଙ୍କ ଅନୁମୋଦନ ପରେ ଓଡ଼ିଶା ନର୍ସିଂ ସେବା କ୍ୟାଡର୍‌ର ଏହି ପଦଗୁଡିକ ସୃଷ୍ଟି କରାଯାଇଛି। ଏହି ପଦାଧିକାରୀମାନେ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ସବ୍ ହେଲ୍‌ଥ ସେଣ୍ଟରଗୁଡିକରେ ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ଭାବେ କାର୍ଯ୍ୟ କରିବେ। ଏହି ନୂଆ ପଦବୀ ସୃଷ୍ଟିକୁ ଅର୍ଥ ବିଭାଗର ସହମତି ମିଳିଥିବାବେଳେ ଖୁବ୍‌ଶୀଘ୍ର ପରୀକ୍ଷା, ପ୍ରଶିକ୍ଷଣ ଓ ନିଯୁକ୍ତି ନେଇ ବିଭାଗ ପକ୍ଷରୁ ନିୟମାବଳୀ ପ୍ରକାଶ କରାଯିବ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଉଡ଼ିଗଲା ଥାନା...

ଘଟିଥିବା କୁହାଯାଉଛି। କିନ୍ତୁ ତାଙ୍କୁ ଚିହ୍ନଟ କରାଯାଇପାରିନାହିଁ। କୁହାଯାଉଛି ଯେ ଥାନାରେ ୩୬୦ କେଜି ବିସ୍ଫୋରକ ରଖାଯାଇଥିଲା।

ତେବେ ଏହି ବିସ୍ଫୋରଣ ଏକ ଦୁର୍ଘଟଣା ଥିଲା ବୋଲି ଜମ୍ମୁ-କଶ୍ମୀର ଡିଜିପି ନୀଳମ ପ୍ରଭାତ କହିଛନ୍ତି। ନମୁନା ସଂଗ୍ରହ ବେଳେ ବି।।ସ୍ଫୋରଣ ଘଟିଥିଲା। ଏହି ବିସ୍ଫୋରକ ଫରିଦାବାଦ୍‌ରୁ ଗିରଫ ହୋଇଥିବା ଡା ମୁଜାମିଲ ଗନୋଇର ଭଡ଼ା ଘରୁ ଜବତ କରାଯାଇଥିଲା।। ପୁଲିସ ଏବେ ସମ୍ପୂର୍ଣ୍ଣ ଅଞ୍ଚଳକୁ ସିଲ୍ କରିଦେଇଛି। ମୃତକଙ୍କ ପରିବାର ଲୋକେ ଘଟଣାସ୍ଥଳରେ ପହଞ୍ଚିଛନ୍ତି। ପୁଲିସ ସେମାନଙ୍କୁ ଭିତରକୁ ଛାଡୁନାହିଁ। ବିସ୍ଫୋରଣ କାରଣ ନେଇ ଯାଞ୍ଚ କରାଯାଉଛି ବୋଲି ଜମ୍ମୁ-କଶ୍ମୀର ଡିଭିଜନର ଗୃହ ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ଇତିମଧ୍ୟରେ ସିଆରପିଏଫ୍‌ର ଆଇଜି ଘଟଣାସ୍ଥଳକୁ ଯାଇଛନ୍ତି।

### ନୀତୀଶଙ୍କୁ ନେଇ...

ପରେ କହିଥିଲେ ଯେ ନୀତୀଶ ହିଁ ମୁଖ୍ୟମନ୍ତ୍ରୀ ରହିବେ। କିନ୍ତୁ ଆଜି ଦଳ ପକ୍ଷରୁ ସେପରି କିଛି କୁହାଯାଉ ନାହିଁ। ଗତକାଲି ବିଭିନ୍ନ ସ୍ଥାନରେ ପାର୍ଟି ପକ୍ଷରୁ ପୋଷ୍ଟର ଲଗାଯାଇଥିଲା। 'ଟାଇଗର ଅଭି ଜିନ୍ଦା ହେଁ' ଏବଂ 'ହମାରେ ବିହାର କା ଏକ ଷ୍ଟାର, ହର ବାର ନୀତୀଶ କୁମାର' ବୋଲି ପୋଷ୍ଟରରେ କୁହାଯାଇଥିଲା। କିନ୍ତୁ ଆଜି ସମସ୍ତେ ନିରବ ରହିଛନ୍ତି। କେବଳ ଦଳୀୟ ନେତା ଶ୍ୟାମ ରଜାକ କହିଛନ୍ତି ଯେ 'କେବଳ ନୀତୀଶ କୁମାର ହିଁ ମୁଖ୍ୟମନ୍ତ୍ରୀ ହେବେ। ଶପଥ ଗ୍ରହଣ ଉତ୍ସବ କେବେ ହେବ, ତାହା ନୀତୀଶ କୁମାର ହିଁ ସ୍ଥିର କରିବେ।'

ଅନ୍ୟପକ୍ଷରେ ବିଜେପି ନେତାମାନେ ଏହାକୁ ନେଇ ଚୁପ୍ ରହିଛନ୍ତି। କେନ୍ଦ୍ର କିମ୍ବା ରାଜ୍ୟର କୌଣସି ନେତା ଏସଂପର୍କରେ ମୁହଁ ଖୋଲୁ ନାହାନ୍ତି। ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି ଯେ ଏଥର ମୁଖ୍ୟମନ୍ତ୍ରୀ ପଦ ବିଜେପିକୁ ମିଳିବା ଉଚିତ ବୋଲି ରାଜ୍ୟର ନେତାମାନେ ଜୋରଦାର ଦାବି କରିଛନ୍ତି। ସେମାନେ ଯୁକ୍ତି କରିଛନ୍ତି ଯେ ନିର୍ବାଚନରେ ଜେଡିୟୁ ଠାରୁ ବିଜେପି ଅଧିକ ଆସନ ପାଇଛି ଏବଂ ଦ୍ୱିତୀୟତଃ ନୀତୀଶଙ୍କୁ ମୁଖ୍ୟମନ୍ତ୍ରୀ କରାଯିବ ବୋଲି ଦଳ ପକ୍ଷରୁ ନିର୍ବାଚନ ପୂର୍ବରୁ କୌଣସି ପ୍ରତିଶ୍ରୁତି ଦିଆଯାଇ ନାହିଁ। ନୀତୀଶ ରାଜି ନହେଲେ ଅନ୍ୟ ଦଳ ସହାୟତାରେ ବିଜେପି ସରକାର ଗଠନ କରିପାରିବ ବୋଲି ସେମାନେ କହିଛନ୍ତି। ଏହାକୁ ନେଇ ବିଜେପି ଭିତରେ ବିଚାର ଆଲୋଚନା ଚାଲିଛି। ତେବେ ଚୂଡ଼ାନ୍ତ ନିଷ୍ପତ୍ତି ହାଇକମାଣ୍ଡ ନେବେ ବୋଲି ସେମାନେ କହିଛନ୍ତି।

ଗତକାଲି ଘୋଷିତ ଫଳାଫଳ ଅନୁଯାୟୀ ୨୪୩ ଆସନ ମଧ୍ୟରୁ ବିଜେପିକୁ ସର୍ବାଧିକ ୮୯ଟି ଆସନ ମିଳିଥିବା ବେଳେ ଜେଡିୟୁକୁ ୮୫, ପାଶ୍ୱାନଙ୍କ ଏଲଜେପିକୁ ୧୯, ହାମ୍‌କୁ ୫ ଏବଂ ରାଷ୍ଟ୍ରୀୟ ଲୋକ ମୋର୍ଚ୍ଚାକୁ ୪ଟି ଆସନ ମିଳିଛି। ସରକାର ଗଠନ ପାଇଁ ୧୨୨ ବିଧାୟକଙ୍କ ସମର୍ଥନ ଆବଶ୍ୟକ ଥିବା ବେଳେ ବିଜେପିକୁ ଆଉ ୩୩ ବିଧାୟକଙ୍କ ସମର୍ଥନ ଦରକାର। କୁହାଯାଉଛି ଯେ ନୀତୀଶ ମୁଖ୍ୟମନ୍ତ୍ରୀ ପଦ ଛାଡ଼ିବାକୁ ରାଜି ନହେଲେ ଜେଡିୟୁକୁ ବାଦ ଦେଇ ଅନ୍ୟ ଛୋଟ ଛୋଟ ଦଳର ବିଧାୟକଙ୍କର ସମର୍ଥନ ନେଇ ବିଜେପି ସରକାର ଗଠନ କରିପାରିବ। ଏଥିରେ ଏଲ୍‌ଜେପିର ୧୯, ହାମ୍‌ର ୫ ଏବଂ ରାଷ୍ଟ୍ରୀୟ ଲୋକ ମୋର୍ଚ୍ଚାର ୪ ବିଧାୟକ ରହିଛନ୍ତି। ଏମାନଙ୍କୁ ମିଶାଇଲେ ବିଜେପିକୁ ୧୧୭ ବିଧାୟକଙ୍କ ସମର୍ଥନ ମିଳିଯାଉଛି। ଆଉ ୫ ବିଧାୟକଙ୍କ ସମର୍ଥନ ଯୋଗାଡ଼ କରାଯାଇପାରିବ ବୋଲି ରାଜ୍ୟ ଦଳୀୟ ନେତା ଜଣାଇଥିବା କୁହାଯାଉଛି। ତେବେ କେନ୍ଦ୍ରୀୟ ନେତା ନିରବ ରହିଥିବାରୁ ସ୍ପଷ୍ଟ ଭାବେ କିଛି ଜଣାପଡୁ ନାହିଁ।

### ଆଳୁ କେଜି...

ଏହି ଆଳୁ ବର୍ଷକୁ କେବଳ ୧୦୦ ଟନ୍ ଉତ୍ପାଦନ ହେଉଛି। ପ୍ରତି ବର୍ଷ ମେ' ଏବଂ ଜୁନ୍‌ରେ ଏହାର ବିକ୍ରି ହୋଇଥାଏ। ଆଟଲାଣ୍ଟିକ ମହାସାଗରର ଲୋଇରା ଅଞ୍ଚଳ ସ୍ଥିତ ଫ୍ରାନ୍ସର 'ନୋଇରମୌସିର' ଦ୍ୱୀପରେ ଏହି ଆଳୁ ଚାଷ କରାଯାଉଛି। ନିଆରା ସ୍ୱାଦ କାରଣରୁ ଏହାର ଚାହିଦା ଅଧିକ ରହିଛି। ଉତ୍ପାଦନ ଅଧିକ ହେଉ ନ ଥିବାରୁ ଏହାର ମୂଲ୍ୟ ବଢ଼ି ବଢ଼ି ଚାଲିଛି। ସ୍ଥାନୀୟ ଚାଷୀ 'ବିନୋଇଟ ବିନୋଟେ'ଙ୍କ ନାମରେ ଏହି ଆଳୁର ନାମକରଣ ହୋଇଛି। ପାରମ୍ପରିକ ଉପାୟରେ ଏହି ଆଳୁ ଚାଷ କରାଯାଉଛି। ଉତ୍ପାଦନରେ ମେସିନର ବ୍ୟବହାର କରାଯାଏ ନାହିଁ। ଏହି ଆଳୁ ଛୋଟ ହୋଇଥିଲେ ମଧ୍ୟ ଚୋପା ବହୁତ ପତଳା। ସାଧାରଣତଃ ଏହାକୁ ସିଝାଇ ଲୁଣ ଏବଂ ଲହୁଣୀ ସହ ଖିଆ ଯାଇଥାଏ।

### ଜାଡ଼ରେ ଥରୁଛି...

ଡିଗ୍ରୀ ରେକର୍ଡ କରାଯାଇଛି। ଅପରପକ୍ଷେ ରବିବାର ଝାରସୁଗୁଡ଼ା, କନ୍ଧମାଳ ଓ ସୁନ୍ଦରଗଡ଼ରେ ଶୀତ ଲହରୀ ଅନୁଭୂତ ହେବ ବୋଲି ପାଣିପାଗ କେନ୍ଦ୍ର ପକ୍ଷରୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

ଶିମିଳିପାଳରେ ଆଜି ସର୍ବନିମ୍ନ ତାପମାତ୍ରା ୩ ଡିଗ୍ରୀ ରେକର୍ଡ ହୋଇଛି। ଶୁକ୍ରବାର ସକାଳ ୬ଟାରେ ଅଭୟାରଣ୍ୟର ଉତ୍ତର ବନଖଣ୍ଡ ଅଧୀନ ଉପରବାରହାକାମୁଡ଼ା (ୟୁବିକେ) ରେଞ୍ଜରେ ୩, ଚହଲା ରେଞ୍ଜରେ ୭, ବରେହିପାଣିରେ ୯, ଗୁଡୁଗୁଡିଆରେ ୧୦, ରାମତୀର୍ଥ ଓ ସାତକୋଶିଆରେ ୧୪ ଓ କିଆଝରୀରେ ୧୩ ଡିଗ୍ରୀ ସେଲସିୟସ ରେକର୍ଡ କରାଯାଇଛି। ଏହା ଚଳିତ ବର୍ଷର ଅଦ୍ୟାବଧି ସର୍ବନିମ୍ନ ତାପମାତ୍ରା ୫ବାଲି କୁହାଯାଉଛି।

### ଦୁଇ ଦିନରେ...

ମଧ୍ୟରୁ ୧୨ଜଣ ସ୍ପିନରଙ୍କ ଶିକାର ହୋଇଥିଲେ। ଭାରତର ଅଧିନାୟକ ଶୁବମନ୍ ଗିଲ ରିଟାୟାର୍ଡ ହର୍ଟ ହୋଇ ପାଭିଲିୟନ ଫେରିଥିଲେ। ପିଚ୍ ସଂପର୍କରେ ଇଂଲଣ୍ଡର ପୂର୍ବତନ କ୍ରିକେଟର ମାଇକେଲ୍ ଭନ୍ ଏହା ଏକ 'ଭୟଙ୍କର' ପିଚ୍ ବୋଲି କହିଥିବା ବେଳେ ଅନୀଲ୍ କୁମ୍ବଲେ ବାମହାତୀ ବ୍ୟାଟ୍ସମ୍ୟାନ୍‌ଙ୍କୁ ଏହି ପିଚ୍ ସୁହାଇଥାଏ ବୋଲି କହିଛନ୍ତି। ଅନ୍ୟପକ୍ଷରେ ଟେଷ୍ଟ କ୍ରିକେଟରେ ଏଭଳି ଫଳାଫଳ ଦେଖି ବହୁ ଦର୍ଶକ ଓ କ୍ରିକେଟ୍ ଫ୍ୟାନ୍‌ମାନେ ଇଡେନ୍‌ରେ ଆଉ ଟେଷ୍ଟ ମ୍ୟାଚ୍ ଆୟୋଜନ ନ କରିବାକୁ ଦାବି କରିଛନ୍ତି।

### AFFIDAVIT

I, Babita Jena, aged about 42 years, W/o- Pramod Kumar Jena, resident of At- Dolamandap Sai, Patia, PS- Infocity, Bhubaneswar, PIN-751001, Dist- Khordha, Odisha declared by this affidavit No. 46, dtd-12/11/2025 that now onwards I shall be known as **BEBITA JENA** for all future purposes instead of Babita Jena.

### AFFIDAVIT

By virtue of an affidavit (CF No.10, dtd- 14/11/2025) sworn before the Notary Public, Padampur. I, **Bina Suna,** W/o Bihari Suna, resident of Khuntpali, PS-Gaisilat, Dist- Bargarh, PIN-768036, Odisha declare that I have changed the name of my minor son from **Donraj Suna** (old name) to **Akant Prasad Suna** (new name). Henceforth, he shall be known as **Akant Prasad Suna** for all purposes.

**Bina Suna**

### AFFIDAVIT

I, Tellavadu, aged about 60 years, S/o- G Enkeya, resident of At- Plot No. 62/3726, Jagannath Nagar, GGP Colony, Rasulgarh, Bhubaneswar, PS- Mancheswar, Dist-Khordha, PIN- 751010, Odisha declared by this affidavit No. 2331, dtd-15/11/2025 that now onwards I shall be known as **G TELEDU** for all future purposes.

### AFFIDAVIT

By virtue of an affidavit no-1642 sworn before the Executive Magistrate, Dhenkanal on dtd-09/10/2025, I **Mita Padhan,** resident of At- Chhadasingh, Po- Badanagena, Ps- Sadar, Dist- Dhenkanal, Pin- 759014, Odisha, I have changed my name from **Rasmita Dehury** (old name) to **Mita Padhan** (new name). Henceforth, both name **Rasmita Dehury** and **Mita Padhan** is one & same person & I will be known as **Mita Padhan** for all future purposes.

**Sd/- Mita Padhan**

**IN THE COURT OF THE CIVIL JUDGE (SR. DIVISION) RANAPUR**

**C.S. No 249/18**

**ମନୋଜ କୁମାର ଭୁୟାଁ ...ବାଦୀ**

ବନାମ

**ଅମରୀ ବର ଏବଂ ଅନ୍ୟମାନେ ...ପ୍ରତିବାଦୀ**

**Summon U/O R.5. Rule.20 C.P.C**

ପ୍ରାପ୍ତେଷୁ,

ଧରଣୀଧର ମଣ୍ଡଳ, ପିତା- ରଘୁ ମଣ୍ଡଳ, ସା- ପାଟବେରଣା, ପୋ- ସାରଙ୍ଗଧରପୁର, ଥାନା- ରଣପୁର, ଜିଲ୍ଲା-ନୟାଗଡ଼।

ଉପରଲିଖିତ ବାଦୀ ଏହି ଭାଗ ବଣ୍ଟା ମକଦ୍ଦମା ତୁମ ବିପକ୍ଷରେ ଆଣିଛନ୍ତି ଓ ଏଥିରେ ତୁମ ପାଖକୁ ପଠାଯାଇଥିବା ଅଦାଲତ ସମନକୁ ତୁମେ ଉପେକ୍ଷା କରିଛ ଏଥିନିମନ୍ତେ, ତୁମକୁ ଆଦେଶ ଦିଆଯାଉଛି କି ତୁମେ ଏହି ଦିନ ତା. ୦୮/୧୨/୨୦୨୫ ସମୟ ୧୦.୩୦ମିରେ ଅଦାଲତରେ ଉପସ୍ଥିତ ରହିବ ଅଥବା ତୁମ ବିନା ଉପସ୍ଥିତିରେ ଏହି ମୋକଦ୍ଦମା ଶୁଣାଣି ହେବ।

ଜମିଜମା ବିବରଣୀ- ତହସିଲ-ଥାନା ରଣପୁର ଜିଲ୍ଲା-ନୟାଗଡ଼, ମୌ-ରଣପୁରଗଡ଼, ଖା -ନଂ- ୬୧, ଖା-ନଂ୧୫, 'ଖା-ନଂ୨୨୭, ଖା-ନଂ ୬୮ ଏଥିରେ ମୋର ଦସ୍ତଖତ ସହିତ କୋର୍ଟର ସିଲ୍ ଦିନ ୧୩-୧୧-୨୦୨୫।

**ସିଭିଲ୍ ଜଜ୍ (ସି) ଡିଭିଜନ ରଣପୁର**

### LOST

**I, Khageswar Behera, S/o- Late Panchanan Behera,resident of At-Dharosyamsundarpur,P.O-Sukleswar, P.s- Mahanga, Dist-Cuttack. Declare that my original Sale deed vide No-433 dated 16/03/1996 has been lost at any where inspite of my best efforts I could not able trace it out.If anybody has got interest in any manner on the above property in question, may put forth his grievance/complain with supporting documents within 15days of this publication notice, before the advocate mentioned below.**

**Name- Diptimayee sahoo,**

**Mobile no - 7978874629.**

### AFFIDAVIT

I, Birendra Kishore Tripathy Sharma, aged about 71 years, S/o- Narasingh Tripathy resident of At: Plot No-1533p, Lane-9, Kukuteswar Colony, Aerodrome Area, Bhubaneswar, Dist- Khurda, Pin- 751020, Odisha declare by this affidavit No.2331, dtd- 15/11/2025, that now onwards I shall be known as **BIRENDRA KISHORE TRIPATHY** for all future purposes.

### AFFIDAVIT

By virtue of an affidavit sworn before the Notary Public, Swampatna, dated-14/11/2025 vide No.5249, I Rani Kisku, D/o- Jamuna Tudu, resident of At/Po-Damahuda, Ps- Patna, Dist-Keonjhar, Odisha declare that I have changed my name from **Rani Kisku,** D/o- Jamuna Tudu to **Rani Tudu,** D/o- Jamuna Tudu. Henceforth, I shall be known as **Rani Tudu,** D/o- Jamuna Tudu for all future purposes.

**Rani Tudu**

### AFFIDAVIT

I, Mohammad Hamid Akhter, aged about 61 years, H/o- Farzana Rahman, Resident of Flat No: 4/A4-08, Hi-Tech Heaven Apartment, Matiapada-II, Po-Govindpur, Dist-Puri, Odisha, Pin- 752104 declare by this affidavit No. 947, dated- 15/11/2025 that now onwards I shall be known as **MD HAMID AKHTAR** for all future purposes.

### ଘୋଷଣାନାମା

ଶ୍ରୀ ଗଦାଧର ବେହେରା ପି.: ୰ ପ୍ରାଣବନ୍ଧୁ ବେହେରା, ଗ୍ରା/ପୋ-ବଡ ଖଲାଟି, ଥାନା-କପ୍ତିପଦା, ଜିଲ୍ଲା- ମୟୂରଭଞ୍ଜ, ପି. କୋଡ- ୭୫୭୦୪୦, ଏତଦ୍ୱାରା ଘୋଷଣା କରୁଅଛୁ କି ମୋର ପୁଅର ନାମ ସାଧୀନ ଭାରତ ଥିଲା। ଏହି ନାମଟି ତାହାର ଜନ୍ମ ପ୍ରମାଣ ପତ୍ର, ସମସ୍ତ ଶିକ୍ଷାଗତ ଯୋଗ୍ୟତା ପ୍ରମାଣ ପତ୍ର, ଆଧାର କାର୍ଡ, ପାନ କାର୍ଡ ଆଦିରେ ସାଧୀନ ଭାରତ ଭାବେ ସ୍ଥାନ ପାଇଅଛି। ତାହାର ପାସପୋର୍ଟ ଓ ଅନ୍ୟାନ୍ୟ କାଗଜାତ ନିମନ୍ତେ ବର୍ତ୍ତମାନ ତାହାର ନାମକୁ ସାଧୀନ ରଖାଗଲା ଓ ସଂଜ୍ଞା ଭାବରେ ଭାରତ ରଖାଗଲା। ଉକ୍ତ ବିଷୟ Executive Magistrate cum Addl. Tahasildar, ବାରିପଦାଙ୍କ ସମ୍ମୁଖରେ ଏଫିଡେଭିଟ କରାଯାଇଛି। ବର୍ତ୍ତମାନ ଠାରୁ ତାର ନାମ ସାଧୀନ ଏବଂ ସଂଜ୍ଞା ଭାରତ ଭାବେ ପରିଚୟ ପାଇବେ।

ସା/- ଗଦାଧର ବେହେରା

### AFFIDAVIT

By virtue of an affidavit No. 6029 sworn before the Executive Magistrate, Champua on dated-01/11/2025, I **Pabani Mahanta,** W/O- Pramod Mahanta resident of Vill- Banguriposi, Po- Padua, Ps- Baria, Dist-Keonjhar, Odisha, Pin-758032, I have changed my minor daughter's name from **Rreetimai Mahanta To Preetimayee Mahanta.** Henceforth she shall be known as **Preetimayee Mahanta** for all future purposes.

**Pabani Mahanta**

Union Bank of India

**କ୍ଷେତ୍ରୀୟ କାର୍ଯ୍ୟାଳୟ: ବ୍ରହ୍ମପୁର**

ଗାୟତ୍ରୀ ସେଣ୍ଟ୍ରାଲ୍ ପ୍ଲାଜା, ଟାଟା ବେଞ୍ଚ ସ୍କୋୟାର ନିକଟ, ବ୍ରହ୍ମପୁର-୭୬୦୦୦୧, ଓଡ଼ିଶା, ଫୋନ୍: ୦୬୮୦-୨୨୨୫୨୭୨

## ବିକ୍ରୟ ନୋଟିସ୍ (୩୦ ଦିନିଆ ନୋଟିସ୍)

{ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ ର ରୁଲ୍ ୬(୨)/୮(୬)}

ପ୍ରାପ୍ତେଷୁ, (ନିମ୍ନଲିଖିତ ଆକାଉଣ୍ଟର ସମସ୍ତ ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା/ଗ୍ୟାରେଣ୍ଟିଦାତାମାନଙ୍କ ନିମନ୍ତେ ଏହା ଏକ ବିକ୍ରୟ ନୋଟିସ୍ ଅଟେ)

| ଶାଖା ଏବଂ ଯୋଗାଯୋଗ ନଂ. / ଋଣଗ୍ରହୀତା / କୋ-ଓବ୍ଲିଗାଣ୍ଟ / କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା / ଗ୍ୟାରେଣ୍ଟିଦାତାମାନଙ୍କ ନାମ ଓ ଠିକଣା | ସମ୍ପତ୍ତିଗୁଡିକର ବିବରଣୀ | ଡିମାଣ୍ଡ ନୋଟିସ୍ ତାରିଖ / ଦଖଲ ତାରିଖ / ୩୦ ଦିନିଆ ନୋଟିସ୍ ତାରିଖ |
|---|---|---|
| **ଏସ୍‌ଏମ୍‌ଆଇଟି ଚଣ୍ଡିପଦର ଶାଖା, ଫୋନ୍: ୯୪୮୬୦୯୮୬୫୩ /** ଋଣଗ୍ରହୀତାମାନେ: ୧) ଶ୍ରୀମତୀ ଗାୟତ୍ରୀ ବସନ୍ତିଆ, ସ୍ୱାମୀ: ମନୋରଞ୍ଜନ ପ୍ରଧାନ, ୨) ଶ୍ରୀ ଦୁଷ୍ମନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, ୩) ଶ୍ରୀମତୀ ସୋରାଲୁ ବସନ୍ତିଆ, ସ୍ୱାମୀ: ଦେବରାଜ ବସନ୍ତିଆ, ୪) ଶ୍ରୀ ହେମନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, ୫) ଶ୍ରୀ ସୁକାନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, ସମସ୍ତଙ୍କ ଠିକଣା- ଗ୍ରାମ/ପୋ.: ସୁନାଥର, ଭାୟା: ଭାଟକୁମରଡ଼ା, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୦୦୩, ଓଡ଼ିଶା / କୋ-ଓବ୍ଲିଗାଣ୍ଟ: ଶ୍ରୀ ଦୁର୍ଗା ପ୍ରସାଦ ପ୍ରଧାନ, ପିତା: ଉମାକାନ୍ତ ପ୍ରଧାନ, ସା: ବଡ଼ସାହି, ସାହାପୁର, ପୋ.: ଭାଟକୁମରଡ଼ା, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୦୦୩, ଓଡ଼ିଶା | ୧) ଶ୍ରୀମତୀ ଗାୟତ୍ରୀ ବସନ୍ତିଆ, ସ୍ୱାମୀ: ମନୋରଞ୍ଜନ ପ୍ରଧାନ, ୨) ଶ୍ରୀ ଦୁଷ୍ମନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, ୩) ଶ୍ରୀମତୀ ସୋରାଲୁ ବସନ୍ତିଆ, ସ୍ୱାମୀ: ଦେବରାଜ ବସନ୍ତିଆ, ୪) ଶ୍ରୀ ହେମନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, ୫) ଶ୍ରୀ ସୁକାନ୍ତ ବସନ୍ତିଆ, ପିତା: ଦେବରାଜ ବସନ୍ତିଆ, ସମସ୍ତଙ୍କ ଠିକଣା- ଗ୍ରାମ/ପୋ.: ସୁନାଥର, ଭାୟା: ଭାଟକୁମରଡ଼ା, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୦୦୩, ଓଡ଼ିଶାଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ (ମିଳିତ ସମ୍ପତ୍ତି) ଯାହାର ପ୍ଲଟ୍ ନଂ.: ୪୫୨୩, ଖାତା ନଂ.: ୧୮୬୩, କ୍ଷେତ୍ର: ଏକର୦.୦୩୫ ଡିସିମିଲି, ଗ୍ରାମ/ମୌଜା: ସୁନାଥର, ରେଭିନ୍ୟୁ ସର୍କଲ: ପୁରୁଷୋତ୍ତମପୁର, ଥାନା: ପୁରୁଷୋତ୍ତମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା, ଏହାର ଚାରିପାର୍ଶ୍ୱରେ ପୂର୍ବ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ବସନ୍ତିଆଙ୍କ ଜମି, ପଶ୍ଚିମ: ଶ୍ରୀ ତ୍ରିନାଥ ବସନ୍ତିଆଙ୍କ ଜମି, ଉତ୍ତର: ରାସ୍ତା, ଦକ୍ଷିଣ: ରାସ୍ତା | ୦୯.୦୮.୨୦୨୩ / ୦୨.୦୧.୨୦୨୪ / ୧୪.୧୧.୨୦୨୫ |
| **ପୁରୁଷୋତ୍ତମପୁର ଶାଖା-୨, ଫୋନ୍: ୯୩୨୬୯୦୩୦୩୧ /** ଋଣଗ୍ରହୀତା: ମେସର୍ସ ଜଗନ୍ନାଥ ଗ୍ରୋସରୀ ସପ୍, ସ୍ୱତ୍ୱାଧିକାରୀ: ସୁକେଶ କୁମାର ପଣ୍ଡା, ଗ୍ରାମ: ଜଳଶ୍ୱରଖଣ୍ଡି, ପୋ: ପ୍ରତାପପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା / ଗ୍ୟାରେଣ୍ଟିଦାତା/କୋ-ଓବ୍ଲିଗାଣ୍ଟ: ସୁଶିଳା ପଣ୍ଡା, ଗ୍ରାମ: ଜଳଶ୍ୱରଖଣ୍ଡି, ପୋ: ପ୍ରତାପପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା | ଶ୍ରୀମତୀ ସୁଶିଳା ପଣ୍ଡା, ସ୍ୱାମୀ: ୰ ହରିହର ପଣ୍ଡା, ଗ୍ରାମ: ଜଳଶ୍ୱରଖଣ୍ଡି, ପୋ.: ପ୍ରତାପପୁର, ଜିଲ୍ଲା: ଗଞ୍ଜାମଙ୍କ ନାମରେ ଏକଦାଣ୍ଡ ଷ୍ଟ୍ରିଟ୍‌ର ସାରଦର୍ଶି ରୋଡରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ଖତିୟାନ କ୍ର.ନଂ.: ୪୦୮, ପ୍ଲଟ୍ ନଂ.: ୧୬୨୪, ରେଭିନ୍ୟୁ ମୌଜା/ଗ୍ରାମ: ଜଳଶ୍ୱରଖଣ୍ଡି, ପୋ.: ପ୍ରତାପପୁର, ଏସ୍‌ଆରଓ ତହସିଲ: ପୁରୁଷୋତ୍ତମପୁର, ଜିଲ୍ଲା: ଗଞ୍ଜାମ, କ୍ଷେତ୍ର: ଏକର ୦.୦୪୫ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ଲକ୍ଷ୍ମୀ ଚରଣ ପାଣିଗ୍ରାହୀଙ୍କ ଗୃହ, ପଶ୍ଚିମ: ବିଶ୍ୱନାଥ ଦାସଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ଋଷିକୁଲ୍ୟା ନଦୀ | ୦୨.୦୬.୨୦୨୨ / ୨୬.୦୮.୨୦୨୨ / ୧୪.୧୧.୨୦୨୫ |
| **ଗୋସାଣୀନୂଆଗାଁ ଶାଖା, ଫୋନ୍: ୭୬୮୨୮୨୦୩୫୩ /** ଋଣଗ୍ରହୀତା: ମେସର୍ସ କାଜଲ ପ୍ଲାଏଉଡ୍ସ, ସ୍ୱତ୍ୱାଧିକାରୀ: ଭଞ୍ଜରାମ ମହାରଣା, ସା: ପିଡବ୍ଲୁଡି ଅଫିସ୍ ଏବଂ ଲକ୍ଷ୍ମୀ ନାଏକ କଲ୍ୟାଣୀ ମଣ୍ଡପ ନିକଟ, ହିଲପାଟଣା, ବ୍ରହ୍ମପୁର, ଓଡିଶା-୭୬୦୦୦୪ / ଋଣଗ୍ରହୀତା/ବନ୍ଧକଦାତା: ଭଞ୍ଜରାମ ମହାରଣା, ପିତା: ଅର୍ଜ୍ଜୁନ ମହାରଣା, ସା: ଭବାନୀ ନଗର ୧ମ ଲାଇନ, ଗେଟ୍ ବଜାର, ବ୍ରହ୍ମପୁର, ଓଡିଶା-୭୬୦୦୦୧ / ଗ୍ୟାରେଣ୍ଟିଦାତା: ଲକ୍ଷ୍ମୀ ମହାରଣା, ସ୍ୱାମୀ: ଭଞ୍ଜରାମ ମହାରଣା, ସା: ଭବାନୀ ନଗର ୧ମ ଲାଇନ୍, ଗେଟ୍ ବଜାର, ବ୍ରହ୍ମପୁର, ଓଡିଶା-୭୬୦୦୦୧ | ଭଞ୍ଜରାମ ମହାରଣାଙ୍କ ନାମରେ ଥିବା ଗୃହ ସମ୍ପତ୍ତି (ଘରବାରୀ) ଯାହାର ରେଭିନ୍ୟୁ ମୌଜା: ରାଜେନ୍ଦ୍ରପୁର, ରେଭିନ୍ୟୁ ସର୍କଲ: ଗୋଇଲୁଣ୍ଡି, ଥାନା: ବୈଦ୍ୟନାଥପୁର, ତହସିଲ୍ ଏମ୍‌ସି: ବ୍ରହ୍ମପୁର, ଏସ୍‌ଆରଓ: ବ୍ରହ୍ମପୁର-୧, ଗଞ୍ଜାମ, ଓଡିଶା, ଖାତା ନଂ.: ୨୩୦/୭୮୦, ପ୍ଲଟ୍ ନଂ.: ୩୪୮/୧୯୯୧, କ୍ଷେତ୍ର: ଏକର୦.୦୧୨ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାମ ଚନ୍ଦ୍ର ମହାରଣାଙ୍କ ଗୃହ, ପଶ୍ଚିମ: ମାନସ ପାଣିଗ୍ରାହୀଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ଲେନ୍ | ୨୯.୦୪.୨୦୨୫ / ୩୦.୧୦.୨୦୨୫ / ୧୪.୧୧.୨୦୨୫ |
| **ବାଉଁଶିଆପଡା ଶାଖା, ଫୋନ୍: ୯୮୧୯୪୧୦୯୫୧ /** ୧) ମେସର୍ସ ମା ଲକ୍ଷ୍ମୀ ସବ୍‌ଜୀ ଭଣ୍ଡାର, ସ୍ୱତ୍ୱାଧିକାରୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା, ସା: ରାମଚନ୍ଦ୍ରପୁର, ପୋ: ହରେକୃଷ୍ଣପୁର, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୨) ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା, ପିତା: ଶ୍ରୀ ସଂସାରୀ ସାମନ୍ତରା, ଗ୍ରାମ: ଡମ୍ବୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୩) ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରା, ପିତା: ଶ୍ରୀ ସଂସାରୀ ସାମନ୍ତରା, ଗ୍ରାମ: ଡମ୍ବୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୪) ଶ୍ରୀମତୀ ଲକ୍ଷ୍ମୀରାଣୀ ସାମନ୍ତରା, ସ୍ୱାମୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା, ଗ୍ରାମ: ଡମ୍ବୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା | ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା ଏବଂ ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରାଙ୍କ ନାମରେ ଥିବା ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୯୯୦, ଖାତା ନଂ.: ୧୮୦/୬୯, କ୍ଷେତ୍ର: ଏକର୦.୧୨ ଡିସିମିଲି ଏବଂ ପ୍ଲଟ୍ ନଂ.: ୯୯୧/୧୧୩୮, ଖାତା ନଂ.: ୧୮୦/୨୬, କ୍ଷେତ୍ର: ଏକର୦.୦୭ ଡିସିମିଲି, ମୌଜା: ଗାଡିରି, ତହସିଲ: ନୂଆଗାଁ, ଆର୍.ଆଇ ସର୍କଲ: ମହିପୁର, ଜିଲ୍ଲା: ନୟାଗଡ଼ | ୦୨.୦୮.୨୦୧୮ / ୧୮.୦୨.୨୦୧୯ / ୧୪.୧୧.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ଋଣଗ୍ରହୀତା: ଏନ୍ ସୀମା ପାତ୍ର, ପିତା: ଏନ୍. ବାୟା ପାତ୍ର / କୋ-ଆପ୍ଲିକାଣ୍ଟ: ଏନ୍. ପର୍ଶୁରାମ ପାତ୍ର, ପିତା: ଏନ୍. ସୀମା ପାତ୍ର, ଉଭୟଙ୍କ ଠିକଣା- ସା: ବ୍ରାହ୍ମଣିଆପଲ୍ଲୀ, ପୋ.: ଛତ୍ରପୁର, ଗଞ୍ଜାମ-୭୬୧୦୨୦ | ଏନ୍ ସୀମା ପାତ୍ରଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୭୯୩/୧୭୮୩, ଖାତା ନଂ.: ୨୯୬/୧୫୫, ମୌଜା: ବ୍ରାହ୍ମଣିଆପଲ୍ଲୀ, ଜିଲ୍ଲା: ଗଞ୍ଜାମ, ପରିମିତ କ୍ଷେତ୍ର: ଏକର୦.୧୦୦ଡିସିମିଲି ଯାହା ୪୩୫୬ ବର୍ଗଫୁଟ, ଏହାର ଚାରିପାର୍ଶ୍ୱରେ ପୂର୍ବ: କେ. ବୁଢ଼ିଆ ପାତ୍ରଙ୍କ ସମ୍ପତ୍ତି (ପ୍ଲଟ୍ ନଂ.: ୭୯୨), ପଶ୍ଚିମ: ପ୍ଲଟ୍ ନଂ.: ୭୮୬ ଏବଂ ୭୮୭, ପିଏଚଡି ରୋଡ୍, ଉତ୍ତର: ଏନ୍. ସୀମା ପାତ୍ରଙ୍କ ସମ୍ପତ୍ତି (ପ୍ଲଟ୍ ନଂ.: ୭୮୯), ଦକ୍ଷିଣ: ବି. ଚନ୍ଦ୍ର ପାତ୍ରଙ୍କ ସମ୍ପତ୍ତି (ପ୍ଲଟ୍ ନଂ.: ୭୯୩) | ୩୧.୦୩.୨୦୨୧ / ୩୦.୧୦.୨୦୨୧ / ୧୪.୧୧.୨୦୨୫ |
| **ନୀଳକଣ୍ଠନଗର ଶାଖା, ଫୋନ୍: ୯୮୬୧୨୮୧୨୩୪/** ୧) ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ, ପିତା: ଅଭିମନ୍ୟୁ ବିଶ୍ୱାଳ/ ସୁରକ୍ଷା ବିଶ୍ୱାଳ, ସା: ରାମ ନଗର ୨ୟ ଲେନ୍, କମାପଲ୍ଲୀ, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା- ୭୬୦୦୦୨, ୨) ଶ୍ରୀ ନୀଳକଣ୍ଠ ମହାନ୍ତି, ପିତା: ଶ୍ରୀ ସୁଦର୍ଶନ ମହାନ୍ତି, ସା: ଶାସ୍ତ୍ରୀ ନଗର-୨, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା- ୭୬୧୦୧୮ | ଶ୍ରୀ ନୀଳକଣ୍ଠ ମହାନ୍ତିଙ୍କ ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ସହରାଞ୍ଚଳ ଜମି ଯାହାର ଖାତା ନଂ.: ୧୫୩୦/୭୯୪୦, ପ୍ଲଟ୍ ନଂ.: ୪୨୬୭/୧୫୬୩୯/୧୬୮୩୬, କ୍ଷେତ୍ର: ଏକର୦.୦୧୪୫/୧୦ ଡିସିମିଲି, ରେଭିନ୍ୟୁ ମୌଜା: ଭାବିନିପୁର, ଅଳକାପୁରୀ, ୟୁସି ଇଞ୍ଜିନିୟରିଙ୍ଗ୍ ସ୍କୁଲ ନିକଟ, ତହସିଲ: କନିସି, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାଜଲକ୍ଷ୍ମୀ ପଣ୍ଡାଙ୍କ ସମ୍ପତ୍ତି, ପଶ୍ଚିମ: ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ, ଉତ୍ତର: ପ୍ଲଟ୍ ନଂ.: ୪୨୪୪, ଦକ୍ଷିଣ: ରାସ୍ତା | ୦୧.୧୦.୨୦୧୯ / ୦୩.୦୧.୨୦୨୦ / ୧୪.୧୧.୨୦୨୫ |
| **କୁଲ୍ଲାଡ ଶାଖା, ଫୋନ୍: ୭୨୦୫୫୮୧୪୭୧ /** ୧) ମେସର୍ସ ପାତ୍ର କୁଏଲାରୀ, ସ୍ୱତ୍ୱାଧିକାରୀ: ପି ଗୌରୀ ଶଙ୍କର ପାତ୍ର, ପିତା: ୰ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ୨) ପି ଗୌରୀ ଶଙ୍କର ପାତ୍ର, ପିତା: ୰ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ୩) ପି ସଂଯୁକ୍ତା ପାତ୍ର, ସ୍ୱାମୀ: ପି ଗୌରୀ ଶଙ୍କର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ୪) ୰ ପି ଦେବେନ୍ଦ୍ର ପାତ୍ର(ବନ୍ଧକଦାତା)ଙ୍କ ଆଇନଗତ ଉତ୍ତରାଧିକାରୀମାନେ: କ) ପି ତେଜଲକ୍ଷ୍ମୀ ପାତ୍ର, ସ୍ୱାମୀ: ୰ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ଖ) ପି ଗୌରୀ ଶଙ୍କର ପାତ୍ର, ପିତା: ୰ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ଗ) ପି କୈଳାସ ଚନ୍ଦ୍ର ପାତ୍ର, ପିତା: ୰ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ଘ) ପି ତ୍ରିପତି ପାତ୍ର, ପିତା: ୰ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା, ଙ) ପି ପୂର୍ଣ୍ଣ ଚନ୍ଦ୍ର ପାତ୍ର, ପିତା: ୰ ପି ଦେବେନ୍ଦ୍ର ପାତ୍ର, ସା/ପୋ: କୁଲ୍ଲାଡ଼, ବଡ଼ଦାଣ୍ଡ, ଥାନା: ଭଞ୍ଜନଗର, ଗଞ୍ଜାମ, ଓଡ଼ିଶା | ୧) ୰ ପି ଦେବେନ୍ଦ୍ର ପାତ୍ର (ସମ୍ପତ୍ତିର ମାଲିକ), ପିତା: ୰ ନର୍ସୁ ପାତ୍ରଙ୍କ ଆଇନଗତ ଉତ୍ତରାଧିକାରୀମାନଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୨୦୮୦, ଖାତା ନଂ.: ୭୨୨, କ୍ଷେତ୍ର: ଏକର୦.୦୫୭ ଡିସିମିଲି ଯାହା ୨୪୮୩ ବର୍ଗଫୁଟ, ମୌଜା: କୁଲ୍ଲାଡ଼, ଜିଲ୍ଲା: ଗଞ୍ଜାମ, ଓଡ଼ିଶା ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ଗୌରୀଶଙ୍କର ପାତ୍ରଙ୍କ ଗୃହ, ପଶ୍ଚିମ: ସନ୍ତୋଷ ସାହୁଙ୍କ ଗୃହ, ଉତ୍ତର: ବଡ଼ ନଦୀ, ଦକ୍ଷିଣ: ରାଜ ଦାଣ୍ଡ, ୨) ୰ ପି ଦେବେନ୍ଦ୍ର ପାତ୍ର (ସମ୍ପତ୍ତିର ମାଲିକ), ପିତା: ୰ ନର୍ସୁ ପାତ୍ରଙ୍କ ଆଇନଗତ ଉତ୍ତରାଧିକାରୀମାନଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୨୦୭୯, ଖାତା ନଂ.: ୬୧୮, କ୍ଷେତ୍ର: ଏକର୦.୦୩୮ ଡିସିମିଲି ଯାହା ୧୫୭୫ ବର୍ଗଫୁଟ, ମୌଜା: କୁଲ୍ଲାଡ଼, ଜିଲ୍ଲା: ଗଞ୍ଜାମ, ଓଡ଼ିଶା ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ଶ୍ରୀ ପି ସୁବାଷ ଚନ୍ଦ୍ର ପାତ୍ରଙ୍କ ଗୃହ, ପଶ୍ଚିମ: ପି ଦେବେନ୍ଦ୍ର ପାତ୍ରଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ରାସ୍ତା | ୦୪.୦୯.୨୦୨୦ / ୧୦.୧୨.୨୦୨୧ / ୧୪.୧୧.୨୦୨୫ |
| **ବାରାକୁ ଶାଖା, ଫୋନ୍: ୭୮୦୦୦୧୬୮୦୦ /** ଋଣଗ୍ରହୀତା/ବନ୍ଧକଦାତା: ଶ୍ରୀମତୀ ଭି ଜ୍ୟୋତି, ସ୍ୱାମୀ: ଭି କାଳି / ଗ୍ୟାରେଣ୍ଟିଦାତା: ଶ୍ରୀ ଭି ଭୋଟିକଲା କାଳି, ପିତା: ଭି ଦଣ୍ଡାସି, ଉଭୟଙ୍କ ଠିକଣା- ସା: କାମ୍ପ ସାହି, କାପୁ ଷ୍ଟ୍ରିଟ୍, ୧ମ ଲେନ୍, କେ ସି ଟାଉନ୍ ହାଇ ସ୍କୁଲ ନିକଟ, ବ୍ରହ୍ମପୁର, ଗଞ୍ଜାମ, ଓଡିଶା-୭୬୦୦୦୧ | ଆଇନଗତ ମତାମତ ଅନୁଯାୟୀ ଶ୍ରୀମତୀ ଭି ଜ୍ୟୋତିଙ୍କ ନାମରେ ଥିବା ଜମି ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୧୪୮/୯୪୯, ଖାତା ନଂ.: ୮୯/୨୦୨, କ୍ଷେତ୍ର: ଏକର୦.୦୦୬ ଡିସିମିଲି ଏବଂ ପ୍ଲଟ୍ ନଂ.: ୧୪୭, ଖାତା ନଂ.: ୧୨୯, କ୍ଷେତ୍ର: ଏକର୦.୦୦୮ ଡିସିମିଲି, ରେଭିନ୍ୟୁ ମୌଜା: ସତ୍ୟନାରାୟଣପୁର, ରେଭିନ୍ୟୁ ସର୍କଲ: ବ୍ରହ୍ମପୁର, ଥାନା: ଟାଉନ୍ ଥାନା, ଏସ୍‌ଆରଓ: ବ୍ରହ୍ମପୁର, ଗଞ୍ଜାମ, ଓଡିଶା | ୧୪.୦୯.୨୦୨୩ / ୦୮.୧୨.୨୦୨୩ / ୧୪.୧୧.୨୦୨୫ |

**ବିଷୟ: ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନ୍‌ଷ୍ଟ୍ରକସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ଅନୁଯାୟୀ ବ୍ୟାଙ୍କର ବକେୟା ଦେୟ ଆଦାୟ ନିମନ୍ତେ ଉପର ବର୍ଣ୍ଣିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା/ବନ୍ଧକଦାତାମାନଙ୍କ ସମ୍ପତ୍ତି ବିକ୍ରୟ।**

ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, ସୁରକ୍ଷିତ ଋଣଦାତାଙ୍କ ଦ୍ୱାରା ସରଫେଶୀ ଆକ୍ଟ, ୨୦୦୨ ଅନୁଯାୟୀ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ବକେୟା ଦେୟ ପଇଠ କରିବା ନିମନ୍ତେ ଆପଣଙ୍କୁ ଉପରଦର୍ଶିତ ତାରିଖରେ ଡିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା। ଯେହେତୁ କଥିତ ନୋଟିସ୍ ଅନୁଯାୟୀ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ଆପଣ ବକେୟା ଦେୟ ପଇଠ କରିବାରେ ବିଫଳ ହେଲେ, ତେଣୁ ଧାରା ୧୩ (୪) ସହିତ ସିକ୍ୟୁରିଟୀ ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ ର ରୁଲ୍ ୬/୮ ଅନୁଯାୟୀ କ୍ଷମତାପ୍ରାପ୍ତ ଅଧିକାରୀ ଉପରଦର୍ଶିତ ତାରିଖରେ ସମ୍ପତ୍ତିଗୁଡ଼ିକୁ ଦଖଲ ନେଇଛନ୍ତି। ସମ୍ପତ୍ତିକୁ ଦଖଲ ନେବା ପରେ ମଧ୍ୟ ଆପଣ ବ୍ୟାଙ୍କକୁ ଦେବାକୁ ଥିବା ବକେୟା ଦେୟ ପରିଶୋଧ କରିନାହାଁନ୍ତି। ତେଣୁ ଏହି ନୋଟିସ୍ ପ୍ରାପ୍ତିର **୩୦ ଦିନ** ଅତିକ୍ରମ ପରେ ଅନ୍‌ଲାଇନ୍ ପଦ୍ଧତିରେ ସର୍ବସାଧାରଣ ଇ-ନିଲାମ ମାଧ୍ୟମରେ ଉପର ଦର୍ଶିତ ସମ୍ପତ୍ତିଗୁଡ଼ିକୁ ବିକ୍ରୟ କରିବା ଆବଶ୍ୟକ ହୋଇପଡ଼ିଛି। ଇ-ନିଲାମର ତାରିଖ ଓ ସମୟ ସହିତ ସମ୍ପତ୍ତିର ସଂରକ୍ଷିତ ମୂଲ୍ୟ ଏବଂ ସେବା ପ୍ରଦାନକାରୀଙ୍କ ସବିଶେଷ ବିବରଣୀ ଯାହାଙ୍କ ଦ୍ୱାରା ଇ-ନିଲାମ ପରିଚାଳନା କରାଯିବ ତାହା ଆପଣଙ୍କୁ ପୃଥକ୍ ଭାବେ ଜଣାଇ ଦିଆଯିବ। ତେଣୁ, ବିକ୍ରୟ ବିଜ୍ଞପ୍ତିର ପ୍ରକାଶନ ତାରିଖ ପୂର୍ବରୁ ଯଦି ଆପଣ ବକେୟା ଦେୟ ସହିତ ତତ୍‌ପରବର୍ତ୍ତୀ ସୁଧ, ଆଇନଗତ ଖର୍ଚ୍ଚ ଓ ଦେୟ ବ୍ୟାଙ୍କକୁ ପଇଠ କରନ୍ତି, ତେବେ ଆପଣଙ୍କ ସମ୍ପତ୍ତି ବିକ୍ରୟ ନିମିତ୍ତ କୌଣସି ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ନାହିଁ ଏବଂ କଥିତ ଆକ୍ଟର ଧାରା ୧୩ (୮) ଅନୁଯାୟୀ ଆପଣ ଆପଣଙ୍କ ସମ୍ପତ୍ତିକୁ ବନ୍ଧକମୁକ୍ତ କରିପାରିବେ।

**ସ୍ଥାନ: ବ୍ରହ୍ମପୁର**

**ତାରିଖ: ୧୫.୧୧.୨୦୨୫**

**ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ**

**ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ**

**ବିର୍ସା ମୁଣ୍ଡାଙ୍କ ଜନ୍ମବାର୍ଷିକୀ ପାଳିତ**

# ‘ଆଦିବାସୀଙ୍କ ଜମି, ଜଙ୍ଗଲ ଛଡ଼ାଇ କମ୍ପାନୀକୁ ଦେବା ଛଳନାର ରାଜନୀତି’



କାଶୀନଗର,୧୫ା୧୧(ସମିସ): ଭାରତର ସ୍ୱାଧୀନତା ସଂଗ୍ରାମର ଅନ୍ୟତମ ମହାନ୍ ଯୋଦ୍ଧା ତଥା ଜମି, ଜଙ୍ଗଲ ଓ ସ୍ୱାଧୀନତା ପାଇଁ ଆଦିବାସୀଙ୍କ ଐତିହାସିକ ବିଦ୍ରୋହ “ଉଲଗୁଲାନ୍’ର ମହାନାୟକ ବିର୍ସା ମୁଣ୍ଡାଙ୍କ ୧୫୧ତମ ଜନ୍ମବାର୍ଷିକୀରେ ଶନିବାର ଅଲ୍ ଇଣ୍ଡିଆ ଟ୍ରାଇବଲ ଫୋରମ୍ ପକ୍ଷରୁ କାଶୀନଗର ବ୍ଲକର ବୁଟିଗୁଡାରେ ଆଦିବାସୀ ସମାବେଶ ଆୟୋଜିତ ହୋଇଥିଲା। ପୂର୍ବାହ୍ନରେ କାଶୀନଗର ଓ ଗୁମ୍ମା ବ୍ଲକ ଅନ୍ତର୍ଗତ ବିଭିନ୍ନ ଗ୍ରାମରୁ ଆଦିବାସୀ ବୁଟିଗୁଡ଼ାରେ ରୁଣ୍ଡ ହୋଇ ଶୋଭାଯାତ୍ରାରେ ସମାବେଶ ସ୍ଥଳରେ ପହଞ୍ଚିଥିଲେ। ପରେ ସଭା ହୋଇଥିଲା। ପ୍ରଥମେ ବିର୍ସା ମୁଣ୍ଡାଙ୍କ ପ୍ରତିକୃତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ଅଲ୍ ଇଣ୍ଡିଆ ଟ୍ରାଇବଲ ଫୋରମର ଆବାହକ କେଦାର ଶବରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସମାବେଶରେ ବହୁ ଆଦିବାସୀ ନେତା ଯୋଗଦେଇ ବିର୍ସା ମୁଣ୍ଡାଙ୍କ ଐତିହାସିକ ବିଦ୍ରୋହ କେବଳ ବିଦେଶୀ ଶାସକମାନଙ୍କ ବିରୋଧରେ ସ୍ୱାଧୀନତାର ହିଁ ଲଢେଇ ନଥିଲା। ବରଂ ତାହା ଆଦିବାସୀଙ୍କ ଜମି, ଜଙ୍ଗଲ ଓ ପ୍ରାକୃତିକ ସମ୍ପଦ ଉପରେ ଅଧିକାର ପ୍ରତିଷ୍ଠାର ଲଢେଇ ଥିଲା। କେନ୍ଦ୍ର ଓ ରାଜ୍ୟର ଡବଲ ଇଞ୍ଜିନ ସରକାର ଗୋଟିଏ ପଟେ ଆଦିବାସୀଙ୍କୁ ନିଜ ଆଡକୁ ଟାଣିବା ପାଇଁ ବିର୍ସାଙ୍କ ଜୟନ୍ତୀକୁ ଜନଜାତିର ଗୌରବ ଦିବସ ବୋଲି ଘୋଷଣା କରି ପାଳନ କରୁଥିବା ବେଳେ ଆଦିବାସୀଙ୍କ ଠାରୁ ସେମାନଙ୍କ ଜମି, ଜଙ୍ଗଲ ଓ ପ୍ରାକୃତିକ ସମ୍ପଦକୁ ଛଡ଼େଇ ବଡ଼ବଡ଼ କମ୍ପାନୀଙ୍କୁ ଦେବା ଛଳନାର ରାଜନୀତିକୁ ଦର୍ଶାଉଛି ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ କାଡୁକା ଶବର, କନୀନ୍ଦ୍ର ଜାଲିକା, ବୁଦ୍ଧଦେବ ଶବର, ସରସ୍ୱତୀ ଶବର, ସୁମ୍ବ୍ରା ଶବର, ଜୁନେସ ମେଦି, ରମେଶ ଗମାଙ୍ଗ, ସୁମ୍ବାରା ଶବର, ଅର୍ଜୁନ ଗମାଙ୍ଗ, ପାର୍ବତୀ ଶବର, ତୁଳସୀ ଶବର ସମେତ ବହୁ ସଂଖ୍ୟାରେ ସ୍ତ୍ରୀ ଓ ପୁରୁଷ ଯୋଗ ଦେଇଥିଲେ। ଆଦିବାସୀ ବକ୍ତା ବକ୍ତବ୍ୟରେ ଜମି ଓ ଜଙ୍ଗଲ ଉପରେ ଅଧିକାର ପାଇଁ ବିର୍ସା ମୁଣ୍ଡା ଦେଖାଇଥିବା ରାସ୍ତାରେ ଆଗେଇ ଯିବା ହିଁ ତାଙ୍କର ସ୍ମୃତି ପ୍ରତି ସବୁଠାରୁ ବଡ଼ ଶ୍ରଦ୍ଧାଞ୍ଜଳି ହେବ ବୋଲି କହିଥିଲେ।

> ‘ବିର୍ସା ମୁଣ୍ଡା ଦେଖାଇଥିବା ରାସ୍ତାରେ ଯିବା ହିଁ ତାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି’

## ଫୁଲବାଣୀରେ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ

ଫିରିଙ୍ଗିଆ,୧୫। ୧୧(ସମିସ): ଫୁଲବାଣୀ କରନେସନ ପଡିଆ ଠାରେ ଭଗବାନ ବିର୍ସା ମୁଣ୍ଡାଙ୍କ ଜନ୍ମ ବାର୍ଷିକୀ ତଥା ଜନଜାତୀୟ ଗୌରବ ଦିବସ ପାଳିତ ହୋଇଯାଇଛି। କନ୍ଧମାଳ ସାଂସଦ ସୁକାନ୍ତ କୁମାର ପାଣିଗ୍ରାହୀ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ଫୁଲବାଣୀ ବିଧାୟକ ଉମା ଚରଣ ମଲ୍ଲିକ ଓ କୁଇ ସମାଜର ସମ୍ପାଦକ ଅବନୀ କହଁର ମଞ୍ଚାସୀନ ଥିଲେ। ଏହି ଅବସରରେ ଆଦିବାସୀ ସଂପ୍ରଦାୟର ପୂର୍ଣ୍ଣାଙ୍ଗ ବିକାଶ ପାଇଁ ଆଦି କର୍ମଯୋଗୀ ଅଭିଯାନ ଆରମ୍ଭ କରାଯାଇଛି। କନ୍ଧମାଳ ଜିଲ୍ଲାର ୧୨ ଗୋଟି ବ୍ଲକରେ ସମୁଦାୟ ୩୯୯୫ ଗ୍ରାମରେ ଏହି ଅଭିଯାନ ଚାଲୁଅଛି। ଏଥିପାଇଁ ପ୍ରାୟ ୮୦୦୦ ଆଦି କର୍ମଯୋଗୀ, ଆଦି ସହଯୋଗୀ ଓ ଆଦି ସାଥି ଚୟନ କରାଯାଇଛି ଏବଂ ପ୍ରତି ଗ୍ରାମରେ ଆଦି ସେବା କେନ୍ଦ୍ର ଖୋଲାଯାଇଛି। ସେବା କେନ୍ଦ୍ରରେ ସମସ୍ତେ ଏକାଠି ଗ୍ରାମର ସର୍ବାଙ୍ଗୀନ ବିକାଶ ନିମନ୍ତେ ଏକ ପରିକଳ୍ପନା ପତ୍ର ପ୍ରସ୍ତୁତ କରିଛନ୍ତି ବୋଲି ଉପସ୍ଥିତ ଅତିଥିମାନେ ବକ୍ତବ୍ୟ ରଖିଥିଲେ। କାର୍ଯ୍ୟକ୍ରମରେ ଏଫଆର୍ଏ ଟାଇଟଲ ବଣ୍ଟନ, ଯୁବ ଉଦ୍ୟୋଗୀଙ୍କୁ ଏମଏମଜେଜେଏମ ଅଧୀନ ଆର୍ଥିକ ସହାୟତା ବଣ୍ଟନ ଆଦି ବିଭିନ୍ନ ସରକାରୀ ଯୋଜନାର ସହାୟତା ବଣ୍ଟନ କରାଯାଇଥିଲା ଏବଂ ଜନଜାତୀୟ କ୍ଷେତ୍ରରେ କ୍ରିୟାଶୀଳ ସଫଳ ବ୍ୟକ୍ତିତ୍ୱଙ୍କୁ ସମ୍ମାନିତ କରାଯାଇଥିଲା। ଜନଜାତୀୟ ଗୌରବ ଦିବସ ଉପଲକ୍ଷେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାର କୃତି ପ୍ରତିଯୋଗୀମାନଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। କାର୍ଯ୍ୟକ୍ରମକୁ ପ୍ରକଳ୍ପ ପ୍ରଶାସକ, ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା, ଫୁଲବାଣୀ-ତଥା-ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଓ ଜିଲ୍ଲା ସଂସ୍କୃତି ଅଧିକାରୀ ଗଦାଧର ପାତ୍ର ପରିଚାଳନା କରିବା ସହିତ ଧନ୍ୟବାଦ ଅର୍ପଣ କରିଥିଲେ। ପ୍ରକଳ୍ପ ନିର୍ଦ୍ଦେଶକ, ଜିଲ୍ଲା ସହରାଞ୍ଚଳ ଉନ୍ନୟନ ସଂସ୍ଥା ପ୍ରବୀଣ ବଣ୍ଡଆ, ପ୍ରକଳ୍ପ ପ୍ରଶାସକ, ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା, ବାଲିଗୁଡା କୃପାସିନ୍ଧୁ ବେହେରା, ଉପାଧ୍ୟକ୍ଷ, ଟ୍ରାଇଫେଡ୍ ପବିତ୍ର କୁମାର କହଁରଙ୍କ ସମେତ ଜିଲ୍ଲାସ୍ତରୀୟ ଅଧିକାରୀ, ଜନ ପ୍ରତିନିଧି, ସରକାରୀ କର୍ମକର୍ତ୍ତା, ଲୋକ କଳାକାର ଓ ଜନସାଧାରଣ ଉପସ୍ଥିତ ଥିଲେ।



## ଜନଜାତୀୟ ଗୌରବ ଦିବସ ପାଳିତ

ଜି.ଉଦୟଗିରି,୧୫।୧୧(ସମିସ): ଜି.ଉଦୟଗିରି ସ୍ଥିତ ଅନ୍ୱେଷା ଛାତ୍ରାବାସରେ ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ ତମ ଜୟନ୍ତୀ ପାଳିତ ହୋଇଯାଇଛି। ଅଧୀକ୍ଷକ ସୁଧୀର କୁମାର ସାହୁ ସଭାପତିତ୍ୱ କରିଥିବା ବେଳେ, ସମ୍ମାନିତ ଅତିଥି ଭାବେ ମାଉଣ୍ଟ କାର୍ମେଲ ବିଦ୍ୟାଳୟର ସମ୍ପାଦକ, ଅଭିଭାବକ ପ୍ରତିନିଧି ଖ୍ରୀଷ୍ଟଦାସ ପ୍ରଧାନ ଓ ଉଜ୍ୱଳ ପ୍ରଧାନ ମଞ୍ଚାସୀନ ଥିଲେ। ଶିକ୍ଷକ ମିଳନ ବାଗନାୟକ ଅତିଥି ପରିଚୟ ପ୍ରଦାନ କରିଥିଲେ। ବାଳିକା ଛାତ୍ରୀନିବାସର ଅଧୀକ୍ଷିକା ମଗ୍ଦଲିନୀ ଦିଗାଲ ଅନୁଷ୍ଠାନରେ ପିଲାଙ୍କ ଶୈକ୍ଷିକ ଅଗ୍ରଗତି ସହ ସରକାରୀ ସୁବିଧା ସମ୍ପର୍କରେ ଅଭିଭାବକଙ୍କୁ ଅବଗତ କରାଇଥିଲେ। ଅଭିଭାବକ ଓ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା କରାଯାଇ ପୁରସ୍କୃତ କରାଯାଇଥିଲା।ଶେଷରେ ମଧ୍ୟାହ୍ନ ଭୋଜନ ସହ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଶିକ୍ଷକ ମିଳନ ବାଗନାୟକ ମଞ୍ଚପରିଚାଳନା କରିବା ସହ ସାଗର ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।



**ଫିରିଙ୍ଗିଆ:** ଫିରିଙ୍ଗିଆ ବ୍ଲକ ଡିଣ୍ଡିରାଗାଁ ପଞ୍ଚାୟତ ଟେଲାପାଲି ଉଚ୍ଚ ପ୍ରାଥମିକ ସେବାଶ୍ରମ ବିଦ୍ୟାଳୟରେ ବିର୍ସାମୁଣ୍ଡାଙ୍କ ଜୟନ୍ତୀ ତଥା ପିତାମାତା ସହଭାଗିତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଶିକ୍ଷୟିତ୍ରୀ ସରୋଜିନୀ ସ୍ୱାଇଁଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବରେ ଫିରିଙ୍ଗିଆ ବିଧାୟକ ପ୍ରତିନିଧି ପ୍ରଶାନ୍ତ କମ୍ପ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବରେ ରାମଚନ୍ଦ୍ର ମଲ୍ଲିକ, କ୍ଲଷ୍ଟରର ସିଆରସିସି ଦିଲୀପ କୁମାର ପାଣିଗ୍ରାହୀ, ସ୍କୁଲ ସଭାପତି ଲଳିତା କହଁର, ୱାର୍ଡସଭ୍ୟ ହରିଶ୍ଚନ୍ଦ୍ର କହଁର ଓ ପୂର୍ବତନ ସ୍କୁଲ ସଭାପତି ବଡନା କହଁର ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମର ମୁଖ୍ୟବକ୍ତା ଭାବରେ ସୀତାରାମ କହଁର ଯୋଗ ଦେଇଥିଲେ। ଅତିଥିଙ୍କ ଅଭିଭାଷଣ ପରେ ଛାତ୍ରଛାତ୍ରୀଙ୍କୁ ନେଇ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇ କୃତୀ ଛାତ୍ରଛାତ୍ରୀଙ୍କୁ ମାନପତ୍ର ଓ ପୁରସ୍କାର ପ୍ରଦାନ କରାଯାଇଥିଲା।



**● ୩ ବିଭାଗର ମିଳିତ ଚଢ଼ଉ**

## ୬୩ ଏକର ଜମିରୁ ଗଞ୍ଜେଇ ଗଛ ନଷ୍ଟ



ଫିରିଙ୍ଗିଆ,୧୫ା୧୧(ସମିସ): ଫୁଲବାଣୀ ବ୍ଲକ ସଦର ଥାନା ଦୁଡିକି ପଞ୍ଚାୟତର ବିଭିନ୍ନ ଗାଁର ବେଆଇନ ଭାବରେ ଲାଗିଥିବା ଜଙ୍ଗଲ ଜମି ଅଞ୍ଚଳରୁ ପ୍ରାୟ ୬୩ ଏକର ଜଙ୍ଗଲ ଜମିରୁ ଗଞ୍ଜେଇ ଗଛ କଟାଯାଇଛି। ଏସ୍ପି ହରିଶ ବିଶିଙ୍କ ନିର୍ଦ୍ଦେଶ କ୍ରମେ ମିଳିତ ଭାବରେ ପୁଲିସ, ବନ ବିଭାଗ ଓ ଅବକାରୀ ବିଭାଗ ଦୁଡିକି ପଞ୍ଚାୟତ ଫୁଲବାଣୀ ବ୍ଲକ ଦୁଡିକି ପଞ୍ଚାୟତର ଶିର୍ଡ଼ିଗୁଡା କୁସୁମବାଟା ଅଞ୍ଚଳରୁ ଜଙ୍ଗଲ ଜମିରେ ବେଆଇନ ଭାବରେ ଲାଗିଥିବା ପ୍ରାୟ ୬୩ ଏକର ଜଙ୍ଗଲ ଜମିରୁ ଗଞ୍ଜେଇ ଗଛ କାଟି ନଷ୍ଟ କରି କରିଥିଲେ। ଯାହାର ଆନୁମାନିକ ମୂଲ୍ୟ ୬ କୋଟି ହେବ ବୋଲି ବିଭାଗ ତରଫରୁ ସୂଚନା ମିଳିଛି। ଗଞ୍ଜେଇ କଟା ଅଭିଯାନରେ ମାଜିଷ୍ଟ୍ରେଟ ସୋମକେଶ ନାୟକ, ଅବକାରୀ ବିଭାଗ ପକ୍ଷରୁ ପ୍ରକାଶ ମଲିକ, ଏସଡ଼ିପିଓ ଶୁଭ୍ରଜିତ ବିଶ୍ୱାଳ, ସଦର ଥାନା ଅଧିକାରୀ ସତୀଶ ଚନ୍ଦ୍ର ନାୟକ, ସଦର ଥାନା ଏସଆଇ ସମ୍ବିତ କୁମାର ବେହେରା, ବନ ବିଭାଗ ଅଧିକାରୀ, ପୁଲିସ, ଯବାନ, ଶ୍ରମିକଙ୍କ ସହ ୬୦ରୁ ଊର୍ଦ୍ଧ୍ୱ ସାମିଲ ଥିଲେ। ଗଞ୍ଜେଇ କଟା ସଂକ୍ରାନ୍ତ ରେ ସଦର ଥାନାରେ ଏକ ମାମଲା ରୁଜୁ ହୋଇଛି।

## ଗଜପତିରୁ ପୋଷ୍ୟ ସନ୍ତାନ ଗ୍ରହଣ କଲେ ପଶ୍ଚିମବଙ୍ଗ ଦମ୍ପତି

ପାରଳାଖେମୁଣ୍ଡି,୧୫ା୧୧(ସମିସ): ଗଜପତି ଜିଲ୍ଲାରୁ ୭୪ତମ ଶିଶୁକୁ ଜିଲ୍ଲାପାଳ ମଧୁମିତା ପୋଷ୍ୟ ସନ୍ତାନ ଭାବେ ପଶ୍ଚିମବଙ୍ଗର ଏକ ଦମ୍ପତିଙ୍କୁ ହସ୍ତାନ୍ତର କରିଛନ୍ତି। ପୋଷ୍ୟ ସନ୍ତାନ ଗ୍ରହଣ ନିମନ୍ତେ ୪ ବର୍ଷରୁ ଅଧିକ ସମୟ ଧରି ଅନଲାଇନ୍ ମାଧ୍ୟମରେ ଦରଖାସ୍ତ ଦେଇ ଅପେକ୍ଷା କରି ରହିଥିବା ଉକ୍ତ ଦମ୍ପତିଙ୍କୁ କେନ୍ଦ୍ରୀୟ ପୋଷ୍ୟ ସନ୍ତାନ ସମ୍ବଳ କେନ୍ଦ୍ର ଅନୁମୋଦନ କରିଥିଲେ। ଦମ୍ପତି ଶାରିରୀକ ସ୍ତରରେ ଶିଶୁକୁ ପସନ୍ଦ କରି ନେବାପାଇଁ ସ୍ଥିର କରିଥିଲେ। ଆବଶ୍ୟକ ହେଉଥିବା ଦସ୍ତାବିଜ ସ୍ୱତନ୍ତ୍ର ପୋଷ୍ୟ ସନ୍ତାନ ଗ୍ରହଣ କେନ୍ଦ୍ର ଏବଂ ଜିଲ୍ଲା ଶିଶୁ ସୁରକ୍ଷା କାର୍ଯ୍ୟାଳୟ ପ୍ରସ୍ତୁତ କରିଥିଲେ। ଶିଶୁର ବୟସ ୩ ମାସ, ଶିଶୁକନ୍ୟା ହୋଇଥିବା ବେଳେ, ଶିଶୁକୁ ପାଇ ଉକ୍ତ ଦମ୍ପତି ବେଶ ଖୁସି ଥିବା ଲକ୍ଷ୍ୟ କରାଯାଇଥିଲା। ହସ୍ତାନ୍ତର ସମୟରେ ବନଖଣ୍ଡ ଅଧିକାରୀ କେ. ନାଗାରାଜୁ, ଶିଶୁ ମଙ୍ଗଳ ସମିତି ଅଧ୍ୟକ୍ଷ ଅଶ୍ୱିନୀ କୁମାର ମହାପାତ୍ର, ଶିଶୁ ମଙ୍ଗଳ ସମିତି ସଦସ୍ୟା ମମତା ଶତପଥୀ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଅରୁଣ କୁମାର ତ୍ରିପାଠୀ ଏବଂ ସ୍ୱତନ୍ତ୍ର ପୋଷ୍ୟ ସନ୍ତାନ ଗ୍ରହଣ କେନ୍ଦ୍ରର ସମସ୍ତ କର୍ମକର୍ତ୍ତା ଉପସ୍ଥିତ ଥିଲେ।

## ଗାଡ଼ି ଧକ୍କାରେ ଯୁବକ ମୃତ

ଫିରିଙ୍ଗିଆ,୧୫ା୧୧(ସମିସ): ଖଜୁରିପଡ଼ା ବ୍ଲକ ଗେଟାମୁଣ୍ଡା ଗ୍ରାମର ରବି ନାରାୟଣ ଜାନି ଗୁରୁବାର ଦିନ ବଜାରକୁ ଘରୋଇ ସାମଗ୍ରୀ କିଣିବାକୁ ଯାଇ ଫେରିବା ବେଳେ ବାଘିଆଣ୍ଟ ନିକଟରେ ଅଜଣା ଗାଡ଼ି ଧକ୍କା ଦେବାରୁ ରାସ୍ତାରେ ଅଚେତ୍ ହୋଇ ପଡ଼ିଯାଇଥିଲେ। ସ୍ଥାନୀୟ ଲୋକେ ଉଦ୍ଧାର କରି ପୁରୁଣା କଟକ ଡାକ୍ତରଖାନାକୁ ନେଇଥିଲେ। ସେଠାରୁ ଫୁଲବାଣୀ ମୁଖ୍ୟ ଚିକିତ୍ସା କେନ୍ଦ୍ରକୁ ଅଣାଯାଇଥିଲା। ଶୁକ୍ରବାର ଚିକିତ୍ସିତ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି। ଏ ନେଇ ସଦର ଥାନାରେ ଅପମୃତ୍ୟୁ ମାମଲା ରୁଜୁ କରାଯାଇ ଘଟଣାର ତଦନ୍ତ ଚାଲିଥିବା ଏଏସ୍ଆଇ ସଞ୍ଜୟ ବିଶୋଇ ସୂଚନା ଦେଇଛନ୍ତି।

**● ବାରଖମା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର**

## ଭିତ୍ତି ସ୍ଥାପନର ୨ ବର୍ଷ ପରେ ବି ନିର୍ମାଣ ହେଉନି କୋଠା



ବାଲିଗୁଡ଼ା,୧୫ା୧୧(ସମିସ): ବାଲିଗୁଡ଼ା ବ୍ଲକ ବାରଖମା ଅଞ୍ଚଳରେ ଥିବା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ୩୦ ନଭେମ୍ବର ୨୦୨୩ ମସିହାରେ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ୩୦ ଶଯ୍ୟା ବିଶିଷ୍ଟ କୋଠା ଗୃହ ନିମନ୍ତେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ କରକମଳରେ ୧୪ କୋଟି ଟଙ୍କାର ଭିତ୍ତି ପ୍ରସ୍ତର ସ୍ଥାପନ ହୋଇଥିଲା। ହେଲେ ଆଜକୁ ପ୍ରାୟ ଦୁଇ ବର୍ଷ ହେବ କୋଠା ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇନି। ଏହି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଉପରେ ୮ ପଞ୍ଚାୟତର ପାଖାପାଖି ୩୦ ହଜାରରୁ ଊର୍ଦ୍ଧ୍ୱ ଲୋକ ନିର୍ଭରଶୀଳ। କିନ୍ତୁ ଏହି ସ୍ୱାସ୍ଥ୍ୟକେନ୍ଦ୍ରରେ ମାତ୍ର ୮ ଶଯ୍ୟା ଅଛି। ଏଥିଯୋଗୁ ଅଞ୍ଚଳବାସୀ ବହୁ ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ସରକାର ଏକ୍ସରେ ମେସିନ ବାରଖମା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ଯୋଗାଇଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ସେବା ମିଳିପାରୁନି। ବାଲିଗୁଡା ବ୍ଲକ ଜନପ୍ରତିନିଧି ଏ ନେଇ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣିରେ ଅଭିଯୋଗ କରିଥିଲେ ମଧ୍ୟ କିଛି ଫଳ ହୋଇନାହିଁ। ଏଥିନେଇ ତୁରନ୍ତ ପଦକ୍ଷେପ ଗ୍ରହଣ କରାଯିବାକୁ ଦାବି ହେଉଛି।

## ଶ୍ରୀଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରର ବାର୍ଷିକ ଉତ୍ସବ

ପାରଳାଖେମୁଣ୍ଡି,୧୫ ।୧୧(ସମିସ): ପାରଳାଖେମୁଣ୍ଡି ଶିକ୍ଷାଞ୍ଚଳରେ ଥିବା ଶ୍ରୀଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରର ୪୩ତମ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଥିଲା। ମୁଖ୍ୟଅତିଥି ଭାବେ ଜିଲ୍ଲା ଶିକ୍ଷା ଅଧିକାରୀ ଡ.ମାୟାଧର ସାହୁ ଯୋଗ ଦେଇ ପ୍ରଚଳିତ ଶିକ୍ଷା ବ୍ୟବସ୍ଥାରେ ପୂର୍ଣ୍ଣାଙ୍ଗ ଶିକ୍ଷାର ଗୁରୁତ୍ୱ ମାନବ ସମାଜ ପାଇଁ ଆବଶ୍ୟକ ହୋଇପଡିଛି। କେବଳ ଉଚ୍ଚ ଶିକ୍ଷା ମଣିଷକୁ ମଣିଷ ଭାବେ ଗଢ଼େ ନାହିଁ ତେଣୁ ଶିକ୍ଷା ସହିତ ମାନବିକତା ଶିଖିଲେ ଭଲ ମଣିଷ ହୋଇ ସୁସ୍ଥ ସମାଜ ଗଠନ କରିବା ସମ୍ଭବ ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅନୁଷ୍ଠାନର ସଭାପତି ବଳରାମ ପାତ୍ର, ସମ୍ପାଦକ ବିଜୟ ମୁନି, ଅଧକ୍ଷା ଗୀତାଞ୍ଜଳି ଦାସ ମଞ୍ଚାସୀନ ଥିଲେ। ଏହି ଅବସରରେ ବିଭିନ୍ନ ବିଭାଗରେ କୃତି ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରଯାଇଥିଲା। ବିଦ୍ୟାଳୟର ଛାତ୍ରଛାତ୍ରୀ ନିଜସ୍ୱ ସଂଯୋଜନା କରି ନାଟକ, ନୃତ୍ୟ ପରିବେଷଣ କରିଥିଲେ। ସମସ୍ତ କାର୍ଯ୍ୟକ୍ରମକୁ ଶିକ୍ଷକ, ଶିକ୍ଷୟିତ୍ରୀ, ଶ୍ରୀଅରବିନ୍ଦ ସୋସାଇଟି ସଦସ୍ୟ, ଅଭିଭାବକ ଓ ପୁରାତନ ଛାତ୍ର ମାନେ ପରିଚାଳନା କରିଥିଲେ।



## ପିତାମାତା ସହଭାଗିତା କାର୍ଯ୍ୟକ୍ରମ

ଫିରିଙ୍ଗିଆ,୧୫ା୧୧(ସମିସ): ଫିରିଙ୍ଗିଆ ବ୍ଲକ କେଳାପଡା ପଞ୍ଚାୟତ ପିପଲପଦା ଆଶ୍ରମ ବିଦ୍ୟାଳୟରେ ବିର୍ସାମୁଣ୍ଡାଙ୍କ ୧୫୦ତମ ଜନ୍ମ ଜୟନ୍ତୀ ଅବସରରେ ‘ଆମେ ଜାଣିବା ଆମେ ଜିଣିବା’ ଏବଂ ‘ପିତାମାତା ସହଭାଗିତା’ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପ୍ରଧାନଶିକ୍ଷକ ଶ୍ରୀୟାଭଞ୍ଜ ମଲିକଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବରେ ସ୍ଥାନୀୟ ସରପଞ୍ଚ ସ୍ୱର୍ଣ୍ଣଲତା ପ୍ରଧାନ ଯୋଗ ଦେଇ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବରେ ଆଶ୍ରମ ବିଦ୍ୟାଳୟ ସଭାପତି ଗୈରପ୍ରସାଦ କହଁର, ସମାଜସେବୀ ବୁନା କହଁର, ଗାଁମୁଖିଆ କଣ୍ଟେଶ୍ୱର କହଁର ଓ ବିଶ୍ୱମ୍ବର କହଁର ଯୋଗ ଦେଇଥିଲେ। ଏହି ଅବସରରେ ଛାତ୍ରଛାତ୍ରୀଙ୍କ ସାମୂହିକ ବିକାଶ ନିମନ୍ତେ ଅଭିଭାବକଙ୍କ ଉପସ୍ଥିତିରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଶେଷରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ସମସ୍ତ କାର୍ଯ୍ୟକ୍ରମକୁ ବିଦ୍ୟାଳୟ ସଭାପତି ଗୌରପ୍ରସାଦ କହଁର ପରିଚାଳନା କରିଥିବା ବେଳେ ସହକାରୀ ଶିକ୍ଷକ ପ୍ରମୋଦ କହଁର, ମେଟ୍ରେନ୍ ଚନ୍ଦ୍ରିକା ପ୍ରଧାନଙ୍କ ସହ ବିଦ୍ୟାଳୟର କର୍ମଚାରୀ ସହଯୋଗ କରିଥିଲେ।



## ଶିଶୁ ବିଦ୍ୟାମନ୍ଦିରରେ ଶିଶୁ ଦିବସ

ପାରଳାଖେମୁଣ୍ଡି,୧୫ ।୧୧(ସମିସ): ପାରଳାଖେମୁଣ୍ଡି ସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ଶିଶୁ ଦିବସ ପାଳିତ ହୋଇଥିଲା। ଏହି ଅବସରରେ ବିଦ୍ୟାଳୟର ପିଲାମାନେ ଆଚାର୍ଯ୍ୟ ମୁରଲୀମୋହନ ପ୍ରଧାନଙ୍କ ନେତୃତ୍ୱରେ ଘୋଷ ବାଦ୍ୟ ବଜାଇ ନଗର ପରିକ୍ରମା କରିଥିଲେ ଏବଂ ହରିଦ୍ୱାରରୁ ପାରଳାଖେମୁଣ୍ଡି ଆସିଥିବା ପବିତ୍ର ଗାୟତ୍ରୀ ରଥର ମଧ୍ୟ ସ୍ୱାଗତ କରିଥିଲେ। ଶିଶୁ ଦିବସ ଅବସରରେ ପିଲାଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଛାତ୍ରଛାତ୍ରୀ ନାଟକ, ଗୀତ, ବକ୍ତୃତା ଓ ନୃତ୍ୟ ପରିବେଷଣ କରିଥିଲେ। ସମସ୍ତ ଛାତ୍ରଛାତ୍ରୀଙ୍କୁ ମିଷ୍ଟାନ୍ନ ବଣ୍ଟନ କରାଯାଇଥିଲା। ଅନୁଷ୍ଠାନର ସମସ୍ତ ଆଚାର୍ଯ୍ୟ ସହଯୋଗ କରିଥିଲେ।



## ସାହିତ୍ୟ ସମ୍ପର୍କର ସେତୁ- ଆରଡିସି



ପାରଳାଖେମୁଣ୍ଡି,୧୫ ।୧୧(ସମିସ): ସାହିତ୍ୟ ଅନୁଷ୍ଠାନ “ସିଦ୍ଧାନ୍ତ’ର ଏକ ସାରସ୍ୱତ ସମାବେଶ ପାରଳାଖେମୁଣ୍ଡି ସହରର ବିଶ୍ୱନାଥ କଲ୍ୟାଣ ମଣ୍ଡପରେ ଅନୁଷ୍ଠାନର ଅଧ୍ୟକ୍ଷା ଡ.ଅନ୍ନପୂର୍ଣ୍ଣା ଦେବୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା। “ସିଦ୍ଧାନ୍ତ’ର ପ୍ରତିଷ୍ଠାତା ସମ୍ପାଦକ ତଥା ଗବେଷକ, ଐତିହାସିକ ଉପାନ୍ତ ପ୍ରହରୀ ପୂର୍ଣ୍ଣଚନ୍ଦ୍ର ମହାପାତ୍ରଙ୍କ ରଚିତ “ପାରଳାର ପାରିଲା ପିଲା’ ଓ ଶଙ୍କର ସାହୁଙ୍କ “ଅନ୍ୟ ଏକ ପାଇକ ବିଦ୍ରୋହ’ ପୁସ୍ତକକୁ ମୁଖ୍ୟଅତିଥି ଦକ୍ଷିଣାଞ୍ଚଳ ରାଜସ୍ୱ ଆୟୁକ୍ତ ତଥା ବିଶିଷ୍ଟ ସାହିତ୍ୟିକ ସଂଗ୍ରାମ କେଶରୀ ମହାପାତ୍ରଙ୍କ ଦ୍ୱାରା ଲୋକାର୍ପଣ କରାଯାଇଥିଲା। ସାହିତ୍ୟ ହିଁ ସଂପର୍କର ସେତୁ ଓ ଗୋଷ୍ଠୀଗତ ଜୀବନ ଜୀଇଁବାରେ ସହାୟକ ହୋଇଥାଏ ବୋଲି ସେ କହିଥିଲେ। ଦକ୍ଷିଣ ଓଡ଼ିଶାରେ ଭାଷା, ସାହିତ୍ୟ ଓ ସାଂସ୍କୃତିକ ବିକାଶ କ୍ଷେତ୍ରରେ ‘ସିଦ୍ଧାନ୍ତ’ର ଭୂମିକାକୁ ଭୂୟସୀ ପ୍ରଶଂସା କରିଥିଲେ। ଅନ୍ୟତମ ଅତିଥି ଭାବେ କଟକର କଳା ବିକାଶ କେନ୍ଦ୍ରର ସଭାପତି ତଥା ସାହିତ୍ୟିକ ପ୍ରଫେସର ଡ. ବିଜୟାନନ୍ଦ ସିଂ ଓ ବରିଷ୍ଠ ସାହିତ୍ୟିକ ଡ. ରଞ୍ଜିତ କୁମାର ପରିଡା ଯୋଗ ଦେଇ ପାରଳାଖେମୁଣ୍ଡିର ବୀର ଓ ବରପୁତ୍ରଙ୍କ ବାସଭୂମୀ ବୋଲି କହିବା ସହ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ପ୍ରତି ପାରଳା ଓ ଏହାର ମହାରାଜା କୃଷ୍ଣଚନ୍ଦ୍ର ଗଜପତିଙ୍କ ମୁଖ୍ୟ ଭୂମିକା ଅବିସ୍ମରଣୀୟ ବୋଲି ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମରେ ଆକାଶବାଣୀର କଳାକାର ବି. କୋମଳାଙ୍ଗୀ ପ୍ରାରମ୍ଭିକ ସଂଗୀତ ପରେ ଅତିଥି ପରିଚୟ ଅଧ୍ୟାପିକା ଅଞ୍ଜନା ପଟ୍ଟନାୟକ ଏବଂ ସ୍ୱାଗତ ଭାଷଣ ଡ. କଲ୍ୟାଣୀ ମିଶ୍ର ଦେଇଥିଲେ। ବାର୍ଷିକ ବିବରଣୀ ରାଜେଶ୍ୱରୀ ପାତ୍ର, ଅତିଥିଙ୍କୁ ସ୍ୱାଗତ ଇଂ. ଶ୍ୱେତା ପଟ୍ଟନାୟକ ଦେଇଥିଲେ। ଲୋକାର୍ପିତ ବହିଟି ଉପରେ ସ୍ୱତନ୍ତ୍ର ଆଲୋଚନା କରିଥିଲେ ଶିକ୍ଷାବିତ୍ ମନୋଜ କୁମାର ପଟ୍ଟନାୟକ। ସମସ୍ତ କାର୍ଯ୍ୟକ୍ରମକୁ ଓଡ଼ିଶା ସାହିତ୍ୟ ଏକାଡେମୀର ପ୍ରାକ୍ତନ ସଦସ୍ୟ ବିଚିତ୍ରାନନ୍ଦ ବେବର୍ତ୍ତା ସଂଯୋଜନା କରିଥିବା ବେଳେ “ସିଦ୍ଧାନ୍ତ’ର ଉପଦେଷ୍ଟା ଆଶାଲତା ପାଣିଗ୍ରାହୀ ଧନ୍ୟବାଦ ଅର୍ପଣ କରିଥିଲେ। ସ୍ୱର୍ଣ୍ଣପ୍ରଭା ପାଠୀ, ମୁରଲୀଧର ପରିଚ୍ଛା, ତ୍ରିପତି ପ୍ରସାଦ ପଣ୍ଡା, ଅଧ୍ୟାପକ ଅର୍ଜୁନ ଜେନା, ଅଶ୍ୱିନୀ ପାଢୀ, ବିଷ୍ଣୁଚରଣ ପଣ୍ଡା, ଶ୍ୟାମସୁନ୍ଦର ଗନ୍ତାୟତ ଘନଶ୍ୟାମ ଜେନା, ପ୍ରଫୁଲ୍ଲ କୁମାର ମହାନ୍ତି, ପ୍ରମୋଦ ପାଢି, ରାଜେଶ୍ୱରୀ ସ୍ୱାଇଁ ପରିଚାଳନା କରିଥିଲେ। ଏଥିରେ ବହୁ ସଂଖ୍ୟାରେ ସାହିତ୍ୟିକ ଓ ସାହିତ୍ୟ ପ୍ରେମୀ ଯୋଗ ଦେଇଥିଲେ।

## ବିଜୁଳି ଆଲୁଅରୁ ବଞ୍ଚିତ ଗୁଡ଼ିଖୋଲ ଓ ସିମିଝିରୀ ଗ୍ରାମବାସୀ

**ଗାଁକୁ ନାହିଁ ପକ୍କାରାସ୍ତା, ପାନୀୟ ଜଳ ସୁବିଧା**

ଫିରିଙ୍ଗିଆ,୧୫ା୧୧(ସମିସ): ଗ୍ରାମାଞ୍ଚଳର ବିକାଶ ପାଇଁ ଅନେକ କାର୍ଯ୍ୟକ୍ରମ ଗ୍ରହଣ କରାଯାଇଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ଏମିତି ଅନେକ ଗାଁ ବିଦ୍ୟୁତ ଆଲୋକ ଅପହଞ୍ଚ ହୋଇ ରହିଛି। ଗ୍ରାମବାସୀଙ୍କ ପାଇଁ ରାସ୍ତାଘାଟ, ପାନୀୟ ଜଳ ହେଉ କି ବିଦ୍ୟୁତ ସଂଯୋଗ ବିଭିନ୍ନ ମୌଳିକ ସୁବିଧା ନ ପାଇ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ବ୍ଲକ ଡିଣ୍ଡିରାଗାଁ ପଞ୍ଚାୟତ ୨ ନମ୍ବର ୱାର୍ଡ ଗୁଡ୍ରିଖୋଲ ଗ୍ରାମବାସୀ ଆଜି ପର୍ଯ୍ୟନ୍ତ ସରକାରୀ ସୁବିଧାରୁ ବଞ୍ଚିତ ଥିବାବେଳେ ବିଜୁଳି ଆଲୁଅ ଦେଖିବା ସେମାନଙ୍କ ପାଇଁ ସାତସପନ ହୋଇ ରହିଛି। ବର୍ତ୍ତମାନ ବି ଗ୍ରାମବାସୀଙ୍କ ପାଇଁ ଡିବିରି ଆଲୁଅ ସାହା ଭରସା। ଗାଁରେ ପ୍ରାୟ ୧୭ ଘର ରହିଛି। ଲୋକେ ଗାଁରେ ବିଦ୍ୟୁତ ସଂଯୋଗ ପାଇଁ ବାରମ୍ବାର ପ୍ରଶାସନ ପାଖରେ ଲିଖିତ ଭାବରେ ଦାବି କରିଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ତାହା ହୋଇପାରି ନାହିଁ। ଛୋଟ ପିଲାମାନେ ଡିବିରି ଆଲୁଅରେ ପଢୁଥିବା ବେଳେ କିରାସିନ ନଥିଲେ ଜାଳକାଠରେ ନିଆଁ ଲଗାଇ ରାତି ବିତୁଛି। ସରକାରଙ୍କ ତରଫରୁ ତୁରନ୍ତ ଗାଁରେ ବିଦ୍ୟୁତ ସଂଯୋଗ ବ୍ୟବସ୍ଥା କରାଗଲେ ଗୁଡ୍ରିଖୋଲ ଗ୍ରାମବାସୀ ଉପକୃତ ହେବେ ବୋଲି ଡିଣ୍ଡିରାଗାଁ ପଞ୍ଚାୟତ ନାଏବ ସରପଞ୍ଚ ରାମଚନ୍ଦ୍ର ମଲିକ, ବାବୁଲା ମଲିକ, କାମେଶ୍ୱର୍ ମଲିକ, ପିତାମ୍ବର ମଲିକ, ଟୁନା ମଲିକ, ଶିବା ମଲିକ, ଦଣ୍ଡପାଣି ମଲିକ କହିଛନ୍ତି। ତୁରନ୍ତ ଗାଁରେ ବିଦ୍ୟୁତ ସଂଯୋଗ ପାଇଁ ଗ୍ରାମବାସୀ ଦାବି କରିଥିବା ବେଳେ ଏହାକୁ ନେଇ ବିଦ୍ୟୁତ ବିଭାଗୀୟ ଅଧିକାରୀ ଏସଡିଓଙ୍କୁ ପଚାରିବାରୁ ଗାଁରେ ବିଦ୍ୟୁତ ନଥିବା ସ୍ୱୀକାର କରିବା ସହ ଯଥାଶୀଘ୍ର ଟେଣ୍ଡର ପରେ ଗୁଡ୍ରିଖୋଲ ଓ ସିମିଝିରୀ ଗାଁରେ ବିଦ୍ୟୁତ ସଂଯୋଗ କରାଯିବ ବୋଲି କହିଛନ୍ତି।





## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର



ପୋଲସରା,୧୫ ।୧୧(ସମିସ): ପୋଲସରା ବ୍ଲକ ପରିସରରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ପୋଲସରା ବିଡିଓ ଶଶୀଭୂଷଣ ମହାପାତ୍ରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଶିବିରରେ ରାଜ୍ୟ ମତ୍ସ୍ୟ ଓ ପଶୁ ସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲିକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଶେଷ ଲୋକ ପାଖରେ ସୁବିଧା ପହଞ୍ଚାଇବାକୁ କହିଥିଲେ। ଆସିକା ସାଂସଦ ଅନିତା ପ୍ରିୟଦର୍ଶିନୀ କୌଣସି ହିତାଧିକାରୀଙ୍କୁ ଯେମିତି କୌଣସି ଯୋଜନାରୁ ବାଦ ନପଡ଼ିବେ ସେଥିପ୍ରତି ଧ୍ୟାନ ଦେବାକୁ ଅଧିକାରୀଙ୍କୁ କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବ୍ଲକ ଅଧ୍ୟକ୍ଷା କଳ୍ପନା ପ୍ରଧାନ, ଜିଲ୍ଲା ପରିଷଦ ସଭ୍ୟ ଅଶୋକ କୁମାର ବିଷୋୟୀ, ପୋଲସରା ତହସିଲଦାର ଦିପ୍ତିମୟୀ ପାତ୍ର, ସିଡିପିଓ ତିଲୋତ୍ତମାଙ୍କ ସମେତ ସମସ୍ତ ସରପଞ୍ଚ, ସମିତି ସଭ୍ୟ, ବିଭାଗୀୟ ଅଧିକାରୀ, ଜନପ୍ରତିନିଧି ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ପୋଲସରା ବ୍ଲକର ୨୬ଟି ପଞ୍ଚାୟତର ଭିନ୍ନକ୍ଷମ ଯୋଗଦେଇଥିଲେ।

## ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା



କୁକୁଡ଼ାଖଣ୍ଡି,୧୫ ।୧୧(ସମିସ): ସୁକୁଣ୍ଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଚଳିତ ବର୍ଷର ଗଣିତ ଓ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଶିକ୍ଷକ ନିରଞ୍ଜନ ପଣ୍ଡା କାର୍ଯ୍ୟକ୍ରମ ଶୁଭାରମ୍ଭ କରିଥିଲେ। ଲାଠୀ କ୍ଲଷ୍ଟର ସଂଯୋଜକ ଡ଼କ୍ଟର ଗୋବିନ୍ଦ ଚନ୍ଦ୍ର ମହାଙ୍କୁଡ ମୁଖ୍ୟଅତିଥି ଭାବେ ଉପସ୍ଥିତ ରହିବା ସହ ଲାଠୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରଭାସ ରାଉତ ଓ ଲଙ୍ଗଳଦେଇ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ହେମନ୍ତ ସେଠୀ ସମ୍ମାନିତ ଅତିଥିଭାବେ ଉପସ୍ଥିତ ଥିଲେ। ଶିକ୍ଷୟିତ୍ରୀ ମଞ୍ଜୁଲତା ବେହେରା ଓ କଳ୍ପନା ବାରିକ କୁନି ବୈଜ୍ଞାନିକମାନଙ୍କୁ ପରଖି ଓ ମୂଲ୍ୟାୟନ କରି ବ୍ଲକସ୍ତରୀୟ ବିଜ୍ଞାନ ମେଳା ପାଇଁ ମନୋନୀତ କରିଥିଲେ। ବିଦ୍ୟାଳୟର ପରିଚାଳନା ସଭାପତି ଜିତେନ୍ଦ୍ର ମହାରଣା ଉପସ୍ଥିତ ରହି ବିଜ୍ଞାନ ଶିକ୍ଷୟିତ୍ରୀ ଶୁଚିସ୍ମିତା ମିଶ୍ର ଓ ସ୍ନେହଲତା ଡାକୁଆଙ୍କୁ ସହଯୋଗ କରିଥିଲେ। ଅନ୍ୟାନ୍ୟ ଶିକ୍ଷୟିତ୍ରୀ ରୀନା କୁମାରୀ ପାତ୍ର, ପଦ୍ମାବତୀ ସାହୁ, ପ୍ରଶାନ୍ତ ବେହେରା। ୨୫ ଜଣ କୁନି ବୈଜ୍ଞାନିକଙ୍କୁ ପୁରସ୍କୃତ କରାଯାଇଥିଲା

## ଉପକୂଳବର୍ତ୍ତୀ ଜନସମ୍ପର୍କ ଶିବିର



ଗୋପାଳପୁର,୧୫ ।୧୧(ସମିସ): ଗୋପାଳପୁର ପୁଲିସ ପକ୍ଷରୁ ଆଜି ଉପକୂଳବର୍ତ୍ତୀ ଜନ ସମ୍ପର୍କ ଶିବିର ଗୋପାଳପୁର ମିନି ଷ୍ଟାଡିୟମରେ ଅନୁଷ୍ଠିତ ହୋଇଥିଲା। ବ୍ରହ୍ମପୁର ଏସ.ପି ଡ଼.ଶ୍ରବଣ ବିବେକ ଏମଙ୍କ ନିର୍ଦ୍ଦେଶକ୍ରମେ ଉପକୂଳବର୍ତ୍ତୀ ଅଞ୍ଚଳର ଲୋକଙ୍କ ସହ ସମ୍ପର୍କ ସ୍ଥାପନ ନିମନ୍ତେ ଏକ କ୍ରିକେଟ ମ୍ୟାଚର ଆୟୋଜନ ହୋଇଥିଲା। ପୁରସ୍କାର ବିତରଣ ଉତ୍ସବରେ ଅତିଥି ଭାବେ ଗୋପାଳପୁର ଏନଏସି ଅଧ୍ୟକ୍ଷ ଏ.ଜାନକୀ ରାମ, ଉପାଧ୍ୟକ୍ଷା ପ୍ରତିନିଧି ବି.ବାବାଜୀ, ଜି.ମହୋନ ରାଓ, ବକ୍ସିପଲ୍ଲୀ ନାୟବ ସରପଞ୍ଚ ବି.ବୁଜି, ଗୋପାଳପୁର ଯୁବ ବିଜେପି ସଭାପତି ଜି.ନାରାୟଣ ଯୋଗ ଦେଇଥିବା ବେଳେ ଥାନା ପକ୍ଷରୁ ଗୋପାଳପୁର ଥାନା ଅଧିକାରୀ ପ୍ରଶାନ୍ତ କୁମାର ମଲ୍ଲିକ, ଟ୍ରାଫିକ ଡ଼ିଏସପି ତ୍ରିପତି ଚୌଧୁରୀ, ଆର ଆଇ ଏମ.ଲକ୍ଷ୍ମୀ, ଦୀପକ କୁମାର ପରିଡ଼ା, ଏସ ଆଇ ଦୁଷ୍ମନ୍ତ ପ୍ରଧାନ, ଭବାନୀ ଶଙ୍କର ନାୟକ, ଏଏସଆଇ ବି.ତିରୁପତି ରାଓ, ମେଘନାଦ ସାହୁ, ବିରଞ୍ଚି ନାରାୟଣ ଚୌଧୁରୀ, ମନୋଜ ଜେନା ପ୍ରମୁଖ ଉପସ୍ଥିତ ରହି ଟ୍ରଫି ପ୍ରଦାନ କରିଥିଲେ।

## ପନ୍ଦରା ସମାଜର ଶିଶୁଦିବସ

ଶେରଗଡ଼,୧୫ ।୧୧(ସମିସ): ବାର୍ଷିଙ୍ଗି ପଞ୍ଚାୟତ ପନ୍ଦରା ସମାଜ ପକ୍ଷରୁ ସମାଜ କୋଠଘରେ ଶିଶୁ ଦିବସ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମକୁ ପନ୍ଦରା ସମାଜ ସଭାପତି ସଞ୍ଜୟ ବାଡତ୍ୟା



ପରିଚାଳନା କରିଥିବା ବେଳେ ଗଞ୍ଜାମ ଜିଲ୍ଲା ପନ୍ଦରା ସମାଜର କୋଷାଧ୍ୟକ୍ଷ ସନ୍ତୋଷ କୁମାର ବାଡତ୍ୟା ମୁଖ୍ୟ ଅତିଥି ଏବଂ ବଡଗଡ ତାଲୁକା ପନ୍ଦରା ସମାଜର ଉପସଭାପତି ବନବାସ ବାଡତ୍ୟା ସମ୍ମାନିତ ଅତିଥି ଭାବେ ଯୋଗ ଦେଇ ଛାତ୍ରଛାତ୍ରୀଙ୍କୁ ଦିଗଦର୍ଶନ ଦେଇଥିଲେ। ଏହି ଅବସରରେ ଦଶମ, ଦ୍ୱାଦଶ, ସ୍ନାତକ ଶ୍ରେଣୀରେ ପାସ କରିଥିବା ଚାରି ଜଣ ଛାତ୍ରଛାତ୍ରୀଙ୍କୁ ପ୍ରଶଂସା ପତ୍ର, ପାଠ୍ୟ ଉପକରଣ ଏବଂ ପୁରସ୍କାର ପ୍ରଦାନ କରିଥିଲେ। ଅନ୍ୟ ମାନଙ୍କ ମଧ୍ୟରେ ସମାଜର ଉପସଭାପତି କରୁଣାକର ବାଡତ୍ୟା, ସମ୍ପାଦକ ମିଟୁ ବାଡତ୍ୟା, ସହସମ୍ପାଦକ ଟୁକୁନା ବାଡତ୍ୟା, ପୂର୍ବତନ ସଭାପତି ବୃନ୍ଦାବନ ବାଡତ୍ୟା, ପୂର୍ବତନ ସମ୍ପାଦକ ରାଜକିଶୋର ବାଡତ୍ୟା ଉପସ୍ଥିତ ଥିଲେ। ସମାଜର ସମସ୍ତ ଯୁବକ, ଯୁବତୀ ପରିଚାଳନା କରିଥିଲେ।

# ଘରକୁ ଫେରିଲେ ଦୁବାଇରେ ନିଖୋଜ ଓଡ଼ିଆ ଶ୍ରମିକ

### ପରିବାରରେ ଖୁସିର ଲହରୀ

ଖଲ୍ଲିକୋଟ,୧୫।୧୧(ସମିସ):



ପରିବାର ପ୍ରତିପୋଷଣ ପାଇଁ କାମ କରିବାକୁ ଯାଇ ଦୁବାଇରେ ନିଖୋଜ ଥିବା ଖଲ୍ଲିକୋଟ ଅଞ୍ଚଳର ଓଡ଼ିଆ ଦାଦନ ଶ୍ରମିକ ଦୀର୍ଘ ୧୫ ଦିନ ପରେ ଆଜି ଗାଁକୁ ଫେରିଛନ୍ତି। ଏନେଇ ପରିବାରରେ ଖୁସିର ଲହରୀ ଖେଳିଯାଇଛି। ଖଲ୍ଲିକୋଟ ବ୍ଲକ ଅନ୍ତର୍ଗତ ତେନ୍ତୁଳିଆ ପଂଚାୟତ କୈଁଠଡା ଗ୍ରାମର ଅମିନ ପ୍ରଧାନ ବାଣପୁରର ଜଣେ ଏଜେଣ୍ଟଙ୍କ ଜରିଆରେ ଦୁବାଇ ଯାଇଥିଲେ। ସେଠାରେ ଏକ ଘରୋଇ କମ୍ପାନୀରେ ଶ୍ରମିକ ଭାବେ କାମ କରୁଥିଲେ। ଗତ ୩୧ ତାରିଖ ସନ୍ଧ୍ୟାରେ ଘରକୁ ଫୋନ କରି କଥା ହେବାପରେ ଆଉ ଯୋଗାଯୋଗ ହୋଇନଥିଲା। ତାଙ୍କର ଜଣେ ପାକିସ୍ତାନୀ ସହଯୋଗୀ ଅମିନ ୧ ତାରିଖ ଠାରୁ ନିଖୋଜ ଥିବା ଫୋନ ଯୋଗେ ପରିବାରକୁ ଜଣାଇଥିଲେ। ତେବେ ଦୀର୍ଘ ୧୫ ଦିନ ପରେ ଅମିନ ଗାଁକୁ ଫେରିଛନ୍ତି। ତାଙ୍କ କହିବା କଥା ୧ ତାରିଖ ଦିନ ସକାଳୁ ଚା' ପିଇବାକୁ ରାସ୍ତା ପାର ହେଉଥିବା ବେଳେ ଦୁବାଇ ପୁଲିସ ତାଙ୍କୁ ଉଠାଇ ନେଇଥିଲା। ଅମିନଙ୍କ ମୋବାଇଲ ରୁମ୍‌ରେ ରହିଯାଇଥିବା ବେଳେ ତାଙ୍କ ପାସପୋର୍ଟ କମ୍ପାନୀରେ ଥିବାରୁ ସେ କାହା ସହ ଯୋଗାଯୋଗ କରିପାରିନଥିଲେ। ଆଜି ସକାଳୁ ଅମିନ ଘରେ ଆସି ପହଞ୍ଚିବା ପରେ ପରିବାର ଓ ଗ୍ରାମରେ ଖୁସିର ଲହରୀ ଖେଳି ଯାଇଛି।

## ଦାରିଙ୍ଗବାଡ଼ିରେ ଖୋଲିଲା ଇକୋ ରିଟ୍ରିଟ୍

ଦାରିଙ୍ଗବାଡି,୧୫।୧୧(ସମିସ): ଦାରିଙ୍ଗବାଡିରେ ଖୋଲିଛି ଇକୋ ରିଟ୍ରିଟ୍। ଇକୋ ରିଟ୍ରିଟ ପରିସରରେ ଉଦଘାଟନୀ ଉତ୍ସବରେ କନ୍ଧମାଳ ଜିଲ୍ଲା ପରିଷଦର ଅଧ୍ୟକ୍ଷା ନନ୍ଦିନୀ ମଲିକ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବା ବେଳେ ଅନ୍ୟତମ ଅତିଥି ଭାବେ କନ୍ଧମାଳ ଜିଲ୍ଲାପାଳ ବେଦ ଭୂଷଣ, ଏସ୍‌ପି ହରିଶ ବିଶି, ବାଲିଗୁଡା ଉପଜିଲ୍ଲାପାଳ ପ୍ରଣୀତା ଦାସ, ଅତିରିକ୍ତ ଜିଲ୍ଲାପାଳ କୁଶଳ ଚନ୍ଦ୍ର ନାୟକ, ବାଲିଗୁଡା ଏସଡିପିଓ ରମେନ୍ଦ୍ର ପ୍ରସାଦ, ବ୍ଲକ ଅଧ୍ୟକ୍ଷ ସୁଶାନ୍ତ ପ୍ରଧାନ, ବିଡ଼ିଓ ପ୍ରୀତିରଞ୍ଜନ ରଥ, ତହସିଲଦାର ଧୀରୋଜ ପାତ୍ର, ଏମପି ପ୍ରତିନିଧି ବିଷ୍ଣୁ ଚରଣ ପ୍ରଧାନ, ଜିଲା ପରିଷଦ ସଦସ୍ୟ ରଞ୍ଜନ ପ୍ରଧାନ,ସରପଞ୍ଚ ଚନ୍ଦ୍ରିକା ମଲିକଙ୍କ ସମେତ ବହୁ ଅତିଥି ଯୋଗ ଦେଇଥିଲେ। କାର୍ଯ୍ୟକ୍ରମକୁ ଜିଲା ପର୍ଯ୍ୟଟନ ଅଧିକାରୀ କୁମୁଦୁନୀ ମଲିକ ପରିଚାଳନା କରିଥିଲେ।

## ଜନଜାତୀୟ ଗୌରବ ଦିବସ ପାଳିତ



ପାତ୍ରପୁର,୧୫ ।୧୧(ସମିସ): ପାତ୍ରପୁର ବ୍ଲକ ତୁମ୍ବା ପଞ୍ଚାୟତ ଅନ୍ତର୍ଗତ ପୁରିଆସାହି ଠାରେ ଜିଲ୍ଲାସ୍ତରୀୟ ଜନଜାତୀୟ ଗୌରବ ଦିବସ ଅନୁଷ୍ଠିତ ହୋଇଯାଇଛି। ଗଞ୍ଜାମ ଜିଲ୍ଲାପାଳ ଭି. କିର୍ତ୍ତୀ ଭାଷନଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବ୍ରହ୍ମପୁର ସାଂସଦ ଡ. ପ୍ରଦୀପ କୁମାର ପାଣିଗ୍ରାହୀ ଯୋଗ ଦେଇଥିବା ବେଳେ ସ୍ୱତନ୍ତ୍ର ଅତିଥି ଭାବେ ଚିକିଟି ବିଧାୟକ ମନୋରଞ୍ଜନ ଦ୍ୟାନ ସାମନ୍ତରା ଯୋଗଦେଇଥିଲେ। ସେହିଭଳି ବ୍ରହ୍ମପୁର ଉପଜିଲ୍ଲାପାଳ ଅବିନାଶ କୁମାର, ଅତିରିକ୍ତ ଜିଲ୍ଲାପାଳ, ଜିଲ୍ଲା ମଙ୍ଗଳ ଅଧିକାରୀ, ସାଂସଦ ପ୍ରତିନିଧି ମୀନା ଦ୍ୟାନ ସାମନ୍ତରା, ବ୍ଲକ୍ ଅଧ୍ୟକ୍ଷା ୱାଇ. ସଂଯୁକ୍ତା, ପାତ୍ରପୁର ବିଡିଓ, ତହସିଲଦାର, ଜରଡା ଜିଲ୍ଲାପରିଷଦ ଯୋଶଦା ଶବର, ତୁମ୍ବା, ବୁରାତାଲ ଓ ଆଙ୍କୁଲି ପଞ୍ଚାୟତର ସରପଞ୍ଚ, ସମିତି ସଭ୍ୟ ପ୍ରମୁଖ ମଞ୍ଚାସୀନ ହୋଇଥିଲେ। ଭଗବାନ ବିର୍ସା ମୁଣ୍ଡା ଓ ଜନଜାତି ସ୍ୱାଧିନତା ସଂଗ୍ରାମୀ ମାନଙ୍କ ଫଟୋରେ ପୁଷ୍ପାଞ୍ଜଳୀ ଅର୍ପଣ କରିଥିଲେ। ସେହିଭଳି ଆଭଷୀ ମାଧ୍ୟମରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଦୁଇଟି ପ୍ରକଳ୍ପର ଭିତ୍ତିପ୍ରସ୍ତର କରିଥିଲେ। ଶତାଧିକ ଆଦିବାସୀ ଉକ୍ତ କାର୍ଯ୍ୟକ୍ରମରେ ସାମିଲ ହୋଇଥିବା ବେଳେ ବିର୍ସା ମୁଣ୍ଡାଙ୍କ ସ୍ୱାଧିନତା ସଂଗ୍ରାମ ସମୟରେ କାହାଣୀ ଛାତ୍ରଛାତ୍ରୀ ମାନେ ଅଭିନୟ କରିଥିଲେ। କାର୍ଯ୍ୟକ୍ରମରେ ନୂତନ ରାସନ କାର୍ଡ, ଜଙ୍ଗଲଜମି ପଟ୍ଟା, ଭତ୍ତା ଓ ମେଡିକାଲ କିଟ୍ ବଣ୍ଟନ କରାଯାଇଥିଲା।

### ■ ମନ୍ଦିରରୁ ଘଣ୍ଟ ଚୋରି ଘଟଣା

## ଘଣ୍ଟ ଜବତ; ବାଳସୁଧାର ଗୃହ ଗଲେ ନାବାଳକ

ଦିଗପହଣ୍ଡି,୧୫।୧୧(ସମିସ): ଦିଗପହଣ୍ଡି ବଜାର ସାହି ରାଜନଅର ପରିସରରେ ଥିବା ଶ୍ରୀ ଜଗନ୍ନାଥ ମନ୍ଦିରରୁ ଚୋରି ମାମଲାରେ ଦିଗପହଣ୍ଡି ପୁଲିସ ଜଣେ ନାବାଳକଙ୍କୁ ଶନିବାର ବ୍ରହ୍ମପୁର ସ୍ଥିତ ଜୁଭେନାଇଲ ଜଷ୍ଟିସ ବୋର୍ଡରେ ହାଜର କରିଛି। ଜାମିନ ଆବେଦନ ନାମଞ୍ଜୁର ହେବାରୁ ତାଙ୍କୁ ବ୍ରହ୍ମପୁର ସ୍ଥିତ ବାଳସୁଧାର ଗୃହକୁ ପଠାଇ ଦିଆଯାଇଛି। ଗତ ମଙ୍ଗଳବାର ନାବାଳକ ମନ୍ଦିରରୁ ପିତ୍ତଳ ଘଣ୍ଟ ଚୋରାଇ ନେଇଥିଲେ। ଅପରାହ୍ନରେ ପୂଜକ ଜଗଦୀଶ ମିଶ୍ର ଜାଣିବା ପରେ ମନ୍ଦିର ପରିଚାଳକ ଦେବୀ ପ୍ରସାଦ ରଥଙ୍କୁ ଜଣାଇଥିଲେ। ଏନେଇ ମନ୍ଦିର ପରିଚାଳକ ଦିଗପହଣ୍ଡି ଥାନାରେ ଏତଲା ଦେବାପରେ ପୁଲିସ ମାମଲା ରୁଜୁକରି ତଦନ୍ତ କରୁଥିଲା। ତଦନ୍ତକାରୀ ଅଧିକାରୀ ଏଏସଆଇ ଦିଲ୍ଲୀପ ଗୋରେଡା ନାବାଳକଙ୍କୁ ଧରି ବ୍ରହ୍ମପୁର ସ୍ଥିତ ଜୁଭେନାଇଲ ଜଷ୍ଟିସ ବୋର୍ଡରେ ହାଜର ପରେ ଜାମିନ ନାମଞ୍ଜୁର ହେବାରୁ ବାଳସୁଧାର ଗୃହକୁ ପଠାଇ ଦିଆଯାଇଥିବା ଥାନା ଭାରପ୍ରାପ୍ତ ଆଇଆଇସି ତଥା ଡିଏସପି ପ୍ରଶାନ୍ତ କୁମାର ପାତ୍ର ସୂଚନା ଦେଇଛନ୍ତି।

## ମାତୃଭାରତୀର ସପ୍ତଶକ୍ତି କାର୍ଯ୍ୟକ୍ରମ

ଛତ୍ରପୁର,୧୫ ।୧୧(ସମିସ): ଶନିବାର ସ୍ଥାନୀୟ ଶିଶୁ ମନ୍ଦିରରେ ମାତୃ ଭାରତୀର ସପ୍ତଶକ୍ତି ସଙ୍ଗମ କାର୍ଯ୍ୟକ୍ରମ ବିଦ୍ୟାଳୟର ଉପସଭାପତି ଗୀତାପାଢୀଙ୍କ ଅଧ୍ୟକ୍ଷତା ଅନୁଷ୍ଠିତ ହୋଇଥିଲା। ମୁଖ୍ୟବକ୍ତା ଭାବେ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ନୀଳକଣ୍ଠ ନଗର ବ୍ରହ୍ମପୁରର ଆଚାର୍ଯ୍ୟ ବିଘ୍ନେଶ୍ୱରୀ ସାହୁ ଯୋଗଦେଇ କାର୍ଯ୍ୟକ୍ରମର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ମାତୃଭାରତୀର ଅଧ୍ୟକ୍ଷା ରୀନା ପ୍ରଧାନ, ପରିଚାଳନା କମିଟିର ସଦସ୍ୟା ସୁନୀତା ସେଠୀ ସହିତ ମାତୃଭାରତୀର ସମସ୍ତ ସଦସ୍ୟା ଓ ସମସ୍ତ ଆଚାର୍ଯ୍ୟା ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମ ଆରମ୍ଭରେ ଜଣେ ଯୌଥ ପରିବାରର ଜଣେ ବୟୋଜ୍ୟେଷ୍ଠା ମାଆଙ୍କୁ ସମ୍ମାନିତ କରାଯାଇଥିଲା। ବରିଷ୍ଠ ଆଚାର୍ଯ୍ୟା ବି ସୁଶୀଳା କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ମାତୃ ଭାରତୀର ସଦସ୍ୟ ମାନଙ୍କ ଦ୍ୱାରା ସ୍ୱାଗତ ସଙ୍ଗୀତ ପରିବେଷଣ କରାଯାଇଥିଲା।

## ଶିଶୁ ମନ୍ଦିରରେ ଘୋଷ ସଞ୍ଚାଳନ କାର୍ଯ୍ୟକ୍ରମ

ଛତ୍ରପୁର,୧୫ ।୧୧(ସମିସ): ସ୍ଥାନୀୟ ଶ୍ରୀରାମନଗର ସ୍ଥିତ ସରସ୍ୱତୀ ଶିଶୁ ମନ୍ଦିର ପରିସରରେ ଶିଶୁ ଦିବସ ପାଳନ ସହିତ ନଗରରେ ଘୋଷବାଦ୍ୟ ସହିତ ସଞ୍ଚଳନ ଅନୁଷ୍ଠିତ ହୋଇଥିଲା। ପଣ୍ଡିତ ଜବାହରଲାଲ ନେହେରୁଙ୍କ ଫୋଟଚିତ୍ରରେ ପୁଷ୍ପ ମାଲ୍ୟାର୍ପଣ ସହିତ ପ୍ରଧାନାଚାର୍ଯ୍ୟ ଶ୍ରୀ ରବୀନ୍ଦ୍ରନାଥ ଦାଶ ତାଙ୍କ ଜୀବନୀ କଥନ କରିଥିଲେ। ଆଚାର୍ଯ୍ୟ କୈଳାସ ଚନ୍ଦ୍ର ଶତପଥି ଶିଶୁ ଦିବସ ପାଳନର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। ଶିଶୁ ଦିବସ ଅବସରରେ ସ୍ଥାନୀୟ ସହରର ଘୋଷଯାତ୍ରାରେ ସହିତ ଏନସିସି, ସ୍କାଉଟ ଓ ଗାଇଡସ ପିଲାମାନଙ୍କ ସହିତ ଆଚାର୍ଯ୍ୟ ମନୋରଞ୍ଜନ ଦାଶ, ସୁକାନ୍ତ ସାହୁ, ସ୍କାଉଟ ମାଷ୍ଟର ଶିବ ପ୍ରସାଦ ପଟ୍ଟନାୟକ, ଏନସିସି ମାଷ୍ଟର ଡି ଗଣେଶ ରେଡି ଓ ଆଚାର୍ଯ୍ୟ ବିନିତା ପାତ୍ର, ସଂଗୀତା ପଢିଆରୀ, ସୋମନାଥ ନାହାକ ପ୍ରମୁଖ ଯୋଗଦେଇ ଥିଲେ।

### ■ ଆଦିବାସୀ ଯୁବ ଭାବ ବିନିମୟ କାର୍ଯ୍ୟକ୍ରମ

## କନ୍ଧମାଳ ଦଳର ବେଙ୍ଗାଲୁରୁ ଯାତ୍ରା



ଫିରିଙ୍ଗିଆ,୧୫।୧୧(ସମିସ): କେନ୍ଦ୍ର ସରକାରଙ୍କ ଯୁବ ବ୍ୟାପାର ଓ କ୍ରୀଡ଼ା ମନ୍ତ୍ରାଳୟ ଭାରତ ସରକାର ଶାଖା ମାଇ ଭାରତ ଫୁଲବାଣୀ ଓ ୧୨୭ ସିଆରପିଏଫ ବାଲିଗୁଡାର ମିଳିତ ଆନୁକୂଲ୍ୟରେ ୧୭ ତମ ଆଦିବାସୀ ଯୁବ ଭାବ ବିନିମୟ କାର୍ଯ୍ୟକ୍ରମ ପାଇଁ କନ୍ଧମାଳ ଦଳ ବେଙ୍ଗଲୁରୁ ଯାତ୍ରା କରିଛନ୍ତି। ଏହି ଅବସରରେ ଜିଲ୍ଲା ନିୟଜନ ସଭା ଗୃହ ଫୁଲବାଣୀରେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ମୁଖ୍ୟଅତିଥି ଭାବରେ ଜିଲ୍ଲା ନିଯୋଜନ ଅଧିକାରୀ ପୁରୁଷୋତ୍ତମ ମହାପାତ୍ର , ସମ୍ମାନୀତ ଅତିଥି ଭାବରେ ମୀନତି ଖଣ୍ଡାୟତ, ୱଙ୍କିଲ ମୁଖାର୍ଜୀ ଏବଂ ମାଇ ଭାରତ ଫୁଲବାଣୀର ଜିଲ୍ଲା ଯୁବ ଅଧିକାରୀ ଶକ୍ତି ସ୍ୱରୂପ ସିଂ,ସହକର୍ମୀ ତାପସ କୁମାର ସାହୁ ଓ ସତ୍ୟବାନ୍ ଦଳବେହେରା ଯୋଗ ଦେଇଥିଲେ। କାର୍ଯ୍ୟକ୍ରମ ପାଇଁ ଫିରିଙ୍ଗିଆ ବ୍ଲକର ୨୦ଜଣ ଯୁବକ-ଯୁବତୀ ଯାତ୍ରା କରିଛନ୍ତି। ଏସକଟ୍ ଭାବରେ ୧୨୭ ସିଆରପିଏଫ ବାଲିଗୁଡାର ସୁଜୟ ବାନାର୍ଜୀ, ଏନ ସିଂହା ଅଛନ୍ତି। ଏହି କାର୍ଯ୍ୟକ୍ରମ ୧୭ ତାରିଖ ଠାରୁ ୨୩ ତାରିଖ ପର୍ଯ୍ୟନ୍ତ ବେଙ୍ଗଲୁରୁ ଅନୁଷ୍ଠିତ ହେବ।

## ଅସହାୟଙ୍କୁ ରାଜନେତାଙ୍କ ସହାୟତା

ଗୋପାଳପୁର,୧୫ ।୧୧(ସମିସ): ଗୋପାଳପୁର ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ରଣ୍ଡା ଗ୍ରାମର ବାଞ୍ଛାନିଧି ସାହୁଙ୍କ ସ୍ତ୍ରୀ ସାଇବାଣି ସାହୁଙ୍କ ମୃତ୍ୟୁ ଖବର ଶୁଣି ମର୍ମାହତ ହୋଇଛନ୍ତି ରାଜନେତା ଶମ୍ଭୁ ପାଣିଗ୍ରାହୀ। ସାଇବାଣୀଙ୍କ ମୃତ୍ୟୁ ପରେ ତାଙ୍କ ପରିବାର ଏକ ପ୍ରକାର ଅସହାୟ ହୋଇପଡିଛନ୍ତି। ତାଙ୍କ ସ୍ୱାମୀଙ୍କ ବୟସ ବର୍ତ୍ତମାନ ୮୧ବର୍ଷ। ଦୁଇ ପୁଅଙ୍କ ବିବାହ ହୋଇନି। ଏଭଳି ସ୍ଥିତିରେ ଶୁଦ୍ଧକାର୍ଯ୍ୟ କରିବାକୁ ଫଟା ପାଉଲଟିଏ ନାହିଁ। ଏଭଳି ଏକ ଦୁଃଖ ସମୟରେ ସମ୍ପୃକ୍ତ ପରିବାକୁ ସହାୟତାର ହାତ ବଢ଼ାଇଛନ୍ତି ଶ୍ରୀ ପାଣିଗ୍ରାହୀ। ଏଥିସହ ଯେକେହି ବାଦନ୍ୟ ବ୍ୟକ୍ତି ଉକ୍ତ ପରିବାରକୁ ସାହାଯ୍ୟର ହାତ ବଢେଇବାକୁ ସେ ନିବେଦନ କରିଛନ୍ତି।



### ■ ରାଜ୍ୟସ୍ତରୀୟ 'ସୁରଭି'

## ମୋହନାର ଯଜ୍ଞପ୍ରଭାଙ୍କୁ ୨ ପୁରସ୍କାର




ମୋହନା,୧୫।୧୧(ସମିସ): ଭୁବନେଶ୍ୱରରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ସୁରଭି-୨୦୨୫ ପ୍ରତିଯୋଗିତାରେ ମୋହନା ହିଲ୍‌ଟପ୍ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର +୨ କଳା ଛାତ୍ରୀ ଯଜ୍ଞପ୍ରଭା ବେହେରା ସୃଜନଶୀଳ ଲିଖନ ପ୍ରତିଯୋଗିତାରେ ଦ୍ୱିତୀୟ ଓ ସ୍ଲୋଗାନ୍ ଲିଖନରେ ପ୍ରଥମ ସ୍ଥାନ ଅଧିକାର କରି ଗଜପତି ଜିଲ୍ଲା ମୋହନା ପାଇଁ ଗୌରବ ଆଣିଛନ୍ତି। ଶନିବାର ଯଜ୍ଞପ୍ରଭା ମୋହନାରେ ପହଞ୍ଚିବା ପରେ ତାଙ୍କ ବାପା ଶିକ୍ଷକ ଅଶୋକ କୁମାର ବେହେରା, ପରିବାର ବର୍ଗ ଏବଂ ହିଲଟପ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଛାତ୍ରଛାତ୍ରୀ, ଅଧ୍ୟାପକ ଯଜ୍ଞପ୍ରଭାଙ୍କୁ ସ୍ୱାଗତ ସହ ପାରମ୍ପରିକ ବାଦ୍ୟଯନ୍ତ୍ର ପଟୁଆରରେ ସହର ପରିକ୍ରମା କରାଇଥିଲେ।

## ଶିଶୁ ମନ୍ଦିରରେ ସଂଗୀତ ସଭା ଓ ସପ୍ତଶକ୍ତି ସଂଗମ



ମୋହନା,୧୫।୧୧(ସମିସ): ମୋହନା ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଶିଶୁ ବାଟିକା ସଂଗୀତ ସଭା ଓ ସପ୍ତଶକ୍ତି ସଂଗମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଆଚାର୍ଯ୍ୟ ଆରତୀ ପାଢୀଙ୍କ ସଂଯୋଜନାରେ ଆୟୋଜିତ ସପ୍ତଶକ୍ତି ସଂଗମ କାର୍ଯ୍ୟକ୍ରମରେ ଅଧ୍ୟାପିକା ତଥା ପୂର୍ବତନ ଗୁରୁମା ରୀତା କୁମାରୀ ଶତପଥୀ, ମାତୃ ଭାରତୀ ସଭାନେତ୍ରୀ ଉଷା ରାଣୀ ନାୟକ ଓ ବହୁ ମାତୃ ମଣ୍ଡଳୀ ଯୋଗଦେଇଥିଲେ। ସେହିପରି ଶିଶୁ ବାଟିକା ପ୍ରମୁଖ ପ୍ରତିମା ସାହୁଙ୍କ ସଂଯୋଜନାରେ ଆୟୋଜିତ ସଂଗୀତ ସଭା କାର୍ଯ୍ୟକ୍ରମରେ ସଂଗୀତ ଶିକ୍ଷକ ଗୌରୀ ଚନ୍ଦ୍ର ଗୌଡ଼, କଳାକାର ଟିମ ଓ ଶିଶୁ ମନ୍ଦିର ଉପଦେଷ୍ଟା ବାବୁଲା ସେଠି ଯୋଗଦେଇଥିଲେ। କାର୍ଯ୍ୟକ୍ରମରେ ଶିଶୁମାନଙ୍କୁ ସଂଗୀତ ଓ ଏହାର ବିଭିନ୍ନ ବାଦ୍ୟଯନ୍ତ୍ର ଉପରେ ଅବଗତ କରାଯାଇଛି। ୨ ଟି କାର୍ଯ୍ୟକ୍ରମକୁ ଶିଶୁ ମନ୍ଦିରର ସମସ୍ତ ଗୁରୁଜୀ ଓ ଗୁରୁମା ପରିଚାଳନା କରିଛନ୍ତି।

### ରାଇକିଆରେ ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣିସମ୍ପଦ ମେଳା

# ଅଗ୍ରଣୀ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ଚାଷୀ ସମ୍ମାନିତ

ରାଇକିଆ,୧୫।୧୧(ସମିସ):



ରାଇକିଆ ପାଙ୍ଗାନାଜୁ ଛକ ନିକଟ ରେ ଶନିବାର ବ୍ଲକସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ରାଇକିଆ ବ୍ଲକ ପ୍ରାଣୀ ଚିକିତ୍ସାଧିକାରୀ ସ୍ୱାତୀ ସଂଘମିତ୍ରା ଦେହୁରୀ ଏବଂ ବ୍ଲକ ସହକାରୀ ମତ୍ସ୍ୟ ଅଧିକାରୀ ରୋଜାଲିନ ଦାସଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଜି.ଉଦୟଗିରି ବିଧାୟକ ପ୍ରଫୁଲ୍ଲ ପ୍ରଧାନ ଯୋଗ ଦେଇ ମେଳାକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ରାଇକିଆ ଏମପି ପ୍ରତିନିଧି ସନ୍ତୋଷ ଲେଙ୍କା, ବ୍ଲକ ଅଧ୍ୟକ୍ଷା ରୀନା ପ୍ରଧାନ, ଏବିଡିଓ ଦିବ୍ୟସିଂହ କହଁର ଯୋଗ ଦେଇଥିଲେ। ଉପଖଣ୍ଡ ପ୍ରାଣୀ ଚିକିତ୍ସାଧିକାରୀ ଡ଼ା. ଲମ୍ବୋଦର ମହାପାତ୍ର, ଚକାପାଦ ବ୍ଲକ ସହକାରୀ ମତ୍ସ୍ୟ ବିଭାଗ ଅଧିକାରୀ ଜି.ଦୀପକ ରେଡ୍ଡୀ ମତ୍ସ୍ୟ ଓ ପ୍ରାଣୀଧନ ଚାଷୀଙ୍କ ଆର୍ଥିକ ଅଗ୍ରଗତିର ବିଭିନ୍ନ ଦିଗ ସମ୍ପର୍କରେ ସୂଚନା ଦେଇଥିଲେ। ସରକାରୀ ଯୋଜନା ଜରିଆରେ କିଭଳି ଉନ୍ନତି ହୋଇପାରିଛି ସେ ଦିଗରେ ଅଗ୍ରଣୀ ଚାଷୀମାନେ ସେମାନଙ୍କ ମତ ବିନିମୟ କରିଥିଲେ। ମେଳାରେ ପଶୁ ସମ୍ପଦ ବିଭାଗରୁ ୪ ଜଣ ଅଗ୍ରଣୀ ଚାଷୀ ଏବଂ ଗ୍ରୁପ୍ ଅନୁପମା ଦାସ, ପ୍ରଣବ କୁମାର ପ୍ରଧାନ, ବିଦ୍ୟା ରତ୍ନମଣି ଦିଗାଲ, ମଦର୍ ଟେରେସା ସ୍ୱୟଂସହାୟିକା ଗୋଷ୍ଠୀ ଏବଂ ମତ୍ସ୍ୟ ବିଭା ରୁ ୪ଜଣ , କାହ୍ନୁ ଚରଣ ପାଣିଗ୍ରାହୀ, ବିଧାନ ବିଷୋୟୀ, ଦେବନାଥ ପ୍ରଧାନ, କାର୍ମେଲ ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ସମ୍ମାନିତ କରଯାଇଥିଲା। କାର୍ଯ୍ୟକ୍ରମରେ ସ୍ୱୟଂସହାୟିକା ଗୋଷ୍ଠୀ, ପ୍ରାଣୀ ସମ୍ପଦ ବିଭାଗ, ମତ୍ସ୍ୟ ବିଭାଗ,କୃଷି ବିଭାଗ, ଉଦ୍ୟାନ କୃଷି ବିଭାଗ, ସମବାୟ ବିଭାଗ, ଘାସ ଚାଷ, ଉନ୍ନତ ଦେଶୀ ଗାଈ ପାଳନକୁ ନେଇ ମୋଟ ୧୨ ଷ୍ଟଲ ଖୋଲାଯାଇଥିଲା। ଉଭୟ ବିଭାଗର କର୍ମଚାରୀ ମେଳାକୁ ପରିଚାଳନା କରିଥିଲେ। ୨୫୦ରୁ ଅଧିକ ଚାଷୀ ଅଂଶଗ୍ରହଣ କରି ଷ୍ଟଲ ବୁଲି ଦେଖିବା ସହ ବିଭିନ୍ନ ବିଷୟରେ ଜ୍ଞାନ ଆହରଣ କରିଥିଲେ। କାର୍ଯ୍ୟକ୍ରମ ଶେଷରେ ରାଇକିଆ ବ୍ଲକ ସହକାରୀ ମତ୍ସ୍ୟ ଅଧିକାରୀ ରୋଜାଲିନ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)

- ଡଲାର ୮୮.୭୬
- ପାଉଣ୍ଡ ୧୧୭.୨୪
- ୟୁରୋ ୧୦୩.୧୭
- ୟେନ୍ ୦.୫୭

## ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)


- ସୁନା: ୧,୧୮,୪୦୦ (ନୂଆଦିଲ୍ଲୀ)
- ରୁପା : ୧,୮୦,୦୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)

- ସେନ୍‌ସେକ୍ସ ୮୪,୫୬୨.୦୦
- ନିଫ୍ଟି ୨୫,୯୦୦.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)

- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ପରାଜୟ ପରେ ଭାଙ୍ଗୁଛି ଟ୍ରମ୍ପଙ୍କ ଦମ୍ଭ



## କଫି-ଫଳରୁ ହଟାଇଲେ ଶୁଳ୍କ

ୱାଶିଂଟନ, ୧୫।୧୧ (ଏଜେନ୍ସି): ଭର୍ଜିନିଆ ଏବଂ ନ୍ୟୁଜର୍ସି ନିର୍ବାଚନରେ ହାରିବା ପରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଫୁଟାଣୀ ଭାଙ୍ଗି ଯାଇଛି। ପୁଣିଥରେ ଟ୍ରମ୍ପ ପଛଘୁଞ୍ଚା ଦେଇଛନ୍ତି। ସେ ଶୁକ୍ରବାର ଏକ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶରେ ସ୍ୱାକ୍ଷର କରି ଶୁଳ୍କ ହ୍ରାସ କରିଦେଇଛନ୍ତି। କଫି, ଫଳ, ବିଫ୍ ସହିତ ୧୨ରୁ ଅଧିକ କୃଷିଜାତ ପଦାର୍ଥରେ ଲଗାଯାଇଥିବା ଶୁଳ୍କକୁ ହଟାଇ ଦେଇଛନ୍ତି। ଏହା ପଛରେ ଦରଦାମ ବୃଦ୍ଧି ବଡ଼ କାରଣ ରହିଛି। ତେବେ ଟ୍ରମ୍ପ ପ୍ରଶାସନ ପକ୍ଷରୁ କୁହାଯାଇଛି ଯେ ଉତ୍ପାଦର ମୂଲ୍ୟକୁ ସ୍ଥିର ରଖିବା ପାଇଁ ଏହି ପଦକ୍ଷେପ ନିଆଯାଇଛି। ଏହା ଉପରେ ଲଗାଯାଇଥିବା ଶୁଳ୍କର ପ୍ରଭାବ ସିଧାସଳଖ ଗ୍ରାହକଙ୍କ ଉପରେ ପଡ଼ିଥିଲା। ଚା, ଫଳରସ, ମସାଲା, କୋକୋ, କଦଳୀ, କମଳା, ଟମାଟୋ ସମେତ ଆଉ କିଛି ଉତ୍ପାଦରୁ ଶୁଳ୍କ ଛାଡ଼ି କରିଦିଆଯାଇଛି। ସୂଚନା ଅନୁଯାୟୀ ଟ୍ରମ୍ପଙ୍କ ଶୁଳ୍କ ଯୋଗୁ ଆମେରିକୀୟଙ୍କ ଉପରେ ବୋଝ ବଢ଼ିଥିଲା। ପରିବାରର ବାର୍ଷିକ ହାରାହାରି ଆୟ ୨ ଲକ୍ଷରୁ ବଢ଼ି ୮ ଲକ୍ଷ ପର୍ଯ୍ୟନ୍ତ ପହଞ୍ଚି ଯାଇଥିଲା। ଏପ୍ରିଲରୁ ସେପ୍ଟେମ୍ବର ମଧ୍ୟରେ ଖାଦ୍ୟସାମଗ୍ରୀ ମୂଲ୍ୟ ୨.୭%, ବିଫ ୭%, କଦଳୀ ୭% ମହଙ୍ଗା ହୋଇଥିଲା। ଏଥିଯୋଗୁ ମାସିକ ବ୍ୟୟ ୯ ହଜାର ଟଙ୍କାରୁ ବଢ଼ି ୬୬ ହଜାର ଟଙ୍କା ପର୍ଯ୍ୟନ୍ତ ପହଞ୍ଚି ଯାଇଥିଲା।

ଟ୍ରମ୍ପଙ୍କ ଶୁଳ୍କ ଯୋଗୁଁ ଆମେରିକାକୁ ଭାରତ ପରି ଅନେକ ଦେଶର ଯୋଗାଣ ହ୍ରାସ ପାଇଛି। ଶୁଳ୍କ ଯୋଗୁଁ ଲୋକଙ୍କ ଉପରେ ପ୍ରଭାବ ପଡ଼ିବ ନାହିଁ ବୋଲି କୁହାଯାଇଥିଲା। କିନ୍ତୁ ଫଳ ବିପରୀତ ହୋଇଥିଲା। ଏବେ ପନିପରିବା ଏବଂ ଫଳ ଆମଦାନୀ ବଢ଼ାଇବାକୁ ଆମେରିକା ନିଷ୍ପତ୍ତି ନେଇଛି।

## ଦେବାଳିଆ ହେଲାଣି ୬୫୫ ବଡ଼ କମ୍ପାନୀ

ୱାଶିଂଟନ: ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମୁଣ୍ଡରେ ଚଡ଼କ ପଡ଼ିଛି। ଆମେରିକାରେ ନିବେଶ ପାଇଁ ସାରା ବିଶ୍ୱ ଉପରେ ଚାପ ପକାଉଥିବା ଟ୍ରମ୍ପ ଏବେ ନିଜ ଚାପରେ ଅଛନ୍ତି। କାରଣ ଆମେରିକା କମ୍ପାନୀଗୁଡ଼ିକର ସ୍ଥିତି ଦିନକୁ ଖରାପ ହେବାରେ ଲାଗିଛି। ଚଳିତ ବର୍ଷ ଏ ପର୍ଯ୍ୟନ୍ତ ଦେଶର ୬୫୫ଟି ବଡ଼ କମ୍ପାନୀ ଦେବାଳିଆ ହୋଇଗଲେଣି। ଏହା ଗତ ୧୫ ବର୍ଷରେ ସର୍ବାଧିକ। ଯଦି ଏହି ଧାରା ଜାରି ରହେ ତେବେ ବର୍ଷ ଶେଷ ସୁଦ୍ଧା ପ୍ରାୟ ୮୦୦ଟି କମ୍ପାନୀ ଦେବାଳିଆ ହୋଇଯିବେ। ଗତ ବର୍ଷକୁ ଛାଡ଼ିଦେଲେ ଏହା ୨୦୧୦ ପରେ ସବୁଠୁ ଅଧିକ। ୨୦୨୪ରେ ଆମେରିକାର ୬୮୭ଟି ବଡ଼ କମ୍ପାନୀ ଦେବାଳିଆ ହୋଇଥିଲେ। ଆମେରିକାରେ ଚଳିତ ବର୍ଷ ଅଗଷ୍ଟରେ ୭୬, ସେପ୍ଟେମ୍ବରରେ ୬୬, ଅକ୍ଟୋବରରେ ୬୮ କମ୍ପାନୀ ଦେବାଳିଆ ହୋଇଥିଲା। ଏଗୁଡ଼ିକ ମଧ୍ୟରୁ ୯୮ଟି କମ୍ପାନୀ ଶିଳ୍ପ କ୍ଷେତ୍ର ସହ ଜଡ଼ିତ। ଏହା ପରେ କଞ୍ଜୁମର ଡିସକ୍ରିସନାରୀ (୮୦) ଏବଂ ହେଲ୍‌ଥକେୟାର (୪୫) ରହିଛି। ବିଶ୍ୱର ସବୁଠୁ ବଡ଼ ଅର୍ଥନୀତି ଆମେରିକାରେ ସବୁ କିଛି ଠିକ୍ ନାହି ବୋଲି ଏଥିରୁ ଜଣାପଡୁଛି। ଏହା ପୂର୍ବରୁ ୨୦୧୦ରେ ୮୨୮, ୨୦୧୧ରେ ୬୩୪ଟି, ୨୦୧୬ରେ ୫୭୬, ୨୦୧୭ରେ ୫୨୦, ୨୦୧୮ରେ ୫୧୮, ୨୦୧୯ରେ ୫୮୯, ୨୦୨୧ରେ ୪୦୫ଟି ବଡ଼ କମ୍ପାନୀ ଦେବାଳିଆ ହୋଇଥିଲା।

## ଫ୍ଲିପକାର୍ଟ ପକ୍ଷରୁ ଜିରୋ କମିଶନ ମଡେଲର ଶୁଭାରମ୍ଭ

ଭୁବନେଶ୍ୱର, ୧୫।୧୧ (ସମିସ): ଫ୍ଲିପକାର୍ଟ ପକ୍ଷରୁ ୧୦୦୦ ଟଙ୍କାରୁ କମ୍ ମୂଲ୍ୟର ସମସ୍ତ ଉତ୍ପାଦଗୁଡିକ ପାଇଁ ଜିରୋ କମିଶନ ମଡେଲର ଶୁଭାରମ୍ଭ କରି ସେଲର ରେଟ୍ କାର୍ଡ ପାଇଁ ନୂଆ ଘୋଷଣା ହୋଇଛି। ଏହି ନୂଆ ଢାଞ୍ଚା ଅଧିନରେ ୧୦୦୦ ଟଙ୍କାରୁ କମ୍ ମୂଲ୍ୟର ଉତ୍ପାଦଗୁଡିକୁ ତାଲିକାଭୁକ୍ତ କରୁଥିବା ସମସ୍ତ ଯୋଗ୍ୟ ସେଲରଙ୍କଠାରୁ କମିଶନ ଫି' ନିଆଯିବ ନାହିଁ। ସପ୍‌ସିରେ ସମସ୍ତ ଉତ୍ପାଦ ଉପରେ ମଧ୍ୟ ଏହି ଜିରୋ କମିଶନ ସୁବିଧା ଉପଲବ୍ଧ। ଫ୍ଲିପକାର୍ଟର ବରିଷ୍ଠ ଉପାଧ୍ୟକ୍ଷ ଓ ମାର୍କେଟପ୍ଲେସ ବିଭାଗ ମୁଖ୍ୟ ସାକେତ ଚୌଧୁରୀ କହିଛନ୍ତି ଯେ ଫ୍ଲିପକାର୍ଟରେ ଆମେ ଅନଲାଇନ ବିକ୍ରିକୁ ସରଳ ଓ ଶକ୍ତିଶାଳୀ କରୁଥିବା ପଦକ୍ଷେପଗୁଡିକ ମାଧ୍ୟମରେ ଭାରତର ଏମ୍‌ଏସଏମଇ ଓ ନୂତନ ଯୁଗର ଉଦ୍ୟୋଗୀମାନଙ୍କର ବିସ୍ତୃତ ନେଟ୍‌ୱର୍କକୁ ସଶକ୍ତ କରିବାକୁ ପ୍ରତିବଦ୍ଧ। ୧୦୦୦ ଟଙ୍କାରୁ କମ୍ ମୂଲ୍ୟର ଉତ୍ପାଦଗୁଡିକୁ ତାଲିକାଭୁକ୍ତ କରୁଥିବା ସେଲର ଓ ସପ୍‌ସିର ସମସ୍ତ ସେଲରଙ୍କ ସାମଗ୍ରିକ ଖର୍ଚ୍ଚରେ ୩୦% ପର୍ଯ୍ୟନ୍ତ ହ୍ରାସ ଘଟିବ।

## ଏଚ୍-୧ବି ଭିସା ପ୍ରତ୍ୟାହାର କରିବ ଆମେରିକା

ୱାଶିଂଟନ, ୧୫।୧୧ (ଏଜେନ୍ସି): ଆମେରିକାରେ ଭାରତୀୟଙ୍କ ପ୍ରବେଶ ନେଇ ଖୁବ୍‌ଶୀଘ୍ର ସମସ୍ୟା ସୃଷ୍ଟି ହେବାକୁ ଯାଉଛି। ଚାକିରି ପାଇଁ ଏଚ୍-୧ବି ଭିସା ସମ୍ପୂର୍ଣ୍ଣ ଭାବେ ଶେଷ ହେବା ନେଇ ପ୍ରସ୍ତୁତି ଆରମ୍ଭ ହୋଇଛି। ଏଥି ପାଇଁ ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟି ଖୁବ୍‌ଶୀଘ୍ର ବିଲ୍ ଆଣିବାକୁ ଯାଉଛି। ଯଦି ଏହା କାର୍ଯ୍ୟକାରୀ ହୁଏ ତେବେ ଆମେରିକାରେ ଭାରତୀୟଙ୍କ ଚାକିରି କରିବାର ରାସ୍ତା ବନ୍ଦ ହୋଇଯିବ। ଟ୍ରମ୍ପଙ୍କ ଘନିଷ୍ଠ ତଥା ଆମେରିକା ପ୍ରତିନିଧି ସଭାର ସଦସ୍ୟା ମାର୍ଜୋରୀ ଟେଲର ଗ୍ରୀନ୍ ଏହି ସୂଚନା ଦେଇଛନ୍ତି। ସେ କହିଛନ୍ତି ଯେ ଏ ନେଇ ଖୁବ୍‌ଶୀଘ୍ର ବିଲ୍ ଅଣାଯିବ। ଆମେରିକା ଫାର୍ଷ୍ଟ ଅର୍ଥାତ ଆମେରିକୀୟଙ୍କ ପ୍ରାଧାନ୍ୟ ଦେବା ପାଇଁ ଏଚ-୧ବି ଭିସା ପ୍ରଦାନ ପ୍ରକ୍ରିୟାକୁ ଶେଷ କରିବାକୁ ହେବ ବୋଲି କୁହାଯାଇଛି। ଏହି ଭିସାର ଅପବ୍ୟବହାର ହେଉଛି ବୋଲି ସେ କହିଛନ୍ତି। ତେବେ ଆଗାମୀ ୧୦ ବର୍ଷ ପାଇଁ ପ୍ରତିବର୍ଷ ୧୦ ହଜାର ଡାକ୍ତରଙ୍କୁ ଏଚ୍-୧ବି ଭିସା ପ୍ରଦାନ ପ୍ରକ୍ରିୟା ଜାରି ରହିବ ବୋଲି ସେ କହିଛନ୍ତି। ଆମେରିକା ପ୍ରତିବର୍ଷ ଦେଉଥିବା ୮୫ ହଜାର ଏଚ୍-୧ବି ଭିସାରୁ ପାଖାପାଖି ୭୦ ପ୍ରତିଶତ ଭାରତୀୟଙ୍କୁ ହିଁ ପ୍ରଦାନ କରାଯାଇଥାଏ।

## ଶିଶୁ ଦିବସରେ ୯ ହଜାରରୁ ଅଧିକ ପିଲାଙ୍କ ପାଖରେ ପହଞ୍ଚିଲା ବେଦାନ୍ତ ଆଲୁମିନିୟମ



ଭୁବନେଶ୍ୱର, ୧୫।୧୧ (ଏଜେନ୍ସି): ଭାରତର ସର୍ବବୃହତ ଆଲୁମିନିୟମ ଉତ୍ପାଦକ ବେଦାନ୍ତ ଆଲୁମିନିୟମ, ଓଡ଼ିଶା, ଛତିଶଗଡ଼ ଏବଂ ଆନ୍ଧ୍ର ପ୍ରଦେଶରେ ଶିଶୁ ଦିବସ ୨୦୨୫ ପାଳନ କରିଛି। ଶିକ୍ଷାଗତ ସହାୟତା, ସାଂସ୍କୃତିକ ସମ୍ପର୍କ, କ୍ରୀଡା ଏବଂ ଦକ୍ଷତା-ନିର୍ମାଣ ଉପରେ କେନ୍ଦ୍ରିତ ଏକ ସମୃଦ୍ଧ ମିଶ୍ରଣ ମାଧ୍ୟମରେ ଏହି ଉତ୍ସବ ୯, ୦୦୦ ରୁ ଅଧିକ ପିଲାଙ୍କ ନିକଟରେ ପହଞ୍ଚିଥିଲା। ଏହା ଯୁବ ମନକୁ ପୋଷଣ କରିବା ପାଇଁ ବେଦାନ୍ତର ପ୍ରତିବଦ୍ଧତାକୁ ଦର୍ଶାଉଛି। ଏହାର ବ୍ୟାପକ ସିଏସଆର ଦୃଷ୍ଟିକୋଣର ଅଂଶ ଭାବରେ ବେଦାନ୍ତ ଆଲୁମିନିୟମ ଶିକ୍ଷା, ସ୍ୱାସ୍ଥ୍ୟ, କ୍ରୀଡା ଏବଂ ଭବିଷ୍ୟତ ପାଇଁ ପ୍ରସ୍ତୁତ ଦକ୍ଷତାରେ ନିରନ୍ତର ହସ୍ତକ୍ଷେପ ମାଧ୍ୟମରେ ପିଲାମାନଙ୍କର ସାମଗ୍ରିକ ବିକାଶରେ ନିବେଶ ଜାରି ରଖିଛି। ଅତ୍ୟାଧୁନିକ ଡିଜିଟାଲ୍ ଶ୍ରେଣୀଗୃହ ଏବଂ ସୁସଜ୍ଜିତ ବିଜ୍ଞାନ ପ୍ରୟୋଗଶାଳାଠାରୁ ଆରମ୍ଭ କରି ଧନୁଯାତ୍ରା ଏକାଡେମୀ ଏବଂ ବ୍ୟାପକ ଦକ୍ଷତା ବିଦ୍ୟାଳୟ ପର୍ଯ୍ୟନ୍ତ, କମ୍ପାନୀର ପଦକ୍ଷେପଗୁଡ଼ିକ ପିଲା ଏବଂ ଯୁବକମାନଙ୍କୁ ସେମାନଙ୍କର ଉନ୍ନତି ପାଇଁ ଆବଶ୍ୟକ ଉପକରଣ ସହିତ ସଶକ୍ତ କରିବା ପାଇଁ ଡିଜାଇନ୍ କରାଯାଇଛି। ବେଦାନ୍ତ ଆଲୁମିନିୟମର ସିଇଓ ରାଜୀବ କୁମାର କହିଛନ୍ତି, ପିଲାମାନଙ୍କୁ ଜ୍ଞାନ, ସ୍ୱାସ୍ଥ୍ୟ ଏବଂ ଆତ୍ମବିଶ୍ୱାସ ସହିତ ସଶକ୍ତ କରିବା ହେଉଛି ଏକ ଶକ୍ତିଶାଳୀ ଏବଂ ଆତ୍ମନିର୍ଭରଶୀଳ ରାଷ୍ଟ୍ର ଗଠନର ମୂଳଦୁଆ। ଶିଶୁ ଦିବସ ପାଳନ ସେହି ସମାନ ଦର୍ଶନକୁ ପ୍ରତିଫଳିତ କରୁଛି।

## ଟିପିସିଓଡିଏଲର ଅତ୍ୟାଧୁନିକ 'କଷ୍ଟମର୍ କେୟାର୍ ସେଣ୍ଟର୍' ଉଦ୍‌ଘାଟିତ

ଭୁବନେଶ୍ୱର, ୧୫।୧୧ (ସମିସ): ଟାଟା ପାୱାର ଏବଂ ଓଡ଼ିଶା ସରକାରଙ୍କ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ୍ ଲିମିଟେଡ୍ (ଟିପିସିଓଡିଏଲ୍) ପକ୍ଷରୁ ଭୁବନେଶ୍ୱରର ପାୱର ହାଉସ୍ କଲୋନୀ ନିକଟରେ ଏହାର ବିସିଡିଡିଂ ମଡେଲ୍ ଗ୍ରାହକ ସେବା କେନ୍ଦ୍ର ଉଦଘାଟନ କରିଛି। ଏହା ମାଧ୍ୟମରେ ଭୁବନେଶ୍ୱରର ଚାରି ଲକ୍ଷରୁ ଅଧିକ ଉପଭୋକ୍ତାଙ୍କୁ



ଗୋଟିଏ ସ୍ଥାନରେ ସବୁ ସମସ୍ୟାର ସମାଧାନ ପାଇପାରିବେ। ଏହି କେନ୍ଦ୍ରକୁ ଗ୍ରାହକ ସେବାର ଏକ ମଡେଲ୍ ଭାବରେ ପ୍ରତିଷ୍ଠା କରାଯାଇଛି। ଏଠାରେ ଆଧୁନିକ ସୁବିଧା ସହିତ ପ୍ରଯୁକ୍ତିବିଦ୍ୟା ଆଧାରିତ ସେବାଗୁଡିକ ଉପଲବ୍ଧ ରହିଛି। ଏଠାରେ ଡିଜିଟାଲ୍ କିଓସ୍କ, ସ୍ୱୟଂ-ସେବା ବିକଳ୍ପ, ଏକ ଉତ୍ସର୍ଗୀକୃତ ଧାଡ଼ି ପରିଚାଳନା ପ୍ରଣାଳୀ, ବାସ୍ତବ-ସମୟ ମତାମତ ବ୍ୟବସ୍ଥା, ସମ୍ମିଳନୀ କକ୍ଷ ଏବଂ ପର୍ଯ୍ୟାପ୍ତ ପାର୍କିଂ ସୁବିଧା ରହିଛି। ଏହି ସେଣ୍ଟର ଗ୍ରାହକ ସଂପର୍କ ଓ ସଚେତନତାର ଏକ ମୁଖ୍ୟ କେନ୍ଦ୍ର ଭାବେ କାମ କରିବ। ଉଦଘାଟନ ଉତ୍ସବରେ ଟାଟା ପାୱାରର ସିଏଚ୍‌ଆର୍‌ଓ ଏବଂ ସଷ୍ଟେନେବିଲିଟି ଓ ସିଏସ୍‌ଆର୍ ମୁଖ୍ୟ ହିମଲ ତିୱାରୀ, ଟିପିସିଓଡିଏଲ୍‌ର ସିଇଓ ଅରବିନ୍ଦ ସିଂହଙ୍କ ସମେତ ଅନ୍ୟାନ୍ୟ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ଥିଲେ। ଏହି ଅବସରରେ ଶ୍ରୀ ହିମଲ ତିୱାରୀ କହିଥିଲେ ଯେ ଏହି କେନ୍ଦ୍ର ସରଳ, ସ୍ୱଚ୍ଛ ଏବଂ ପ୍ରଯୁକ୍ତିବିଦ୍ୟା-ଚାଳିତ ସେବା ଅଭିଜ୍ଞତା ପ୍ରଦାନ ପାଇଁ ଟିପିସିଓଡିଏଲ୍‌ର ପ୍ରତିବଦ୍ଧତାକୁ ପ୍ରତିଫଳିତ କରୁଛି।

### ଏମ୍‌ଜଙ୍କ୍‌ସନ୍‌ର ଇସ୍ପାତ ସମ୍ମିଳନୀ

## ଭାରତର ଇସ୍ପାତକୁ ଅଙ୍ଗାରକମୁକ୍ତ କରିବାର ଚାବି 'ସ୍କ୍ରାପ୍'

ମୁମ୍ବାଇ, ୧୫।୧୧ (ସମିସ): ସବୁଜ ଇସ୍ପାତ ନିମନ୍ତେ ସ୍କ୍ରାପ୍ ଏକ ମୁଖ୍ୟ ଉପାଦାନ ଭାବରେ ଉଭା ହେଉଛି ବୋଲି ଦ୍ୱାଦଶ ଇଣ୍ଡିଆନ ଷ୍ଟିଲ ମାର୍କେଟସ୍ କନ୍‌ଫରେନ୍ସରେ ବକ୍ତାମାନେ ଉଲ୍ଲେଖ କରିଛନ୍ତି। 'ଇସ୍ପାତ ଏଭଳି ଏକ ପଦାର୍ଥ ଯାହାକୁ ନିଜର ସାମର୍ଥ୍ୟ ଅଥବା ଗୁଣବତ୍ତା ନ ହରାଇ ଅପରିମିତ କାଳ ପର୍ଯ୍ୟନ୍ତ ପୁନଃଚକ୍ରଣ କରାଯାଇପାରିବ। ଏହା ଇସ୍ପାତକୁ ଶିଳ୍ପ ଅଭିବୃଦ୍ଧିର କେବଳ ମେରୁଦଣ୍ଡ କରି ଗଢିତୋଳୁନାହିଁ, ବରଂ ଦୀର୍ଘସ୍ଥାୟୀ କରିଛି। ଭାରତ ସମ୍ପ୍ରତି ବାର୍ଷିକ ୪୨ ନିୟୁତ ଟନ୍ ସ୍କ୍ରାପ୍ ବ୍ୟବହାର କରୁଛି। ଏହି ପରିମାଣ ବାର୍ଷିକ ୬% ହାରରେ ବୃଦ୍ଧିପାଉଛି। ଦେଶକୁ ପ୍ରତିବର୍ଷ ପ୍ରାୟ ୯ ନିୟୁତ ଟନ୍ ସ୍କ୍ରାପ୍ ଆମଦାନୀ କରାଯାଏ,' ବୋଲି ଏମ୍‌ଜଙ୍କସନ୍ ସର୍ଭିସେସ୍ ଲିମିଟେଡର ଏମ୍‌ଡି ବିନୟ ବର୍ମା କରିଛନ୍ତି। ଦୁଇଦିନିଆ ଦ୍ୱାଦଶ ଇଣ୍ଡିଆନ୍ ଷ୍ଟିଲ ମାର୍କେଟସ୍ କନ୍‌ଫରେନ୍ସର ଉଦ୍‌ଘାଟନୀ ଅଧିବେଶନରେ ସେ ଏହି ଟିପ୍ପଣୀ



ଦେଇଛନ୍ତି। ଇସ୍ପାତ କ୍ଷେତ୍ରକୁ ଅଙ୍ଗାରକମୁକ୍ତ କରିବା ନିମନ୍ତେ ବିଶ୍ୱସ୍ତରରେ ଚିନ୍ତା ପ୍ରକାଶ ପାଉଥିବାବେଳେ ଚଳିତ ବର୍ଷ ଏହି ସମ୍ମିଳନୀର ବିଷୟବସ୍ତୁ 'ଇଣ୍ଡିଆନ ଷ୍ଟିଲ ଭାଲ୍ୟୁ ଚେନ- ରିସାଇକଲ, ରିସେପ୍, ଇନୋଭେଟ, ସଷ୍ଟେନ' ରହିଛି। ସେଲ୍‌ର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଜାଭେଦ ଅହମ୍ମଦ କହିଥିଲ ଯେ ଦୀର୍ଘ ସ୍ଥାୟୀତ୍ୱ ଆଉ ଏକ ଇଚ୍ଛାଧୀନ ବିଷୟ ହୋଇ ରହିନାହିଁ ବରଂ ତାହା ରଣକୌଶଳମୂଳକ ହୋଇସାରିଛି। ସେହିପରି ଏହି କାର୍ଯ୍ୟକ୍ରମରେ ଗିରିଶ କୁମାର କଦମ୍ (ସିନିୟର ଭାଇସ ପ୍ରେସିଡେଣ୍ଟ ଆଣ୍ଡ ଗ୍ରୁପ୍ ହେଡ୍, କର୍ପୋରେଟ ସେକ୍ଟର ରେଟିଂସ୍, ଆଇସିଆରଏ) ଏବଂ ସନ୍ଦୀପ କୁମାର ସାମିଲ (ଟାଟା ଷ୍ଟିଲ ର ମ୍ୟାଟେରିଆଲ୍ସର ଉପାଧ୍ୟକ୍ଷ) ହୋଇ ନିଜ ମତ ରଖିଥିଲେ। ଏମ୍‌ଜଙ୍କସନ ଗତ ତିନିବର୍ଷ ମଧ୍ୟରେ ୧୫ଟି ରାଜ୍ୟରେ ବୃହତ୍ ସମନ୍ୱିତ ଇସ୍ପାତ କାରଖାନା (ଆଇଏସ୍‌ପି) ଗୁଡିକୁ ୧.୨ ନିୟୁତ ଟନ୍ ସ୍କ୍ରାପ୍ ଯୋଗାଇ ଦେଇଛି ବୋଲି ଶ୍ରୀ ବର୍ମା ଉଲ୍ଲେଖ କରିଥିଲେ।

## ସେଣ୍ଟ୍ରାଲ ବ୍ୟାଙ୍କ ଅଫ୍ ଇଣ୍ଡିଆ ପକ୍ଷରୁ ମେଗା କୃଷି ଋଣ ସମ୍ପ୍ରସାରଣ କାର୍ଯ୍ୟକ୍ରମ



ସମ୍ବଲପୁର, ୧୫।୧୨ (ସମିସ): ସେଣ୍ଟ୍ରାଲ୍ ବ୍ୟାଙ୍କ ଅଫ୍ ଇଣ୍ଡିଆର ଲାଠୋର ଶାଖା ପକ୍ଷରୁ କୃଷି ଋଣ ସୁବିଧା ସମ୍ବନ୍ଧରେ ସଚେତନତା ସୃଷ୍ଟି ଏବଂ କୃଷକ ସମାଜକୁ ଆର୍ଥିକ ସହାୟତା ପ୍ରଦାନ କରି ସଶକ୍ତ ଉଦ୍ଦେଶ୍ୟରେ ଏକ କୃଷି ଋଣ ସମ୍ପ୍ରସାରଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ କୃଷକ, ସ୍ୱୟଂ ସହାୟକ ଗୋଷ୍ଠୀ ଓ ଆଖପାଖ ଅଞ୍ଚଳର ଗ୍ରାମୀଣ ଉଦ୍ୟୋଗୀଙ୍କ ସମେତ ପ୍ରାୟ ୨୫୦ଜଣ ଋଣଗ୍ରହୀତା ସକ୍ରିୟ ଅଂଶଗ୍ରହଣ କରିଥିଲେ। ଏଥିରେ ବ୍ୟାଙ୍କର ସମ୍ବଲପୁର କ୍ଷେତ୍ରୀୟ ମୁଖ୍ୟ ଦିବ୍ୟେନ୍ଦୁ କୁମାର ମୁଖ୍ୟ ଅତିଥି ରୂପେ ଯୋଗ ଦେଇ ସମୟୋଚିତ କୃଷି ଋଣର ଗୁରୁତ୍ୱ ଏବଂ ବ୍ୟାଙ୍କର ବିଭିନ୍ନ କୃଷି ଉପଯୋଗୀ ପଦକ୍ଷେପ ଉପରେ ଆଲୋଚନା କରିଥିଲେ। କରୁଆଁଝରର ସରପଞ୍ଚ ଜପସ୍ୱୀନି ସାହୁ ଏଥିରେ ଯୋଗ ଦେଇ ଗ୍ରାମୀଣ ମହିଳାଙ୍କୁ ସଶକ୍ତ କରିବାରେ ସ୍ୱୟଂ ସହାୟକ ଗୋଷ୍ଠୀର ପ୍ରଭାବ ଉପରେ ଗୁରୁତ୍ୱାରୋପ କରିଥିଲେ। ଏହି ଅବସରରେ ଫସଲ ଋଣ, କୃଷି ମିଆଦୀ ଋଣ ଓ ବିଭିନ୍ନ ଆନୁଷଙ୍ଗିକ କାର୍ଯ୍ୟକଳାପ ପାଇଁ କୃଷି ଋଣଗ୍ରହୀତାଙ୍କୁ ପ୍ରାୟ ୧.୫ କୋଟି ଟଙ୍କର ଋଣ ମଞ୍ଜୁରକରାଯାଇଥିଲା। ଲାଠୋର ବ୍ୟାଙ୍କର ଶାଖା ପ୍ରବନ୍ଧକ ମାଧବ ବିଶି ବ୍ୟାଙ୍କର ବିଭିନ୍ନ କୃଷିଯୋଜନାଗୁଡିକ ବିଷୟରେ ସୂଚନା ଦେଇଥିଲେ।

## ଜୋନାଥନ ଗ୍ରାନଫଙ୍କୁ 'କିସ୍ ଜୀବନବ୍ୟାପୀ ସାଧନା ପୁରସ୍କାର'



ଭୁବନେଶ୍ୱର, ୧୫।୧୧(ସମିସ): ବିଶ୍ୱଶାନ୍ତି, ପରମାଣୁ ନିରସ୍ତ୍ରୀକରଣ ଓ ଆଇନର ଶାସନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ନିମନ୍ତେ ଗ୍ଲୋବାଲ୍ ସିକ୍ୟୁରିଟି ଇନ୍‌ଷ୍ଟିଚ୍ୟୁଟ୍‌ର ସଭାପତି ଜୋନାଥନ୍ ଗ୍ରାନଫଙ୍କୁ ଶନିବାର 'କିସ୍ ଜୀବନବ୍ୟାପୀ ସାଧନା ପୁରସ୍କାର' ପ୍ରଦାନ କରାଯାଇଛି। କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ତାଙ୍କୁ ଏହି ସମ୍ମାନ ପ୍ରଦାନ କରିଛନ୍ତି। ଗ୍ରାନଫଙ୍କୁ ଏହି ସମ୍ମାନ ପ୍ରଦାନ କରି କିସ୍ ନିଜକୁ ଧନ୍ୟ ମନେ କରୁଛି ବୋଲି ଶ୍ରୀ ସାମନ୍ତ କହିଛନ୍ତି। ଏହି ସମ୍ମାନ ଗ୍ରହଣ କରି ଗ୍ରାନଫ୍ କିସ୍‌କୁ ଶିକ୍ଷା ଓ ଶୃଙ୍ଖଳା କ୍ଷେତ୍ରରେ ଏକ ଅସାଧାରଣ ଅନୁଷ୍ଠାନ ଭାବେ ଅଭିହିତ କରିଥିଲେ। ଗ୍ରାନଫ୍ ତାଙ୍କ ଭାଷଣରେ ଅଚ୍ୟୁତ ସାମନ୍ତଙ୍କ ପରିଚାଳିତ ଆର୍ଟ ଅଫ୍ ଗିଭିଂ ସମ୍ପର୍କରେ କହିଲେ, ଏହା ହେଉଛି ଦୟା ଓ ପ୍ରେମର ଏକ ଆନ୍ଦୋଳନ। ଆର୍ଟ ଅଫ୍ ଗିଭିଂ ଜୀବନ ସହିତ ଜ୍ଞାନର ବିକଶିତ କରିଥାଏ। ଗ୍ରାନଫ୍ ଜଣେ ଅନ୍ତର୍ଜାତୀୟ ଖ୍ୟାତିସମ୍ପନ୍ନ ଆଇନଜ୍ଞ ଏବଂ ସେ ଦୀର୍ଘ ଦଶନ୍ଧି ଧରି ପରମାଣୁ ନିରସ୍ତ୍ରୀକରଣ ସପକ୍ଷରେ ବିଶ୍ୱବ୍ୟାପୀ ଅଭିଯାନ ଚଳାଇ ଆସୁଛନ୍ତି। ଏନେଇ ସେ ଆମେରିକା ସଂସଦ, ବ୍ରିଟେନ୍ ସଂସଦ ଓ କାନାଡ଼ା ସଂସଦରେ ନିଜର ଯୁକ୍ତି ଉପସ୍ଥାପନ କରିଛନ୍ତି। ଗ୍ରାନଫ୍ ନୋବେଲ୍ ଶାନ୍ତି ପୁରସ୍କାର ବିଜେତାଙ୍କ ବିଶ୍ୱ ସମ୍ମିଳନୀର ବରିଷ୍ଠ ପରାମର୍ଶଦାତା ଭାବେ କାମ କରିବା ସହ ଅନେକ ଆନ୍ତର୍ଜାତିକ ବୋର୍ଡରେ ବିଭିନ୍ନ ପଦବୀରେ ରହିଛନ୍ତି। ଆଇନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ସକାଶେ ତାଙ୍କୁ ଆମେରିକା ବାର୍ ଆସୋସିଏସନ୍ ଜୀବନବ୍ୟାପୀ ସାଧନା ସମ୍ମାନରେ ସମ୍ମାନିତ କରିଥିଲା।

ପ୍ରାରମ୍ଭରେ କିଟ୍ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଶରଣଜିତ ସିଂହ ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ କିସ୍ ବିଶ୍ୱବିଦ୍ୟାଳୟ କୁଳସଚିବ ଡ. ପ୍ରଶାନ୍ତ କୁମାର ରାଉତରାୟ ଧନ୍ୟବାଦ ଦେଇଥିଲେ।

## ହାତୀଛୁଆର ମୃତଦେହ ଠାବ

ବାରିପଦା, ୧୫।୧୧ (ସମିସ): ବାରିପଦା ରେଞ୍ଜ ଅଧୀନ ହଳଦୀବଣି ଜଙ୍ଗଲରୁ ଏକ ନବଜାତ ହାତୀ ଶାବକର ମୃତଦେହ ଠାବ ହୋଇଛି। ଖବର ପାଇ ବନ ବିଭାଗ ଘଟଣାସ୍ଥଳରେ ପହଞ୍ଚି ଶାବକର ଶବ ବ୍ୟବଚ୍ଛେଦ କରାଇବା ସହ ନମୁନା ସଂଗ୍ରହ କରିଛି। ୧୫ ଦିନ ବ୍ୟବଧାନରେ ଦୁଇ ଦୁଇଟି ହାତୀ ଶାବକର ମୃତ୍ୟୁ ଘଟିଥିବାରୁ ଏହି ବୃହତ୍‌କାୟ ପ୍ରାଣୀଙ୍କ ସୁରକ୍ଷାକୁ ନେଇ ପରିବେଶବିତ୍‌ଙ୍କ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଇଛି। ସୂଚନାଯୋଗ୍ୟ, ପାଚିଲା ଧାନ ଖାଇବାକୁ ଶିମିଳିପାଳ ଅଭୟାରଣ୍ୟରୁ ଆସିଥିବା ୧୩ ଟିକିଆ ଏକ ହାତୀପଲ ବିଭିନ୍ନ ସଂରକ୍ଷିତ ଜଙ୍ଗଲରେ ଚଳପ୍ରଚଳ କରୁଛନ୍ତି। ଏହି ପଲରେ ଥିବା ଏକ ନବଜାତ ହାତୀ ଶାବକର କୌଣସି କାରଣରୁ ମୃତ୍ୟୁ ଘଟିଛି। ହଳଦୀବଣି ଜଙ୍ଗଲରେ ମରିପଡ଼ିଥିବା ଖବର ପାଇ ବନ ବିଭାଗ ପକ୍ଷରୁ ତଦନ୍ତ ଆରମ୍ଭ ହୋଇଛି। ଗତ ଅକ୍ଟୋବର ୩୦ ତାରିଖରେ ବାଙ୍ଗରିପୋଷି ଅଞ୍ଚଳରେ ସେହି ପଲରୁ ଏକ ହାତୀ ଶାବକର ମୃତ୍ୟୁ ଘଟିଥିଲା। ସେତେବେଳେ ପଲରେ ଥିବା ଅନ୍ୟ ଗର୍ଭବତୀ ହାତୀ ପରେ ଜନ୍ମ ଦେଇଥିବା କୁହାଯାଉଛି। ତେବେ ଘଞ୍ଚ ଜଙ୍ଗଲ ପରିବର୍ତ୍ତେ ଏହି ହାତୀପଲ ବିଭିନ୍ନ ଧାନକ୍ଷେତ ଓ ଗାଁଗଣ୍ଡା ବୁଲୁଥିବାରୁ ଗୋଟିଏ ପରେ ଗୋଟିଏ ଶାବକ ପ୍ରାଣ ହରାଉଛନ୍ତି। ହାତୀ ମୃତ୍ୟୁର କାରଣ ଓ ସୁରକ୍ଷା ଦିଗରେ ବନବିଭାଗ ପକ୍ଷରୁ ପ୍ରୟାସ ଜରୁରୀ ବୋଲି ପୂର୍ବତନ ଅବୈତନିକ ବନ୍ୟପ୍ରାଣୀ ତତ୍ତ୍ୱାବଧାରକ ତଥା ରାଜ୍ୟ ବନ ଉନ୍ନୟନ ନିର୍ଦ୍ଦେଶକ ଭାନୁମିତ୍ର ଆଚାର୍ଯ୍ୟ କହିଛନ୍ତି।



# ଶିମିଳିପାଳରେ ବାଘ ଗଣନା ଆରମ୍ଭ

ବାରିପଦା, ୧୫।୧୧ (ସମିସ): ଜାତୀୟ ଉଦ୍ୟାନ ଶିମିଳିପାଳର ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ଆଜିଠାରୁ ବାଘ ଗଣନା ଆରମ୍ଭ ହୋଇଛି। ଜାତୀୟ ବ୍ୟାଘ୍ର ସଂରକ୍ଷଣ ପ୍ରାଧିକରଣ (ଏନଟିସିଏ)ର ଗାଇଡଲାଇନ୍ ଅନୁଯାୟୀ ଶିମିଳିପାଳର ଦକ୍ଷିଣ ଓ ଉତ୍ତର ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ଦୁଇଟି ପର୍ଯ୍ୟାୟରେ ବାଘ ଗଣନା ହେବ। ପର୍ଯ୍ୟାୟ-୧ ଓ ୩ ଅନୁଯାୟୀ ବାଘ ଗଣନା ଓ ଶାକାହାରୀ ପ୍ରାଣୀମାନଙ୍କ ସାଇନ ସର୍ଭେ ୩ ଦିନ ଧରି ଅନୁଷ୍ଠିତ ହେବାକୁ ଥିବା ବେଳେ ୪ ଦିନ ଧରି ଲାଇନ ଟ୍ରାନେକ୍ସ (ନମୁନା ସଂଗ୍ରହ), ଗୋଟିଏ ଦିନ ଶାଗୁଣା ଓ ଅନ୍ୟାନ୍ୟ ପକ୍ଷୀ ପ୍ରଜାତିର ଗଣନା କରାଯିବ।

- ୨୦୨୬ ମସିହା ମାର୍ଚ୍ଚରେ ଶେଷ ହେବ
- ୧୫ଶହ ଟ୍ରାପ୍ କ୍ୟାମେରା ଜରିଆରେ ଗଣନା



କରାଯିବ ବୋଲି ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର କ୍ଷେତ୍ର ନିର୍ଦ୍ଦେଶକ ଡ. ପ୍ରକାଶ ଚାନ୍ଦ ଗୋଗିନେନୀ ଜଣାଇଛନ୍ତି।

ରୟାଲ ବେଙ୍ଗଲ ଟାଇଗର୍ ସମେତ କଳାବାଘକୁ ନେଇ ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପ ବିଶ୍ୱରେ ପରିଚିତ। ପ୍ରତି ୪ବର୍ଷରେ ମହାବଳ ବାଘ ଗଣନା ହେଉଥିବାରୁ ବନବିଭାଗ ତଥା ପ୍ରକଳ୍ପର ଅଧିକାରୀମାନେ ଏନଟସିଏର ନିୟମ ଅନୁଯାୟୀ ଗଣନା ଆରମ୍ଭ କରିଛନ୍ତି। ପର୍ଯ୍ୟାୟ-୧ରେ ମାଂସାସୀ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର ଶିମିଳିପାଳ ଉତ୍ତର, ଦକ୍ଷିଣ, ବାରିପଦା, ରାଇରଙ୍ଗପୁର, କରଞ୍ଜିଆ, ଆନନ୍ଦପୁର ଓ କୁଲଡିହା ଆଦି ୭ଟି ବନଖଣ୍ଡର ୧୬ଟି ରେଞ୍ଜରେ ଥିବା ୧୦୩ଟି ବିଟ୍ ଅଞ୍ଚଳରେ ଏହି ଗଣନା କରାଯିବ। ଏଥିପାଇଁ ପ୍ରଶିକ୍ଷିତ ସର୍ଭେ ଦଳ ନିୟୋଜିତ ହୋଇଛନ୍ତି। ଏହି ପର୍ଯ୍ୟାୟ ନଭେମ୍ବର ୨୨ ପର୍ଯ୍ୟନ୍ତ ଚାଲିବ।

ପର୍ଯ୍ୟାୟ-୧ ଶେଷ ହେବା ପରେ ଡିସେମ୍ବରରୁ ପର୍ଯ୍ୟାୟ-୩ ଆରମ୍ଭ ହେବ। ଏଥିରେ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପରେ ପ୍ରତି ୨ବର୍ଗ କିମି ଗ୍ରିଡ୍‌ରେ ମୋଟ ୧୩୨୧ଟି ଗ୍ରୀଡ୍ ଟ୍ରାକିଂ କ୍ୟାମେରାର ଅଭ୍ୟାସ କରାଯିବା ସହ ପ୍ରତି ୨୫ ଦିନରେ ୨ଟି ଚକ୍ରରେ ୧୫ଶହ ଟ୍ରାପ କ୍ୟାମେରା ଜରିଆରେ ଗଣନା କରାଯିବା। ଏହି ଗଣନା ବାଘ ସଂରକ୍ଷଣ ପାଇଁ ଗୁରୁତ୍ୱପୂର୍ଣ୍ଣ ହୋଇଥିବା ବେଳେ ଶିମିଳିପାଳର ଜୈବ ବିବିଧତା ସମ୍ପର୍କରେ ନୂଆ ତଥ୍ୟ ପ୍ରଦାନ କରିବ ବୋଲି ଅଧିକାରୀମାନେ ଆଶା ପ୍ରକଟ କରିଛନ୍ତି।

ବାଘ ଗଣନାର ପ୍ରାରମ୍ଭିକ ପର୍ଯ୍ୟାୟ କାର୍ଯ୍ୟ ଆରମ୍ଭ ହୋଇ ୨୦୨୬ ମାର୍ଚ୍ଚରେ ଶେଷ ହେବ। ସମସ୍ତ ତଥ୍ୟ ଏନଟିସିଏକୁ ପଠାଇବା ପରେ ୨୦୨୭ରେ ବାଘ ଗଣନା ରିପୋର୍ଟ ପ୍ରକାଶ ପାଇବ। ପୂର୍ବ ଗଣନା ଅନୁଯାୟୀ, ଅଦ୍ୟାବଧି ଶିମିଳିପାଳରେ ୩୯ଟି ମହାବଳ ବାଘ ରହିଥିବା ବେଳେ ରିପୋର୍ଟ ପ୍ରକାଶ ପାଇବା ବେଳକୁ ଏହା ୬୦ ପାର୍ କରିବ ବୋଲି ବିଭାଗ ପକ୍ଷରୁ ଅନୁମାନ କରାଯାଇଛି। ଗତ ୨୦୨୨ର ସର୍ବଭାରତୀୟ (ପାନ-ଇଣ୍ଡିଆ) ବାଘ ଗଣନା ଅନୁଯାୟୀ, ମୟୂରଭଞ୍ଜ ଜିଲ୍ଲାର ଶିମିଳିପାଳ ଅଭୟାରଣ୍ୟରେ ୧୦ଟି କଳା ବାଘ ରହିଥିଲେ। ୨୦୦୭ ମସିହାରେ ଜଙ୍ଗଲ ମଧ୍ୟରେ ବିଭିନ୍ନ ସ୍ଥାନରେ ୨୫୦ରୁ ଟ୍ରାପ୍ କ୍ୟାମେରା ଲଗାଯାଇଥିଲା। ଉକ୍ତ କ୍ୟାମେରାରେ ଉକ୍ତ କଳା ମହାବଳ ବାଘର ଫଟୋ ସାମ୍ନାକୁ ଆସିଥିଲା। ତେବେ, ଅଲ୍ ଓଡ଼ିଶା ଟାଇଗର୍ ଏଷ୍ଟିମେଣ୍ଟ ଅନୁଯାୟୀ ରାଜ୍ୟରେ ମହାବଳ ବାଘ ସଂଖ୍ୟା ଶିମିଳିପାଳ ଅଭୟାରଣ୍ୟରେ ସର୍ବାଧିକ। ରାଜ୍ୟରେ ଥିବା ମହାବଳ ବାଘ ମଧ୍ୟରୁ ସର୍ବାଧିକ ୩୯ଟି ଶିମିଳିପାଳ ଅଭୟାରଣ୍ୟରେ ରହିଛନ୍ତି।




# 'ଚକ୍ରାନ୍ତ'ର ପୋଷ୍ଟ ପ୍ରଡକ୍ସନ୍ କାମ ଶେଷ

ଲକ୍ଷେଶ୍ୱର ପ୍ରଡକ୍ସନ୍ ବ୍ୟାନରରେ ପ୍ରସ୍ତୁତ ତଥା ସୌରଭ ପାଢ଼ୀଙ୍କ ପ୍ରଯୋଜିତ ନୂଆ ଓଡ଼ିଆ ଚଳଚ୍ଚିତ୍ର 'ଚକ୍ରାନ୍ତ'ର ପୋଷ୍ଟ ପ୍ରଡକ୍ସନ୍ ଶେଷ ହୋଇଛି। ଜାନୁଆରୀରେ ଶୁଭମୁକ୍ତି ପାଇଁ ପ୍ରସ୍ତୁତ ହୋଇସାରିଛି। ପ୍ରଥମଥର ପାଇଁ ଭୂମିକାଙ୍କ ସହିତ ନାୟକ ମଣ୍ଟୁ ନଜର ଆସୁଛନ୍ତି। ଏହି ସିନେମାର ଚିତ୍ରନାଟ୍ୟ ଓ ନିର୍ଦ୍ଦେଶନା ଭାର କାନ୍ଧେଇଛନ୍ତି ନିର୍ଦ୍ଦେଶକ ପିନୁ ନାୟକ। କାହାଣୀ ରଚନା କରିଛନ୍ତି ଦିଶା ପାଢ଼ୀ ଏବଂ ସଂଳାପ ରଚନା କରିଛନ୍ତି ଜିତେନ୍ଦ୍ର କୁମାର ବରାଳ। ଗୀତ ଡଃ ନିର୍ମଳ ନାୟକ ଏବଂ ଡଃ ରଘୁନାଥ ସାହୁ ରଚନା କରିଥିବା ବେଳେ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ଅଭିଜିତ ମଜୁମଦାର। ଚିତ୍ରଉତ୍ତୋଳନ ଦାୟିତ୍ୱରେ ସୁଦର୍ଶନ ସେନାପତି ଅଛନ୍ତି। କବିର ପ୍ରସାଦ ନୃତ୍ୟ ନିର୍ଦ୍ଦେଶନା ଦାୟିତ୍ୱ ତୁଲାଇଛନ୍ତି। ନାୟକ ଶୁଭାଶିଷ ଶର୍ମା (ମଣ୍ଟୁ), ନାୟିକା ଭୂମିକା ଦାଶ, ହରିହର ମହାପାତ୍ର, ଚୌଧୁରୀ ଜୟପ୍ରକାଶ ଦାସ, ପ୍ରଦ୍ୟୁମ୍ନ ଲେଙ୍କା, ଧରିତ୍ରୀ ଖଣ୍ଡୁଆଳ, ସୁରଭି, ସୌମ୍ୟ ଶତପଥୀ, ଶୁଭମ ପାଢ଼ୀ, ସୁମନ ମହାନ୍ତି, କୁସୁମ ତ୍ରିପାଠୀ, ପ୍ରମୋଦ ରାଉତ, ତୁଷାର, ଉମାକାନ୍ତ, ନିରଞ୍ଜନ ନିରୁଆ, ପୁଣ୍ୟତୋୟା ମିଶ୍ର, କ୍ରିଷ୍ଟାରାଣୀ ଦାଶ ଏବଂ ଅତିଥି କଳାକାର ଭାବେ ଅଶ୍ରୁମୋଚନ ମହାନ୍ତି ପ୍ରମୁଖ କଳାକାର ଅଭିନୟ କରୁଛନ୍ତି। ରହସ୍ୟ ଓ ରୋମାନ୍ସରେ ଭରା ଏଇ ଫିଲ୍ମଟି ହେଉଛି ଗୋଟିଏ ସମ୍ପୂର୍ଣ୍ଣ ଏଣ୍ଟରଟେନମେଣ୍ଟ ପ୍ୟାକେଜ୍। ଏଥିରେ ଭରପୂର କମେଡି ମଧ୍ୟ ଅଛି। ଫ୍ୟାମିଲି ଡ୍ରାମା ସହ ଲଭ୍ ରୋମାନ୍ସ ଥିବା ବେଳେ, ଆମ ଓଡ଼ିଶାର ଦୋଳ ପର୍ବ ଅତି ଜାକଜମକରେ ଦେଖିବାକୁ ମିଳିବ।। ଏହି ଫିଲ୍ମ ରେ, ଗାଁ ପରିବେଶ ତଥା ଆମ ମାଟିର ବାସ୍ନା ଅନୁଭବ କରି ହେବ। ■

# ପ୍ରଶଂସା ସାଉଁଟୁଛି ଅଭିଜି ଙ୍କ 'ସଜନା'

# ଅଭିନେତ୍ରୀ ସୂର୍ଯ୍ୟମୟୀଙ୍କ ପ୍ରଥମ ହିନ୍ଦୀ ଗୀତ



ରିଲିଜ୍ ହୋଇଛି ଓଡ଼ିଆ ସଂଗୀତ ନିର୍ଦ୍ଦେଶକ ତଥା କଣ୍ଠଶିଳ୍ପୀ ଅଭିଜିତ ମିଶ୍ରଙ୍କ ଆଉ ଏକ ହିନ୍ଦୀ ମ୍ୟୁଜିକ୍ ଭିଡିଓ 'ସଜନା'। ଯାହା ଦର୍ଶକଙ୍କ ହୃଦୟ ଜିଣୁଥିବା ବେଳେ ୟୁଟ୍ୟୁବରେ ଖୁବ୍ ପ୍ରଶଂସା ସାଉଁଟୁଛି। 'ସଜନା' ଏକ ହୃଦୟସ୍ପର୍ଶୀ ହିନ୍ଦୀ ପପ୍-କ୍ଲାସିକାଲ୍ ଫ୍ୟୁଜନ୍। ସଂଗୀତରେ ସବୁବେଳେ ପରୀକ୍ଷା ନିରୀକ୍ଷାରେ ବିଶ୍ୱାସ କରୁଥିବା ଅଭିଜିତଙ୍କୁ ଏକ ସ୍ୱତନ୍ତ୍ର ପରିଚୟ ଦେଇଛି। 'ସଜନା' ଚିରନ୍ତନ ପ୍ରେମର ଚିର ସବୁଜ ପ୍ରତୀକ। ଯେଉଁଠି ଗୋଟେ ପ୍ରେମିକା ନିଜ ପ୍ରେମିକ ପାଇଁ ଅନ୍ତରର ଅଭିମାନକୁ ଭାଙ୍ଗି ଅତୀତର ସ୍ମୃତିକୁ ମନେପକାଇ ଆପଣାର ମନର ମଣିଷକୁ ଆମନ୍ତ୍ରଣ କରୁଛି। ଗୀତଟି ବିଚ୍ଛେଦର କୋମଳ ଯନ୍ତ୍ରଣାକୁ ପ୍ରତିଫଳିତ କରୁଥିବା ବେଳେ ନାୟିକାଙ୍କ ଆତ୍ମସଂଗୀତକୁ ଗାଇ ଶୁଣେଇଛନ୍ତି କଣ୍ଠଶିଳ୍ପୀ ଅଭିଜିତ ମିଶ୍ର। ଏହି ମ୍ୟୁଜିକ୍ ଭିଡିଓରେ ଓଲିଉଡ୍ ନାୟିକା ସୂର୍ଯ୍ୟମୟୀ ମହାପାତ୍ର ଅତି ନିଖୁଣ ଭାବେ ଅଭିନୟ କରିଛନ୍ତି। 'ସଜନା' ସୂର୍ଯ୍ୟମୟୀଙ୍କ ପ୍ରଥମ ହିନ୍ଦୀ ଗୀତ ହୋଇଥିବା ବେଳେ ଏହି ମ୍ୟୁଜିକ ଭିଡିଓ କରି ସେ ବେଶ୍ ଖୁସି ଥିବାବେଳେ ନୂଆ ଧାରା ସୃଷ୍ଟି କରିଛନ୍ତି। ତେବେ ସଜନାରେ ଅଭିଜିତ ମିଶ୍ର ଉଭୟ କଣ୍ଠଦାନ ସହ ସଙ୍ଗୀତ ନିର୍ଦ୍ଦେଶନାର ଭାର ସମ୍ଭାଳି ଥିବା ବେଳେ ରାଜକୁମାର ମାହାତୋ ଗୀତ ରଚନା କରିଛନ୍ତି। ୩୦୦ରୁ ଅଧିକ ଗୀତରେ ନିଜ ନିଆରା ଅନ୍ଦାଜ ପାଇଁ ଦର୍ଶକଙ୍କ ପ୍ରିୟ ପାଲଟିଥିବା ଅଭିଜିତ 'ସଜନା'କୁ ନେଇ ବେଶ୍ ଆଶାବାଦୀ ଅଛନ୍ତି। ■



ଟେଲିଭିଜନ ପ୍ରିମିୟର

# 'ଗଙ୍ଗା, ଯମୁନା, ସରସ୍ୱତୀ'

ଆଜି ସନ୍ଧ୍ୟା ୬ଟା ୩୦ରେ ତରଙ୍ଗ ଟିଭିରେ ଟେଲିଭିଜନ ପ୍ରିମିୟର୍ ହେବ 'ଗଙ୍ଗା, ଯମୁନା, ସରସ୍ୱତୀ'। ସିନେମାର ମୁଖ୍ୟ ଚରିତ୍ରରେ ନଜର ଆସିବେ ଶ୍ରଦ୍ଧା। ଶ୍ରଦ୍ଧା ଏଥିରେ ଗଙ୍ଗା, ଯମୁନା ଏବଂ ସରସ୍ୱତୀ ତିନିଟି ଚରିତ୍ରରେ ଅଭିନୟ କରିଛନ୍ତି। ସିନେମାର ନିର୍ଦ୍ଦେଶନା, କାହାଣୀ ଓ ଚିତ୍ରନାଟ୍ୟରେ ଅଛନ୍ତି ସଞ୍ଜୟ ନାୟକ। ପ୍ରଯୋଜନାରେ ଅଛନ୍ତି କ୍ଷୀରୋଦ ପଟ୍ଟନାୟକ। ସଂଗୀତରେ ସନ୍ଦୀପ ପଣ୍ଡା ଥିବା ବେଳେ ଗୀତ ରଚନା କରିଛନ୍ତି ନିର୍ମଳ ନାୟକ ଓ ସନ୍ଦୀପ। ସେହିପରି ସିନେମାଟିର ବିଭିନ୍ନ ଗୀତରେ କଣ୍ଠଦାନ କରିଛନ୍ତି ଗୌରବ ଆନନ୍ଦ, ଏସ୍. ଜିତୁ, ପାୟଲ ମହାନ୍ତି। ଶ୍ରଦ୍ଧାଙ୍କ ବ୍ୟତୀତ ସିନେମାରେ ଅଙ୍କିତ କୁମାର, ବିକ୍ରମ କେଶରୀ ମହାନ୍ତି, ରଶ୍ମି, ଜ୍ୟୋତି ପ୍ରକାଶ ପଣ୍ଡା, ଅଭିନବ ସିଂହ ପ୍ରମୁଖ କଳାକାର ଅଭିନୟ କରିଛନ୍ତି। ତେବେ ସିନେମାଟିକୁ ଦର୍ଶକେ ପସନ୍ଦ କରିବେ ବୋଲି ଏହାର ଟିମ୍ ଆଶାବାଦୀ ଅଛି। ■




# ମାଣବସା ଗୁରୁବାରରେ 'ଲକ୍ଷ୍ମୀପୁରାଣ'

ଲୋକପ୍ରିୟ ଚ୍ୟାନେଲ ଜୀ ସାର୍ଥକ ଚଳିତ ମାର୍ଗଶିର ମାସ ମାଣବସା ଗୁରୁବାରରେ ନେଇ ଆସିଛି ବଳରାମ ଦାସଙ୍କ ଅନନ୍ୟ କୃତି 'ଲକ୍ଷ୍ମୀ ପୁରାଣ'। ପ୍ରତିବର୍ଷ ପରି ଏ ବର୍ଷ ମଧ୍ୟ ଦର୍ଶକ ଏଥିରେ 'ଲକ୍ଷ୍ମୀ ପୁରାଣ' ପ୍ରତି ଗୁରୁବାର ଭୋର ୫ଟା, ସକାଳ ୭ଟା ଓ ଅପରାହ୍ନ ୪ଟା ସମୟରେ ଦେଖିବାର ସୁଯୋଗ ପାଇଛନ୍ତି। ଏଥିରେ ମୁଖ୍ୟ ଚରିତ୍ର ସହ ଲକ୍ଷ୍ମୀ ପୁରାଣକୁ ଆବୃତ୍ତି କରିଛନ୍ତି ଓଡ଼ିଆ ଦର୍ଶକଙ୍କର ଅତିପ୍ରିୟ ସ୍ମୃତିରେଖା, ଅନନ୍ୟା ଓ ଅଙ୍କିତା। ଆବୃତ୍ତି ସହିତ ଲକ୍ଷ୍ମୀ ପୁରାଣକୁ ଚିତ୍ର ଓ ଅଭିନୟ ମାଧ୍ୟମରେ ମଧ୍ୟ ଉପସ୍ଥାପନ କରାଯାଇଛି। ଏହି ବିଶେଷ କାର୍ଯ୍ୟକ୍ରମକୁ ଦେଖି ଆମ ସଂସ୍କୃତି ଓ ପରମ୍ପରା ସହିତ ଦର୍ଶକେ ଯୋଡ଼ି ହେବା ଆଶା କରାଯାଉଛି। ■

ପରଦା ପଛର କାହାଣୀ

# ରେକର୍ଡିଂ ପୂର୍ବରୁ ଗୀତର ସୁଟିଂ

ସାଧାରଣତଃ ଫିଲ୍ମ ଗୀତଗୁଡ଼ିକ ପ୍ରଥମେ ରେକର୍ଡିଂ କରାଯାଇଥାଏ। ତାପରେ ଗୀତ ଅନୁଯାୟୀ ଏହାର ଦୃଶ୍ୟ ସୁଟିଂ ହୋଇଥାଏ। କିନ୍ତୁ ଏଭଳି ଏକ ଗୀତ ରହିଛି, ଯାହାର ଗୀତ ରେକର୍ଡିଂ ପୂର୍ବରୁ ପ୍ରଥମେ ଦୃଶ୍ୟର ସୁଟିଂ ହୋଇଥିଲା। ଏହି ଗୀତଟି ଥିଲା 'ପଟାଖା ଗୁଡ୍ଡି'। ୧୧ ବର୍ଷ ତଳେ ଆସିଥିବା ଏହି ଗୀତ ରାତାରାତି ସୁପରହିଟ୍ ହୋଇଥିଲା। ୨୦୧୪ ମସିହାରେ ମୁକ୍ତିଲାଭ କରିଥିବା ଫିଲ୍ମ 'ହାଇୱେ'ର ଏହା ଏକ ଲୋକପ୍ରିୟ ଗୀତ। ଏହି ଗୀତକୁ ନୁରନ୍ ସିଷ୍ଟର୍ସ ଗାଇଥିଲେ। ଏହାର ମ୍ୟୁଜିକ୍ ଓ କମ୍ପୋଜିସନ୍ ଏଆର୍ ରେହମାନ୍ କରିଥିଲେ। ଗୀତକୁ ରଚନା କରିଥିଲେ ଇରଶାଦ୍ କାମିଲ। ଏହା ଫିଲ୍ମ ଇଣ୍ଡଷ୍ଟ୍ରୀର ପ୍ରଥମ ଗୀତ ଯାହା ରେକର୍ଡିଂ ପୂର୍ବରୁ ପ୍ରଥମେ ସୁଟିଂ ହୋଇଥିଲା। ଇମତିୟାଜ୍ ଅଲ୍ଲୀ ପ୍ରଥମେ ଏହି ଗୀତର ଭିଜୁଆଲ୍ ସୁଟ୍ କରିସାରିଥିଲେ। ସେ ଲୋକେସନ୍, ମୁଡ୍ ଓ ଚରିତ୍ର ଅନୁଯାୟୀ ସ୍ଥାନ ନିରୂପଣ କରିଥିଲେ। ପରେ ଏ.ଆର୍. ରେହମାନଙ୍କୁ ପ୍ରଶ୍ନ କରିଥିଲେ, ଗୀତ ପାଇଁ କେଉଁଭଳି



ପରିବେଶ ଆବଶ୍ୟକ। ହିନ୍ଦୀ ସିନେମାରେ ଏପରି ଦୃଶ୍ୟ ଖୁବ୍ କମ୍ ଦେଖିବାକୁ ମିଳିଥାଏ। ଇମତିୟାଜ୍ ଅଲ୍ଲୀ ଗୀତରେ ବାସ୍ତବ ଯାତ୍ରା ଓ ନୂତନତ୍ୱର ଏକ ଝଲକ ଦେଖାଇବାକୁ ଚାହୁଁଥିଲେ। କେବଳ ସେତିକି ନୁହେଁ, ସୁଟିଂ ଯାଏଁ ଗୀତର ଧୁନ୍ ମଧ୍ୟ ଜଣା ନ ଥିଲା। କିନ୍ତୁ ସେ ଆଲିୟା ଓ ରଣଦୀପ ହୁଡ୍ଡାଙ୍କୁ ନେଇ ଏପରି ଦୃଶ୍ୟ ସୁଟ୍ କରିଥିଲେ, ଯେଉଁଥିରେ ସ୍ୱାଧୀନତା ଓ ବେଫିକର୍ ହୋଇ ବୁଲିବାର ଦିଶୁଥିଲେ। ପରବର୍ତ୍ତୀ ସମୟରେ ରେହମାନ୍ ଏହି ଦୃଶ୍ୟ ଦେଖିବା ପରେ ଫିଲ୍ମର ଗୀତ ରଚନା ଓ ସ୍ୱର ସଂଯୋଜନା କରିଥିଲେ। ଏଥିପାଇଁ ଏହି ଗୀତରେ ଏକ ବାସ୍ତବ, ଜୀବନ୍ତ ଦୃଶ୍ୟର ଅନୁଭୂତି ଦେଖିବାକୁ ମିଳିଥିଲା। ଏହାକୁ ପଞ୍ଜାବ ଓ ହରିୟାଣାର ସୁନ୍ଦର ରାସ୍ତାରେ ସୁଟିଂ କରାଯାଇଥିଲା। ଖୋଲାପ୍ରାନ୍ତର, ରାସ୍ତା ଓ ଟ୍ରକ୍‌ସବାରୀ ଗୀତରେ ଏକ ନିଆରା ଅନୁଭୂତି ଦେଇଥିଲା। ୨୫ କୋଟିରେ ନିର୍ମିତ ଏହି ଫିଲ୍ମ ବକ୍ସ ଅଫିସ୍‌ରେ ଦ୍ୱିଗୁଣା ଆୟ କରିଥିଲା। ■

ସାକ୍ଷାତକାର

ବାପା ତାଙ୍କର କଳା ଜଗତ ସହିତ ଜଡ଼ିତ ଥିଲେ। ତାଙ୍କୁ ଦେଖି ସେ ବି ଜଣେ ଅଭିନେତ୍ରୀ ହେବାକୁ ଚାହିଁଥିଲେ। ସ୍କୁଲରୁ କଲେଜ ସବୁଠି ଏକକ ଅଭିନୟ କରି ସେ ଦର୍ଶକଙ୍କ ମନ କିଣି ପାରୁଥିଲେ। ଅଭିନେତ୍ରୀ ହେବାର ଜିଦ୍ ତାଙ୍କୁ ପରବର୍ତ୍ତୀ ସମୟରେ ଦେଇଥିଲା ସଫଳତା। ଏଭଳି ଜଣେ ବହୁମୁଖୀ ପ୍ରତିଭାର ଅଧିକାରିଣୀ ହେଉଛନ୍ତି କେଉଁଝର ଜିଲ୍ଲା ଆନନ୍ଦପୁରର ମାମାଲି ସାହୁ। କମେଡିରୁ କାମ ଆରମ୍ଭ କରି 'ମୋ ଶାଶୂର ଶାଶୂମା'ରେ ଚମତ୍କାର ଅଭିନୟ କରିଛନ୍ତି। ସେ ଏକାଧିକ କ୍ଷୁଦ୍ର ଚଳଚ୍ଚିତ୍ରରେ କାମ କରିଛନ୍ତି। ନିକଟରେ ସେ 'ଚାରିଧାମ' ସିନେମାରେ ଅଭିନୟ କରି ଦର୍ଶକଙ୍କ ମନ କିଣିଛନ୍ତି। ଜଣେ ଅଭିନେତ୍ରୀ ହେବାକୁ ତାଙ୍କୁ କେତେ ସଂଘର୍ଷ କରିବାକୁ ପଡ଼ିଛି ଜାଣିବା ତାଙ୍କ ମୁହଁରୁ।

# "ଭିନ୍ନ ଭିନ୍ନ ଚରିତ୍ରରେ ଅଭିନୟ କରିବାକୁ ଭଲ ଲାଗେ"



ମାମାଲି ସାହୁ, ଅଭିନେତ୍ରୀ

**ଅଭିନେତ୍ରୀ ହେବାକୁ କାହିଁକି ମନ ବଳାଇଥିଲେ?**

● ପିଲାଟି ଦିନେ ଟିଭିରେ ଯାହା ଦେଖୁଥିଲି ତାକୁ ନକଲ କରୁଥିଲି। 'ଛଅ ମାଣ ଆଠ ଗୁଣ୍ଠ', 'ବଡ଼ ଘର ବଡ଼ ଗୁମର କଥା' ଆଦି ଧାରାବାହିକ ମୋର ପ୍ରିୟ ଥିଲା। ସେଥିରେ ଶ୍ୱେତା ଆଚାର୍ଯ୍ୟଙ୍କ ନେଗେଟିଭ୍ ଚରିତ୍ରକୁ ମୁଁ ଅନୁକରଣ କରୁଥିଲି। ତାଙ୍କର ମୁଁ ପ୍ରଶଂସକ ଥିଲି। ତାଙ୍କ ପରି ଅଭିନୟ କରିବାକୁ ସ୍ୱପ୍ନ ଦେଖୁଥିଲି। ଯେହେତୁ ମୋ ପିତା କଳା ଲାଇନ୍‌ରେ ଥିଲେ ସେ ବି ଚାହୁଁଥିଲେ ଝିଅ ଅଭିନେତ୍ରୀ ହେଉ। ତେଣୁ ମୋର ଏହି ଯାତ୍ରା ସହଜ ହୋଇଯାଇଥିଲା। ପ୍ରଥମେ ପ୍ରଜ୍ଞା ଭାଇଙ୍କ ସହିତ କିଛି କମେଡି କରିଲି। ପରେ ଧାରାବାହିକ 'ମୋ ଶାଶୂର ଶାଶୂମା'ରେ କମେଡି ଚରିତ୍ରରେ ନଜର ଆସିଥିଲି। ପରବର୍ତ୍ତୀ ସମୟରେ 'ଆଭା', 'ଦୁର୍ଗା' ସିନେମାରେ କାମ କରିବାକୁ ସୌଭାଗ୍ୟ ଲାଭ କରିଛି। ସେହିଭଳି 'ବେଶୀ ଜମା ଭଲ ନୁହେଁ' ଆଦି କ୍ଷୁଦ୍ର ଚଳଚ୍ଚିତ୍ରରେ ଅଭିନୟ କରିଛି। ଦର୍ଶକଙ୍କ ଭଲ ପାଇବା ପାଇଛି।

**କମେଡି ସିନ୍‌ରୁ ସିନେମାରେ ନେଗେଟିଭ୍ ଚରିତ୍ର କରିବା କେତେ ଚ୍ୟାଲେଞ୍ଜପୂର୍ଣ୍ଣ ଥିଲା?**

● କମେଡି ଆଉ ଅଭିନୟ ଏ ଦୁଇଟି ମୋତେ କରିବାର ଥିଲା। ଜଣେ ଅଭିନେତ୍ରୀ ସବୁ ଚରିତ୍ର କରିପାରିବ। ଏହି କଥାକୁ ମନେ ରଖି ସିନେମାରେ ଅଭିନୟ କରିଛି। 'ଆଭା' ସିନେମାରେ ମୁଁ ଜଣେ ଶିକ୍ଷୟିତ୍ରୀ ଭାବେ ଅଭିନୟ କରିଥିଲି। 'ଦୁର୍ଗା' ଚଳଚ୍ଚତ୍ରରେ ମୁଁ ନେଗେଟିଭ୍ ଚରିତ୍ରରେ ଅଭିନୟ କରିଥିଲି। 'ଚାରିଧାମ'ରେ ମୁଁ ବୋହୂ ଭୂମିକାରେ ନଜର ଆସିଥିଲି। ଯିଏକି ନିଜର ଶାଶୂ ଏବଂ ଶ୍ୱଶୁରଙ୍କୁ ବୃଦ୍ଧାଶ୍ରମକୁ ପଠାଇ ଦେଉଛି। ଯଦିଓ କମ୍ ସମୟ ପାଇଁ ଏହି ଚରିତ୍ର ଥିଲା। ହେଲେ ଦର୍ଶକ ମୋ ଚରିତ୍ରକୁ ବହୁତ ଭଲପାଇବା ଦେଇଛନ୍ତି। କେବଳ 'ଚାରିଧାମ' ନୁହେଁ 'ଆଭା' ସିନେମାଟି ମୋତେ ଲୋକପ୍ରିୟ କରାଇଛି।

**'ଚାରିଧାମ'ରେ କାମ କରିବାକୁ କେମିତି ସୁଯୋଗ ମିଳିଲା?**

● 'ଚାରିଧାମ' ସିନେମାରେ ଅଭିନୟ କରିବା ପୂର୍ବରୁ ମୁଁ କିଛି ସିନେମାରେ କାମ କରିସାରିଥିଲି। ଏହାକୁ ଦେଖି ତାପସ ସରଘରିଆ ଭାଇ 'ଚାରିଧାମ' ପରି ସିନେମାରେ କାମ କରିବାକୁ ସୁଯୋଗ ଦେଇଥିଲେ। ଆଉ ଚରିତ୍ର ଭଲ କେମିତି କରିବି ସେ ନେଇ ସେ ଗାଇଡ୍ କରିଥିଲେ। ତେଣୁ 'ଚାରିଧାମ' ପରି ସିନେମା କରିବା ସୌଭାଗ୍ୟର ବିଷୟ। ବହୁତ ଖୁସି ଲାଗିଥିଲା ଏହି ସିନେମାକୁ ନେଇ।

**ଫିଟ୍ ରହିବାକୁ କଣ କରନ୍ତି?**

● ଆଗରୁ ଧାରାବାହିକରେ କାମ କରୁଥିଲି। ସେଥିପାଇଁ ରାତି ରାତି ଅନିଦ୍ରା ରହିବାକୁ ପଡୁଥିଲା। ଏହା ଦ୍ୱାରା ମୋର ସ୍ୱାସ୍ଥ୍ୟ ସମସ୍ୟା ଦେଖାଦେଇଥିଲା। ତେଣୁ ଧାରାବାହିକ କାମ ଛାଡ଼ି ନିଜକୁ ସମୟ ଦେଉଛି। ନିଜର ଖାଦ୍ୟପେୟକୁ ଗୁରୁତ୍ୱ ଦିଏ। ବ୍ୟାୟାମ ଓ ଯୋଗ କରେ।

**ଡ୍ରିମ ରୋଲ?**

● ନେଗେଟିଭ୍ ଏବଂ ଲାଜକୁଳା ଚରିତ୍ରରେ କାମ କରିବାକୁ ଇଚ୍ଛା ରଖିଛି। ମୌଳିକଧର୍ମୀ କାହାଣୀର ସିନେମାରେ କାମ କରିବାକୁ ଯୋଜନା ରଖିଛି। ଯାହା ବି ମୋତେ ଚରିତ୍ର ମିଳିବ ସେଥିରେ କିପରି ଭଲ କାମ କରିବି ତାହାକୁ ଗୁରୁତ୍ୱ ଦେଉଛି।

**ଭଲ ଅଭିନୟ କରିବାକୁ କେମିତି ନିଜକୁ ପ୍ରସ୍ତୁତ କରନ୍ତି?**

● ଚରିତ୍ରକୁ ନିଖୁଣ ଭାବେ ଫୁଟାଇବାକୁ ମୁଁ ଦର୍ପଣ ସାମ୍ନାରେ ଅଭ୍ୟାସ କରେ। ମୋ ମୁହଁର ଭାବ, ବେଶ ପରିପାଟୀ ଖାପ ଖାଉଛି କି ନାହିଁ, କେମିତି ମୋ ଅଙ୍ଗଭଙ୍ଗୀ ରହିବ ତାହାକୁ ସବୁ ଧ୍ୟାନ ଦିଏ। ଭିନ୍ନ ଭିନ୍ନ ଭାଷାଭାଷୀର ସିନେମା ଦେଖି ସମସ୍ତ ଚରିତ୍ରକୁ ଅନୁକରଣ କରେ।

**କଳା କ୍ଷେତ୍ରକୁ ନୂଆ କରି ଆସୁଥିବା ପିଲାଙ୍କୁ କ'ଣ କହିବେ?**

● ନୂଆ ପିଢ଼ିଙ୍କୁ ଏତିକି କହିବି ଏ ଲାଇନ୍‌କୁ ଆସୁଥିଲେ, ନିଜକୁ ଭଲ ଭାବେ ପ୍ରସ୍ତୁତ କରି ଆସନ୍ତୁ। ଧୀରେ ଧୀରେ କାମ ଆରମ୍ଭ କରନ୍ତୁ। କାରଣ ଛୋଟ ଛୋଟ କଥା ମଣିଷଙ୍କୁ ବଡ଼ ସଫଳତା ଦେଇଥାଏ। ଯାହା ବି ଚରିତ୍ର ମିଳୁଛି, ତାକୁ କେମିତି ସଠିକ୍ ଭାବେ ତୁଲାଇବେ ସେ କଥାକୁ ଧ୍ୟାନ ଦିଅନ୍ତୁ। ପ୍ରତ୍ୟେକ କ୍ଷେତ୍ରରେ ଶିଖିବାର ଆବଶ୍ୟକତା ରହିଛି। ଶିଖିଲେ ହିଁ ମଣିଷ ଆଗକୁ ବଢ଼ିବ। ■

## ଦ.ଆଫ୍ରିକା ଧରାଶାୟୀ; ଭାରତ ନିୟନ୍ତ୍ରଣରେ ମ୍ୟାଚ୍

# ଇଡେନ୍‌ରେ ବୋଲରଙ୍କ ରାଜୁତି ଜାରି

କୋଲକାତା, ୧୫ ।୧୧ (ଏଜେନ୍ସି):

ଘରୋଇ ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ସ୍ଥାନୀୟ ଇଡେନ ଗାର୍ଡେନ୍ସ ଷ୍ଟାଡିୟମରେ ଚାଲିଥିବା ପ୍ରଥମ ଟେଷ୍ଟରେ ବୋଲରଙ୍କ ରାଜୁତି ଜାରି ରହିଛି। ପ୍ରଥମ ଦିବସରେ ୧୧ ୱିକେଟ୍‌ର ପତନ ଘଟିଥିବାବେଳେ ଶନିବାର ଆଉ ୧୫ଟି ୱିକେଟ୍ ପଡ଼ିଛି। ଦୁଇଦିନରେ ମୋଟ୍ ୨୬ଟି ୱିକେଟର ପତନ ଘଟିସାରିଲାଣି।

୩୦ ରନ ପଛରେ ଥାଇ ଦ୍ୱିତୀୟ ଇନିଂସ ଆରମ୍ଭ କରିଥିବା ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା ଭୟଙ୍କର ବିପର୍ଯ୍ୟୟର ସମ୍ମୁଖୀନ ହୋଇଛି। ଶନିବାର ଦ୍ୱିତୀୟ ଦିବସ ଷ୍ଟମ୍ପ ସୁଦ୍ଧା ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୩୫ ଓଭରରେ ୭ ୱିକେଟ୍ ହରାଇ ୯୩ ରନ ସଂଗ୍ରହ କରିଛି। ଅଧିନାୟକ ତେମ୍ବା ବଭୁମା ୨୯ ଓ କୋର୍ବିନ ବୋଶ୍ ୧ ରନରେ ଅପରାଜିତ ରହିଛନ୍ତି। ମାର୍କୋ ଜାନସେନ ୧୩, ର୍ୟାନ ରିକ୍ଲେଟନ ୧୧, ୱିଆନ ମଲ୍ଡର ୧୧, କାଏଲ ଭେରେନୀ ୯, ଆଇଡେନ ମାର୍କରମ ୪, ତ୍ରିଷ୍ଟାନ ଷ୍ଟବ୍ସ ୫, ଟୋନି ଡି ଜୋରଜି ୨ ରନରେ ଆଉଟ୍ ହୋଇଥିଲେ। ଘରୋଇ ଦଳ ପକ୍ଷରୁ ରବୀନ୍ଦ୍ର ଜାଡେଜା ୪ଟି ୱିକେଟ୍ ନେଇ ସବୁଠୁ ସଫଳ ବୋଲର ରହିଥିଲେ। କୁଲଦୀପ୍ ଯାଦବ ୨ ଓ ଅକ୍ଷର ପଟେଲ ଗୋଟିଏ ୱିକେଟ୍ ନେଇଛନ୍ତି। ଦ୍ୱିତୀୟ ଇନିଂସରେ ୩ ୱିକେଟ୍ ବଳକା ଥାଇ ଦକ୍ଷିଣ ଆଫ୍ରିକା ମୋଟ୍ ୬୩ ରନରେ ଅଗ୍ରଣୀ ରହିଛି। ମ୍ୟାଚ୍ ଆହୁରି ୩ ଦିନ ବାକି ରହିଥିବାରୁ ଭାରତ ଏବେ ଦୃଢ଼ସ୍ଥିତିରେ ରହିଛି।

### ଦ୍ୱିତୀୟ ଦିନରେ ୧୫ ୱିକେଟ୍‌ର ପତନ

### ରାହୁଲଙ୍କ ୪ ହଜାର ରନ ପୂରଣ

ପୂର୍ବରୁ ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସରେ ୧୫୯ ରନରେ ସୀମିତ ରହିବା ପରେ ଭାରତ ପ୍ରଥମ ଦିବସ ସୁଦ୍ଧା ଗୋଟିଏ ୱିକେଟ୍‌ରେ ୩୭ ରନ କରିଥିଲା। ଶନିବାର ଏହି ଅସମାପ୍ତ ସ୍କୋରରୁ ବ୍ୟାଟିଂ ଆରମ୍ଭ କରିଥିବା ଭାରତ ମଧ୍ୟ ନିୟମିତ ଅନ୍ତରରେ ୱିକେଟ୍ ହରାଇ ୬୨.୨ ଓଭରରେ ୧୮୯ ରନରେ ସୀମିତ ରହିଥିଲା। ଓପନର୍ ଲୋକେଶ ରାହୁଲ ସର୍ବାଧିକ ୩୯ ରନ କରିଥିଲେ। ଏହିକ୍ରମରେ ସେ ୧୮ତମ ଭାରତୀୟ ଭାବେ ଟେଷ୍ଟରେ ୪ ହଜାର ରନ ପୂରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ୱାଶିଂଟନ ସୁନ୍ଦର ୨୯, ଋଷଭ ପନ୍ତ ୨୭, ଜାଡେଜା ୨୭, ଅକ୍ଷର ୧୬, ଧ୍ରୁବ ଜୁରେଲ ୧୪, ଯଶସ୍ୱୀ ଜୟସ୍ୱାଲ ୧୨ ରନ କରିଥିଲେ। ଅଧିନାୟକ ଶୁବମନ ଗିଲ୍ ୪ ରନ କରିଥିବାବେଳେ ବେକରେ ଆଘାତ ପାଇ ରିଟାୟର୍ଡ ହର୍ଟ ହୋଇଥିଲେ। ଭ୍ରମଣକାରୀ ଦଳ ପକ୍ଷରୁ ସାଇମନ ହାର୍ମର ୪ ଓ ମାର୍କୋ ଜାନସେନ ୩ଟି ୱିକେଟ ହାସଲ କରିଥିଲେ।



**ସଂକ୍ଷିପ୍ତ ସ୍କୋର**

**ଦକ୍ଷିଣ ଆଫ୍ରିକା ପ୍ରଥମ ଇନିଂସ: ୧୫୯/୧୦**
**ଭାରତ ପ୍ରଥମ ଇନିଂସ: ୧୮୯/୯** (ଗିଲ୍- ରିଟାୟାର୍ଡ ହର୍ଟ୍- ୪, ରାହୁଲ- ୩୯, ୱାଶିଂଟନ- ୨୯, ଜାଡେଜା- ୨୭, ପନ୍ତ- ୨୭, ଜୁରେଲ- ୧୪, ଅକ୍ଷର- ୧୬, ହାର୍ମର- ୪/୩୦, ଜାନସେନ- ୩/୩୫)।
**ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସ: ୯୩/୭, ୩୫ ଓଭର** (ବଭୁମା- ୨୯, ଜନସେନ- ୧୩, ମଲ୍ଡର- ୧୧, ମାର୍କରମ- ୪, ଷ୍ଟବ୍ସ- ୫, ଜାଡେଜା- ୪/୨୯, କୁଲଦୀପ୍- ୨/୧୨)।


## ଆଇପିଏଲ୍-୧୯: ଖେଳାଳି ରିଟେନ୍‌ସନ୍ ତାଲିକା ଜାରି

# ଜାଡେଜାଙ୍କୁ ଛାଡ଼ି ସଞ୍ଜୁଙ୍କୁ ଆଣିଲା ସିଏସ୍‌କେ

ନୂଆଦିଲ୍ଲୀ, ୧୫ ।୧୧ (ଏଜେନ୍ସି): ଆଇପିଏଲ୍‌ର ଆଗାମୀ ୧୯ତମ ସିଜନ ଲାଗି ଶନିବାର ଥିବା ରିଟେନସନ୍ ତାଲିକାର ଜାରି କରିବାର ଶେଷଦିନ। ଏହି ଅବସରରେ ସମସ୍ତ ୧୦ଟି ଫ୍ରାଞ୍ଚାଇଜ କେଉଁ ଖେଳାଳିଙ୍କୁ ଦଳରେ ରଖିଲେ ଓ କାହାକୁ ଡିସେମ୍ବର ୧୬ ତାରିଖରେ ହେବାକୁ ଥିବା ମିନି ନିଲାମୀକୁ ଛାଡ଼ିଲେ ତାହାର ତାଲିକା ଜାରି କରିଛନ୍ତି। ସେହିଭଳି ଫ୍ରାଞ୍ଚାଇଜ-ଫ୍ରାଞ୍ଚାଇଜ ମଧ୍ୟରେ ଖେଳାଳି ଅଦଳବଦଳ ନେଇ ଟ୍ରେଡ୍ ଡିଲ୍ ମଧ୍ୟ ହୋଇଛି। ଏହିକ୍ରମରେ ସବୁଠୁ ବଡ଼ ଅଦଳବଦଳ ହୋଇଛି ଚେନ୍ନାଇ ସୁପର୍ କିଙ୍ଗ୍‌ସ (ସିଏସ୍‌କେ) ଓ ରାଜସ୍ଥାନ ରୟାଲ୍ସ ମଧ୍ୟରେ। ପାଞ୍ଚଥରର ଚାମ୍ପିଅନ ଚେନ୍ନାଇ ସୁପର୍ କିଙ୍ଗ୍‌ସ ଏହାର ଶ୍ରେଷ୍ଠ ଅଲ୍‌ରାଉଣ୍ଡର ରବୀନ୍ଦ୍ର ଜାଡେଜାଙ୍କୁ ନେଇ ରାଜସ୍ଥାନ ସହ ଟ୍ରେଡ୍ ଡିଲ୍ କରିଛି। ଜାଡେଜା ରାଜସ୍ଥାନକୁ ଯାଇଥିବାବେଳେ ରାଜସ୍ଥାନର ନିର୍ଭରଯୋଗ୍ୟ ବ୍ୟାଟର୍ ସଞ୍ଜୁ ସାମସନ ଚେନ୍ନଇ ଦଳରେ ସାମିଲ ହୋଇଛନ୍ତି। ସିଏସ୍‌କେର ବାସନ୍ଦ ୨ ବର୍ଷ (୨୦୧୬ ଓ ୨୦୧୭)କୁ ଛାଡ଼ି ଜାଡେଜା ୨୦୧୨ରୁ ଏହି ଫ୍ରାଞ୍ଚାଇଜ ପାଇଁ ଖେଳୁଛନ୍ତି। ତାଙ୍କର ମୂଲ୍ୟ ୧୪ କୋଟି ଟଙ୍କା ରହିଥିଲା। ଏଥିପୂର୍ବରୁ ଜାଡେଜା ଆଇପିଏଲ୍ ଆରମ୍ଭ ସମୟରେ ରାଜସ୍ଥାନ ଦଳର ସଦସ୍ୟ ଥିଲେ। 'ଏବେ ଜାଡେଜାଙ୍କ ଘର ବାହୁଡ଼ା ହୋଇଛି' ବୋଲି ରାଜସ୍ଥାନର ମାଲିକ ମନୋଜ ବଦଲେ କହିଛନ୍ତି। ଅପରପକ୍ଷରେ ମହେନ୍ଦ୍ର ସିଂ ଧୋନିଙ୍କଠାରୁ ସବୁଜ ସଙ୍କେତ ପାଇବା ପରେ ସିଏସ୍‌କେ ଜାଡେଜାଙ୍କୁ ଛାଡ଼ିଥିବା କୁହାଯାଉଛି। ଅପରପକ୍ଷରେ ଅନ୍ୟ ବଡ଼ ଡିଲ୍ ମଧ୍ୟରେ ସନରାଇଜର୍ସ ହାଇଦରାବାଦ୍‌ର ମହମ୍ମଦ ସାମି ଟ୍ରେଡ୍ ଡିଲ୍‌ରେ ଲକ୍ଷ୍ନୌ ସୁପର୍ ଜାଏଣ୍ଟ୍‌ସକୁ ଯାଇଛନ୍ତି। ସେହିଭଳି ସାମ୍ କୁରନ ଚେନ୍ନାଇରୁ ରାଜସ୍ଥାନକୁ, ନୀତୀଶ ରାଣା ରାଜସ୍ଥାନରୁ ଦିଲ୍ଲୀ କ୍ୟାପିଟାଲ୍ସକୁ, ଅର୍ଜୁନ ତେନ୍ଦୁଲକର ମୁମ୍ବାଇ ଇଣ୍ଡିଆନ୍ସରୁ ଲକ୍ଷ୍ନୌକୁ, ଶାର୍ଦ୍ଦୁଳ ଠାକୁର ଲକ୍ଷ୍ନୌରୁ ମୁମ୍ବାଇକୁ ଟ୍ରେଡ୍ ଡିଲରେ ଯାଇଛନ୍ତି।

ସେହିପରି ବିଭିନ୍ନ ଫ୍ରାଞ୍ଚାଇଜ ବଡ଼ ବଡ଼ ଖେଳାଳିଙ୍କୁ ଦଳରୁ ରିଲିଜ କରି ନିଲାମୀକୁ ଛାଡ଼ିଛନ୍ତି। ସେମାନଙ୍କ ମଧ୍ୟରେ ଦିଲ୍ଲୀ ଫାଫ୍ ଡୁ ପ୍ଲେସିସଙ୍କୁ, ବେଙ୍ଗାଲୁରୁ ମୟଙ୍କ ଅଗରୱାଲ, ଟିମ୍ ସେଇଫର୍ଟ, ଲିଆମ ଲିଭିଂଷ୍ଟୋନଙ୍କୁ, ପଞ୍ଜାବ ଗ୍ଲେନ ମ୍ୟାକ୍ସୱେଲ, ଜୋଶ୍ ଇଂଲିଶଙ୍କୁ, ଚେନ୍ନାଇ ରାଚିନ ରବୀନ୍ଦ୍ର, ଦୀପକ ହୁଡା, ବିଜୟ ଶଙ୍କର, ମହୀଷ ପଥିରାଣାଙ୍କୁ, ଗୁଜରାଟ ଦସୁନ ଶନକା, ଗେରାଲ୍ଡ କୋର୍ଜିଙ୍କୁ, କୋଲକାତା ଆନ୍ଦ୍ରେ ରସେଲ, ଭେଙ୍କଟେଶ ଆୟର, କ୍ୱିଣ୍ଟନ ଡି କକ୍, ମୋଇନ ଅଲିଙ୍କୁ, ଲକ୍ଷ୍ନୌ ଡେଭିଡ୍ ମିଲର, ଆକାଶ ଦୀପ୍, ରବି ବିଷ୍ଣୋଇଙ୍କୁ, ମୁମ୍ବାଇ ରିସି ଟୋପଲୀ, କର୍ନ ଶର୍ମା, ମୁଜିବ ଉର୍ ରେହମାନ, ରାଜସ୍ଥାନ ୱାନିନ୍ଦୁ ହାସରଙ୍ଗା, ମହୀଷ ଥିକସାନା ଏବଂ ହାଇଦରାବାଦ୍ ଆଦାମ ଜାମ୍ପା, ରାହୁଲ ଚହର, ୱିଆନ ମଲ୍ଡର ପ୍ରମୁଖଙ୍କୁ ଦଳରୁ ରିଲିଜ ଅର୍ଥାତ୍ ବାହାର କରିଛି।

### ରିଲିଜ୍ ହେଲେ ମ୍ୟାକ୍ସୱେଲ ଓ ରସେଲ୍



# ଷ୍ଟେଟ୍-ଏ ଟ୍ରଫି: ଓଡ଼ିଶାର ୩ୟ ବିଜୟ

ଭୁବନେଶ୍ୱର, ୧୫ ।୧୧ (ସମିସ): ଭଦୋଦରାରେ ବିସିସିଆଇ ଆନୁକୂଲ୍ୟରେ ଚାଲିଥିବା ୨୩ ବର୍ଷରୁ କମ୍ ଷ୍ଟେଟ୍-ଏ ଟ୍ରଫି ଦିନିକିଆ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶା ୩ୟ ବିଜୟ ହାସଲ କରିଛି। ଶନିବାର ଖେଳାଯାଇଥିବା ମ୍ୟାଚରେ ଓଡ଼ିଶା ୩୭ ରନରେ ଗୁଜରାଟକୁ ପରାସ୍ତ କରିଛି। ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ଓଡ଼ିଶା ଅଧିନାୟକ ଓମ୍ ଟି ମୁଣ୍ଡେ (୫୪) ଓ ଶ୍ରେୟାଂଶ ଭରଦ୍ୱାଜ (୫୩)ଙ୍କ ଅର୍ଦ୍ଧଶତକ ବଳରେ ୫୦ ଓଭରରେ ୯ ୱିକେଟ୍ ହରାଇ ୨୬୭ ରନ କରିଥିଲା। ଗୁଜରାଟର କୁଶନ ଶ୍ୟାମ ପଟେଲଙ୍କୁ ୩ଟି ୱିକେଟ୍ ମିଳିଥିଲା। ଜବାବରେ କୁଶନଙ୍କ ୬୦ ରନ ସତ୍ତ୍ୱେ ୪୭.୪ ଓଭରରେ ୨୩୦ ରନରେ ଅଲ୍‌ଆଉଟ୍ ହୋଇଯାଇଥିଲା। ବିଜୟୀ ଓଡ଼ିଶା ପକ୍ଷରୁ ଏମ୍‌ଡି ଡାନିସ ୩ ଓ ବିମଲ କୁମାର ୨ଟି ୱିକେଟ୍ ହାତେଇଥିଲେ। ଏଥିସହ ଓଡ଼ିଶା ୪ର୍ଥ ମ୍ୟାଚରୁ ୩ ବିଜୟ ସହ ୧୨ ପଏଣ୍ଟ ପାଇ ଏଲିଟ୍ ଗ୍ରୁପ୍-ବି'ରେ ମୁମ୍ବଇ (୧୬) ଓ ଆନ୍ଧ୍ର (୧୨) ପଛକୁ ରହିଛି।

## ଟେଷ୍ଟରେ ୪ ହଜାର ରନ ଓ ୩୦୦ ୱିକେଟ୍

# କପିଳଙ୍କ ପରେ ଜାଡେଜା ଦ୍ୱିତୀୟ ଭାରତୀୟ

କୋଲକାତା, ୧୫ ।୧୧ (ଏଜେନ୍ସି): ବିଶ୍ୱର ଏକ ନମ୍ବର ଅଲ୍‌ରାଉଣ୍ଡର ରବୀନ୍ଦ୍ର ଜାଡେଜା ଚଳିତ କୋଲକାତା ଟେଷ୍ଟର ଦ୍ୱିତୀୟ ଦିବସରେ ଏକ ବିରଳ କ୍ଲବରେ ସାମିଲ ହୋଇଛନ୍ତି। ଟେଷ୍ଟ କ୍ରିକେଟ୍‌ରେ ୩୦୦ ୱିକେଟ୍ ଓ ୪ ହଜାର ରନ ସଂଗ୍ରହ ଭଳି ଏଲିଟ୍ କ୍ଲବରେ ଜାଡେଜା ସାମିଲ ହୋଇଛନ୍ତି। ପ୍ରଥମ ଇନିଂସରେ ୨୭ ରନର ଛୋଟିଆ ପାଳି ଖେଳିବା ସହ ଜାଡେଜା ଟେଷ୍ଟରେ ୪ ହଜାର ରନ ପୂରଣ କରିଛନ୍ତି। ଜାଡେଜା ବର୍ତ୍ତମାନ ସୁଦ୍ଧା ୮୮ଟି ଟେଷ୍ଟ ଖେଳି ୪୦୧୭ ରନ ସହ ୩୪୨ଟି ୱିକେଟ୍ ନିଜ ନାମରେ ଲିପିବଦ୍ଧ କରିଛନ୍ତି। ଏହି ସଫଳତା ପାଇବାରେ ସେ କପିଳ ଦେବଙ୍କ ପରେ ଦ୍ୱିତୀୟ ଭାରତୀୟ ଓ ଓଭରଅଲ୍ ବିଶ୍ୱର ୪ର୍ଥ କ୍ରିକେଟର୍।

**ଟେଷ୍ଟରେ ୪୦୦୦ ରନ ଓ ୩୦୦ ୱିକେଟ୍**

| ଖେଳାଳି | ମ୍ୟାଚ୍ | ରନ | ୱିକେଟ |
|---|---|---|---|
| କପିଳ ଦେବ | ୧୩୧ | ୫୨୪୮ | ୪୩୪ |
| ଇଆନ ବୋଥାମ | ୧୦୨ | ୫୨୦୦ | ୩୮୩ |
| ଡାନିଏଲ୍ ଭିଟ୍ଟୋରୀ | ୧୧୩ | ୪୫୩୧ | ୩୬୨ |
| ରବୀନ୍ଦ୍ର ଜାଡେଜା | ୮୮ | ୪୦୧୭ | ୩୪୨ |



## ଆଇକନିକ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍

# ୧୦ମ ରାଉଣ୍ଡ ଶେଷରେ ଶୀର୍ଷରେ ଗାର୍ଡିଆନ୍ସ

ଭୁବନେଶ୍ୱର, ୧୫ ।୧୧ (ସମିସ): ଏଠାରେ ଚାଲିଥିବା ଆଇକନିକ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍‌ରେ ଶନିବାର ଦ୍ୱିତୀୟ ଦିବସ ଶେଷ ସୁଦ୍ଧା ୧୦ ରାଉଣ୍ଡ ଖେଳ ଶେଷ ହୋଇଛି। ଏହି ସମୟରେ ଗୋଲକୁଣ୍ଡା ଗାର୍ଡିଆନ୍ସ ସର୍ବାଧିକ ୧୬ ପଏଣ୍ଟ ପାଇ ଟେବଲ୍ ଶୀର୍ଷରେ ରହିଛି। ସେହିଭଳି ବାରବାଟୀ ବ୍ୟାଟେଲର୍ସ ଓ ଭିକ୍ଟୋରିଆ ଭିକ୍ଟର୍ସ ୧୫ ପଏଣ୍ଟ ଲେଖାଏ ପାଇ ପରବର୍ତ୍ତୀ ଦୁଇଟି ସ୍ଥାନରେ ରହିଛନ୍ତି। ରାଜଧାନୀ ଚ୍ୟାଲେଞ୍ଜର୍ସ (୧୩) ଓ ଅମ୍ବର ଆଭେଞ୍ଜର୍ସ (୧୩) ଯଥାକ୍ରମେ ୪ର୍ଥ ଓ ୫ମ ସ୍ଥାନ ହାସଲ କରିଛନ୍ତି। ରବିବାର ଅନ୍ତିମ ତଥା ୧୧ତମ ରାଉଣ୍ଡ ଖେଳାଯିବ। ଏହାପରେ ନକ୍‌ଆଉଟ୍ ଅନୁଷ୍ଠିତ ହେବ ବୋଲି ଜଣାପଡ଼ିଛି। ଅଲ୍ ଓଡ଼ିଶା ଚେସ୍ ଆସୋସିଏସନ ଓ ଆଇକନିକ ସ୍ପୋର୍ଟ୍ସ ଫାଉଣ୍ଡେସନର ମିଳିତ ଆନୁକୂଲ୍ୟରେ ଚାଲିଥିବା ଏହି ଚେସ୍ ଲିଗ୍‌ରେ ୧୨ଟି ଫ୍ରାଞ୍ଚାଇଜ ଅଂଶଗ୍ରହଣ କରିଛନ୍ତି। ଟୁର୍ଣ୍ଣାମେଣ୍ଟରେ ମୋଟ୍ ୧୦ ଲକ୍ଷ ଟଙ୍କାର ପୁରସ୍କାର ରାଶି ରହିଛି।

## ରଣଜୀ ଟ୍ରଫି: ଆଜିଠୁ ନାଗାଲାଣ୍ଡ ବିପକ୍ଷ ଲଢ଼େଇ

# ୭ ବର୍ଷ ପରେ କିଟ୍‌ରେ ଖେଳିବ ଓଡ଼ିଶା

ଭୁବନେଶ୍ୱର, ୧୫ ।୧୧ (ସମିସ): ଚଳିତ ରଣଜୀ ଟ୍ରଫିର ୫ମ ରାଉଣ୍ଡ ମ୍ୟାଚ୍ ରବିବାରଠାରୁ ଦେଶର ବିଭିନ୍ନ ଗ୍ରାଉଣ୍ଡରେ ଆରମ୍ଭ ହେବାକୁ ଯାଉଛି। ଏହିକ୍ରମରେ ଏଲିଟ୍ ଗ୍ରୁପ୍-ଏ'ର ଏକ ମ୍ୟାଚରେ ଘରୋଇ ଓଡ଼ିଶା ଓ ନାଗାଲାଣ୍ଡ ସ୍ଥାନୀୟ କିଟ୍ କ୍ରିକେଟ୍ ଷ୍ଟାଡିୟମରେ ସାମ୍ନାସାମ୍ନି ହେବାକୁ ଯାଉଛନ୍ତି। ଚଳିତ ରଣଜୀ ସିଜନରେ ଏହି ଦୁଇ ଦଳ ଅତ୍ୟନ୍ତ ନୈରାଶ୍ୟଜନକ ପ୍ରଦର୍ଶନ କରିଛନ୍ତି। ବର୍ତ୍ତମାନ ସୁଦ୍ଧା ଉଭୟ ଦଳ ୪ଟି ଲେଖାଏ ମ୍ୟାଚ୍ ଖେଳି ସାରିଥିଲେ ମଧ୍ୟ ବିଜୟ ସ୍ୱାଦ ଚାଖିପାରି ନାହାନ୍ତି। ଓଡ଼ିଶା ଓ ନାଗାଲାଣ୍ଡ ୩ଟି ଲେଖାଏ ମ୍ୟାଚ୍ ହାରିଥିବାବେଳେ ଗୋଟିଏ ମୁକାବିଲା ଡ୍ର' ରଖି ୧ ପଏଣ୍ଟ ପାଇଛନ୍ତି। ତେଣୁ ଉଭୟ ଦଳ ନିକଟରେ ଏଠାରେ ବିଜୟ ଲାଗି ସୁବର୍ଣ୍ଣ ସୁଯୋଗ ରହିଛି। ସେହିଭଳି ଟେବଲ୍‌ର ସର୍ବନିମ୍ନ ସ୍ଥାନ ଲାଗି ଏଠାରେ ଓଡ଼ିଶା ଓ ନାଗାଲାଣ୍ଡ ମଧ୍ୟରେ ଲଢ଼େଇ ହେବ। ପରାଜିତ କିମ୍ବା ପ୍ରଥମ ପାଳିରେ ପଛୁଆ ରହିଥିବା ଦଳ ଗ୍ରୁପ୍-ଏ'ର ସର୍ବନିମ୍ନ ୮ମ ସ୍ଥାନରେ ରହିବ। ଓଡ଼ିଶା-ନାଗାଲାଣ୍ଡ ମ୍ୟାଚ୍ ସହ ଦୀର୍ଘ ୫ ବର୍ଷ ପରେ କିଟ୍‌କୁ ରଣଜୀ ଟ୍ରଫି ମ୍ୟାଚ୍ ଫେରିଛି। ଶେଷଥର ଲାଗି ୧୯ ଜାନୁଆରୀ ୨୦୨୦ରେ ମିଜୋରାମ ଓ ସିକ୍କିମ ମଧ୍ୟରେ ଏଠାରେ ଏକ ରଣଜୀ ମ୍ୟାଚ୍ ଖେଳାଯାଇଥିଲା। ତେବେ ଓଡ଼ିଶା ୭ ବର୍ଷର ବ୍ୟବଧାନ ପରେ ଏଠାରେ ଖେଳିବ। ଶେଷଥର ଲାଗି ୨୦୧୮-୧୯ ସିଜନ (୧୪ ଡିସେମ୍ବର ୨୦୧୮)ରେ ଓଡ଼ିଶା ଏହି ଗ୍ରାଉଣ୍ଡରେ ରାଜସ୍ଥାନ ବିପକ୍ଷରେ ରଣଜୀ ଟ୍ରଫି ମ୍ୟାଚ୍ ଖେଳିଥିଲା। କିଟ୍ ଗ୍ରାଉଣ୍ଡରେ ଏହା ୧୩ତମ ରଣଜୀ ଟ୍ରଫି ମ୍ୟାଚ୍ ହେବାକୁ ଯାଉଛି।



### ଚର୍ଚ୍ଚାରେ ଦେବାଶିଷ

ଏହି ମ୍ୟାଚରେ ସବୁଠୁ ଅଧିକ ରହିଛନ୍ତି ଚର୍ଚ୍ଚାରେ ଦେବାଶିଷ ମହାନ୍ତି। ଓଡ଼ିଶାର ପ୍ରଥମ ଅନ୍ତର୍ଜାତୀୟ କ୍ରିକେଟର୍ ଦେବାଶିଷ ଚଳିତ ରଣଜୀ ସିଜନରେ ନାଗାଲାଣ୍ଡ ଦଳର ମୁଖ୍ୟ ପ୍ରଶିକ୍ଷକ ଭୂମିକା ନିଭାଉଛନ୍ତି। ତାଙ୍କ ତତ୍ତ୍ୱାବଧାନରେ ନାଗାଲାଣ୍ଡ ଶକ୍ତିଶାଳୀ ତାମିଲନାଡୁକୁ କଡା ଟକ୍କର ଦେଇ ମ୍ୟାଚ୍ ଡ୍ର ରଖିଥିଲା। ପୂର୍ବରୁ ରାଜ୍ୟ ଦଳର ପ୍ରଶିକ୍ଷକ ଦାୟିତ୍ୱ ତୁଲାଇଥିବାରୁ ଦେବାଶିଷ ଓଡ଼ିଶାର ଖେଳାଳିଙ୍କ ଦୋଷ ଦୁର୍ବଳତା ବିଷୟରେ ବେଶ୍ ଭଲ ଭାବରେ ପରିଚିତ। ତେଣୁ ସେ କିଭଳି ରଣନୀତି ଆପଣାଉଛନ୍ତି ତାହା ଉପରେ ସମସ୍ତଙ୍କ ନଜର ରହିଛି।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS